


ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-113 ◆SUNDAY ◆19 OCTOBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୧୩ ◆ରବିବାର ◆୧୯ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦ (ସିନ୍ଦୂରା ସହ)


**ନୂଆ ସମ୍ବିଧାନକୁ ବିରୋଧ**

# ବାଂଲାଦେଶ ପୁଣି ଅଶାନ୍ତ

## ସଂସଦରେ ଧସେଇ ପଶିଲେ ବିକ୍ଷୋଭକାରୀ
## ବ୍ୟାପକ ପୋଡ଼ାଜଳା; ଘଉଡ଼ାଇଲା ପୁଲିସ



■ ଢାକା, ୧୮ ।୧୦ (ଏଜେନ୍ସି): ପୁଣି ଅଶାନ୍ତ ହେଲାଣି ବାଂଲାଦେଶ । ଗତ ଜୁଲାଇ-ଅଗଷ୍ଟ ମାସରେ ବଡ଼ ଧରଣର ଆନ୍ଦୋଳନ କରି ହସିନା ସରକାରର ପତନ ଘଟାଇଥିବା ଆନ୍ଦୋଳନକାରୀ ପୁଣି ମାତିଲେଣି । ୟୁନୁସଙ୍କ ନେତୃତ୍ୱାଧୀନ କାମଚଳା ସରକାରର କାର୍ଯ୍ୟକାଳପରେ ଅସନ୍ତୁଷ୍ଟ ଥିବା ଆନ୍ଦୋଳନକାରୀ ପୁଣି ରାଜରାସ୍ତାକୁ ଓହ୍ଲାଇଛନ୍ତି । କାମଚଳା ସରକାର ଦ୍ୱାରା ପ୍ରସ୍ତୁତ କରାଯାଉଥିବା ନୂଆ ସମ୍ବିଧାନର ଅନେକ ବ୍ୟବ୍ୟସ୍ଥାକୁ କଡ଼ା ବିରୋଧ କରିଛନ୍ତି । ନିଜର ଅସନ୍ତୋଷ ଜଣାଇବା ଲାଗି ସେମାନେ ସଂସଦ ଭବନରେ ପଶି ନିଆଁ ଲଗାଇଛନ୍ତି । ଏହାକୁ ନେଇ ଢାକାରେ ପୁଣି ଉତ୍ତେଜନା ପ୍ରକାଶ ପାଇଛି । ବଡ଼ ଧରଣର ଆନ୍ଦୋଳନ ଆଶଙ୍କା କରି ସରକାର ବିଭିନ୍ନ ସ୍ଥାନରେ ନିରାପତ୍ତା ବାହିନୀ ଯବାନଙ୍କୁ ମୁତୟନ କରିଛନ୍ତି ।

ମିଳିଥିବା ସୂଚନା ଅନୁଯାୟୀ ବାଂଲାଦେଶର ମଧ୍ୟବର୍ତ୍ତିକାଳୀନ ସରକାର ମୁଖ୍ୟ ତଥା ଉପଦେଷ୍ଟା ମହମ୍ମଦ ୟୁନୁସ ସଂସଦରେ 'ଜୁଲାଇ ଚାର୍ଟର'ରେ ଆଜି ଦସ୍ତଖତ କରିବାର କାର୍ଯ୍ୟକ୍ରମ ଥିଲା । ଦେଶରେ ପ୍ରଶାସନରେ ଉନ୍ନତି ଆଣିବା, ଦୁର୍ନୀତି ରୋକିବା ଓ ଗଣତନ୍ତ୍ରର ପୁନଃସ୍ଥାପନ କରିବା ନେଇ ଏହି ଚାର୍ଟରରେ ରୋଡମ୍ୟାପ୍ ପ୍ରସ୍ତୁତ କରାଯାଇଥିବା କୁହାଯାଉଛି । ଏହି ଚାର୍ଟର ପ୍ରସ୍ତୁତ କରିବା ଲାଗି ଯେଉଁ ବିଶେଷଜ୍ଞ କମିଟି ଗଠନ କରାଯାଇଥିଲା, ତାହାର ୮୦ରୁ ଊର୍ଦ୍ଧ୍ୱ ସୁପାରିସ୍‌କୁ ଏହି ଚାର୍ଟରରେ ସାମିଲ କରାଯାଇଛି । କିନ୍ତୁ ଏହି ଚାର୍ଟରକୁ ଆନ୍ଦୋଳନକାରୀ ବିରୋଧ କରୁଛନ୍ତି । ଏହା ସମ୍ବିଧାନ ବିରୋଧୀ ବୋଲି ସେମାନେ ଅଭିଯୋଗ କରିଛନ୍ତି । ଏହି ଚାର୍ଟରକୁ ଲାଗୁ କଲେ ମୂଳ ସମ୍ବିଧାନ ଉପରେ ଆଉ ଏକ ସମ୍ବିଧାନକୁ ଲଦି ଦିଆଯିବା ଆଶଙ୍କା ରହିଛି । ଏହାଦ୍ୱାରା ଆଇନ ବ୍ୟବସ୍ଥା ବିପର୍ଯ୍ୟସ୍ତ ହେବ ବୋଲି ସମ୍ବିଧାନ ବିଶେଷଜ୍ଞମାନେ ମଧ୍ୟ ମତ ଦେଇଛନ୍ତି । ବ୍ୟାପକ ବିଚାରବିମର୍ଶ ବିନା ଏହାକୁ ଲାଗୁ କଲେ ଦେଶରେ ଅସ୍ଥିରତା ସୃଷ୍ଟି ହେବ ବୋଲି କୁହାଯାଇଛି । ଏହି 'ଜୁଲାଇ ଚାର୍ଟର' ଛାତ୍ରମାନେ ଦେଇଥିବା ବଳିଦାନ ଓ ତ୍ୟାଗକୁ ଅଣଦେଖା କରାଯାଇଛି ବୋଲି ଛାତ୍ର ସଂଗଠନଗୁଡ଼ିକ ଅଭିଯୋଗ କରିଛନ୍ତି । ▶ପୃଷ୍ଠା-୭

# ସାଂସଦ ଆପାର୍ଟମେଣ୍ଟରେ ନିଆଁ



■ ନୂଆଦିଲ୍ଲୀ, ୧୮ ।୧୦(ଏଜେନ୍ସି): ଦିଲ୍ଲୀର ବିଡି ରୋଡ୍‌ରେ ସାଂସଦଙ୍କ ପାଇଁ ନିର୍ମିତ ହୋଇଥିବା ବ୍ରହ୍ମପୁତ୍ର ଆପାର୍ଟମେଣ୍ଟରେ ଶନିବାର ଦ୍ୱିପହରରେ ନିଆଁ ଲାଗିଯାଇଛି । ସଂସଦଠାରୁ ମାତ୍ର ୨୦୦ ମିଟର ଦୂରରେ ସ୍ଥିତ ଏହି ଆପାର୍ଟମେଣ୍ଟରେ ଏକାଧିକ ରାଜ୍ୟସଭା ସାଂସଦ ଓ ସେମାନଙ୍କ ଷ୍ଟାଫ୍‌ଙ୍କ ଫ୍ଲାଟ ରହିଛି । ତୁରନ୍ତ ସୂଚନା ଦିଆଯାଇଥିଲେ ମଧ୍ୟ ଦମକଳ ବାହିନୀ ବିଳମ୍ବରେ ପହଞ୍ଚିଥିଲା ବୋଲି ଲୋକେ ଅଭିଯୋଗ କରିଛନ୍ତି । ଅନ୍ୟପଟେ ଅପରାହ୍ଣ ୧ଟା ୨୨ରେ ନିଆଁ ଲାଗିବାର ସୂଚନା ମିଳିଥିବା ଦମକଳ ବିଭାଗର ଅଧିକାରୀମାନେ କହିଛନ୍ତି । ଏହାପରେ ୬ଟି ଦମକଳ ଗାଡ଼ି ଘଟଣାସ୍ଥଳକୁ ପଠାଯାଇଥିଲା ଓ ନିଆଁ ଲିଭାଇବାକୁ ପ୍ରୟାସ କରାଯାଇଥିଲା । ଏହି ଘଟଣାର ଭିଡିଓ ଏବେ ସାମ୍ନାକୁ ଆସିଛି । ଏଥିରେ ଲୋକେ ଏପଟେ ସେପଟେ ଦୌଡ଼ୁଥିବାର ଲକ୍ଷ୍ୟ କରାଯାଇଛି । ପୁଲିସ ଲୋକଙ୍କୁ ପଛକୁ ହଟାଉଛି । ଆପାର୍ଟମେଣ୍ଟର ନିମ୍ନ ଭାଗରେ ନିଆଁ ଲାଗିଛି ଓ ସେଠାରୁ ଧୂଆଁ ଉପରକୁ ଉଠୁଥିବାର ଦେଖାଯାଇଛି । ତେବେ ନିଆଁ ଲାଗିବାର କାରଣ ଏ ପର୍ଯ୍ୟନ୍ତ ଜଣାପଡ଼ି ନାହିଁ ।

## ଝାଡ଼ଖଣ୍ଡ ନାବାଳିକା ଦୁଷ୍କର୍ମ ମାମଲାରୁ ମିଳିଲା ସେକ୍ସ ରାକେଟ୍ ଲିଙ୍କ୍

# ରାଜଧାନୀରେ ଦେହ ବେପାର; ଜାଣିପାରୁନି ପୁଲିସ





- ଦୁଇ 'ରାଣୀ ମହୁମାଛି'ଙ୍କ ସହ ବନ୍ଧାହେଲେ ୪ ଅଭିଯୁକ୍ତ
- ୪ବର୍ଷ ହେଲା ଯୌନ କାରବାର ଚଳାଇଥିଲେ ଦୁଇ ମହିଳା
- ହସ୍‌ପିଟାଲ୍‌ରେ ଦୁଷ୍କର୍ମ ପୀଡ଼ିତା; ଭଡ଼ାଘରୁ ୩ ନାବାଳିକା ଉଦ୍ଧାର

■ ଭୁବନେଶ୍ୱର, ୧୮ ।୧୦ (ସମିସ): ଆଳୁ ଖୋଳୁ ଖୋଳୁ ମହାଦେବ ବାହାରିବା ଭଳି ଝାଡ଼ଖଣ୍ଡ ନାବାଳିକା ଦୁଷ୍କର୍ମ ମାମଲାରୁ ରାଜଧାନୀରେ ଚାଲିଥିବା ଏକ ବଡ଼ ଧରଣର ସେକ୍ସ ରାକେଟର ସନ୍ଧାନ ମିଳିଛି । ଲକ୍ଷ୍ମୀସାଗର କଲୋନୀ ପ୍ଲଟ୍ ନଂ-ଇବି ୩୨୪ରେ ଦୁଇଜଣ ମହିଳା ଅନ୍ୟରାଜ୍ୟରୁ କିଛି ନାବାଳିକାଙ୍କୁ ରଖି ୪ ବର୍ଷ ହେଲା ଦେହ ବେପାର କରୁଥିଲେ । ଏହି ଘରେ ଚଢ଼ଉ କରି କ୍ୟାପିଟାଲ ଥାନା ପୁଲିସ ଦୁଇ 'ରାଣୀ ମହୁମାଛି' ସମେତ ୪ଜଣଙ୍କୁ ଗିରଫ କରିଛି । ଅନ୍ୟପକ୍ଷରେ ଏହି ଘରେ ରହି ଦୁଷ୍କର୍ମର ଶିକାର ହୋଇଥିବା ଜଣେ ନାବାଳିକା କ୍ୟାପିଟାଲ ହସ୍‌ପିଟାଲରେ ଚିକିତ୍ସିତ ହେଉଥିବା ବେଳେ ଅଭିଯୁକ୍ତ ଯୁବକକୁ ପୁଲିସ ଗିରଫ କରିଛି । ଉଭୟଙ୍କର ଆଜି ଡାକ୍ତରୀ ମାଇନା କରାଯିବା ସହ ଏହି ଘରେ ଚଢ଼ଉ କରି ପୁଲିସ ବହୁ ଆପତ୍ତିଜନକ ସାମଗ୍ରୀ ଜବତ କରିଥିବା ଜଣାପଡ଼ିଛି ।

ପୁଲିସ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ, ପୁରୀ ଜିଲ୍ଲା ବଳଙ୍ଗା ଥାନା ଅଞ୍ଚଳର ମଞ୍ଜୁ ସେଠି ଓ କଟକ ଜିଲ୍ଲା ବାଙ୍କି ଅଞ୍ଚଳର ମମତା ସାହୁ ଲକ୍ଷ୍ମୀସାଗର କଲୋନୀର ସଞ୍ଜୀବ କୁମାର ଦାଶ ଓରଫ ବାପିଙ୍କ ଘରକୁ ଭଡ଼ାସୂତ୍ରରେ ନେଇ ବିଭିନ୍ନ ସମୟରେ ଚାକିରି ଦେବାକୁ କହି ନେପାଳ, ପଶ୍ଚିମବଙ୍ଗ ଓ ଝାଡ଼ଖଣ୍ଡର ନାବାଳିକାମାନଙ୍କୁ ଡାକୁଥିଲେ । ସେମାନେ ଏହି ଘରେ ▶ପୃଷ୍ଠା-୭

**ପୁଲିସ ଚାକିରି ବେପାର**

# ଦିଲ୍ଲୀରେ ଲୁଚିଛି ମାଷ୍ଟରମାଇଣ୍ଡ ଶଙ୍କର

- ମୁନା ଘରୁ ସାର୍ଟିଫିକେଟ୍ ସହ ଏକାଧିକ ଦସ୍ତାବିଜ୍ ଜବତ
- ଦୀପାବଳି ପରେ ରିମାଣ୍ଡରେ ଆସିବ ମୁନା ଏବଂ ସହଯୋଗୀ
- ଜେଲ୍‌ରୁ କ୍ରାଇମବ୍ରାଞ୍ଚକୁ ସୁରାକ

■ ଭୁବନେଶ୍ୱର/ବ୍ରହ୍ମପୁର, ୧୮।୧୦ (ସମିସ): ପୁଲିସ ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ମାମଲାରେ ଗିରଫ ୧୨୩ଜଣ ଅଭିଯୁକ୍ତଙ୍କ ମଧ୍ୟରୁ ୩୧ଜଣଙ୍କୁ ଶନିବାର କ୍ରାଇମବ୍ରାଞ୍ଚ ଟିମ୍ ବ୍ରହ୍ମପୁର ମଣ୍ଡଳ କାରାଗାରରେ ଜେରା କରିଛି । କ୍ରାଇମବ୍ରାଞ୍ଚ ଡିଏସପି ସକାଳ ସାଢେ ୮ଟା ଠାରୁ ସନ୍ଧ୍ୟା ସାଢ଼େ ୫ଟା ପର୍ଯ୍ୟନ୍ତ ୮ଘଣ୍ଟା ଧରି ଜେଲ୍ ଭିତରେ ସମସ୍ତ ୩୧ଜଣଙ୍କୁ ଜେରା କରିଥିବା ବେଳେ ବହୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ମିଳିଛି । ଅନ୍ୟପଟରେ ମୁନା ସହିତ ମାଷ୍ଟରମାଇଣ୍ଡ ଶଙ୍କର ପୃଷ୍ଟିର ଲିଙ୍କ୍ ମିଳିଛି । ଶଙ୍କର ଦିଲ୍ଲୀରେ ଲୁଚିଥିବା କ୍ରାଇମ୍‌ବ୍ରାଞ୍ଚ ଟିମ୍ ସୂଚନା ପାଇଛି । ସେ ଦିଲ୍ଲୀର କେଉଁ ସ୍ଥାନରେ ରହୁଛି, ତାହା ମୁନା କହିଥିବା ଜଣାପଡିଛି । ତେଣୁ ତାଙ୍କୁ ଗିରଫ କରିବା ପାଇଁ କ୍ରାଇମ୍‌ବ୍ରାଞ୍ଚ ଟିମ୍ ଦିଲ୍ଲୀ ଯାଇ ଛାନ୍‌ଭିନ କରୁଛନ୍ତି । ଆହୁରି ମଧ୍ୟ ଏହି ରାକେଟ୍‌ର ଖୁଲାସା କରିବା ପାଇଁ ଦୀପାବଳି ପରେ କ୍ରାଇମ୍‌ବ୍ରାଞ୍ଚ ମୁନା ଏବଂ ଅନ୍ୟ ଦୁଇ ଜଣଙ୍କୁ ରିମାଣ୍ଡରେ ଆଣିବ ବୋଲି ଜଣାପଡ଼ିଛି ।

ଶନିବାର ପୂର୍ବାହ୍ନ ପ୍ରାୟ ସାଢ଼େ ୮ଟା ଠାରୁ କ୍ରାଇମବ୍ରାଞ୍ଚ ଟିମ୍ ଜେଲ୍ ପରିସରରେ ▶ପୃଷ୍ଠା-୭






# ଏଥର ଦୁଇଦିନ ଦୀପାବଳି ଛୁଟି

**୨୦ ତାରିଖକୁ ଅତିରିକ୍ତ ଛୁଟି ଘୋଷଣା କଲେ ସରକାର**

**ନୂଆପଡ଼ା ଜିଲ୍ଲାକୁ ଛାଡ଼ି ଅନ୍ୟସବୁ ଜିଲ୍ଲାରେ ହେବ ଲାଗୁ**

■ ଭୁବନେଶ୍ୱର, ୧୮ ।୧୦ (ସମିସ): ଦୀପାବଳି ପାଇଁ ଆସନ୍ତା ସୋମବାର ଓ ମଙ୍ଗଳବାର ୨ ଦିନ ଛୁଟି ହେବ । ଏନେଇ ଶନିବାର ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ପୂର୍ବରୁ ୨୧ ତାରିଖ ମଙ୍ଗଳବାର ଦୀପାବଳି ପାଇଁ ସରକାରୀ ଛୁଟି ଧାର୍ଯ୍ୟ ହୋଇଥିଲା । ତେବେ ତିଥି ଓ ନକ୍ଷତ୍ର ଭିତ୍ତିରେ ୨୦ ତାରିଖ ସୋମବାର ଦୀପାବଳି ଓ ପୟାଶ୍ରାଦ୍ଧ ପାଳନ କରାଯାଉଥିବାରୁ ଏହି ଦିନକୁ ଆଜି ରାଜ୍ୟ ସରକାର ଅତିରିକ୍ତ ଛୁଟି ଭାବେ ଘୋଷଣା କରିଛନ୍ତି ।

ତେଣୁ ଆସନ୍ତା ୨୫ ତାରିଖ (ଶନିବାର) ଛୁଟି ଦିନ ଥିଲେ ହେଁ ଏହାକୁ ସରକାରୀ କାର୍ଯ୍ୟ ଦିବସ ରୂପେ ଘୋଷଣା କରାଯାଇଛି । ତେବେ ୨୧ ତାରିଖରେ ରାଜ୍ୟର ସମସ୍ତ ବ୍ୟାଙ୍କ ଏବଂ ଅନ୍ୟାନ୍ୟ ବାଙ୍କିଙ୍ଗ ସଂସ୍ଥା ଖୋଲା ରହିବ ବୋଲି ବିଜ୍ଞପ୍ତିରେ ଦର୍ଶାଯାଇଛି ।

ଶନିବାର ରାଜସ୍ୱ ବିଭାଗ ପକ୍ଷରୁ ପ୍ରକାଶିତ ବିଜ୍ଞପ୍ତିରେ କୁହାଯାଇଛି ଯେ ୨୦୨୪ ନଭେମ୍ବର ୧୨ ତାରିଖର ବିଜ୍ଞପ୍ତିରେ ଆଂଶିକ ପରିବର୍ତ୍ତନ କରାଯାଇ ଦୀପାବଳି ପର୍ବ ଉପଲକ୍ଷେ ୨୦ ତାରିଖକୁ ଅତିରିକ୍ତ ଛୁଟି ଭାବେ ଘୋଷଣା କରାଗଲା । ଉକ୍ତ ଦିନ ନୂଆପଡ଼ା ଜିଲ୍ଲା ବ୍ୟତୀତ ରାଜ୍ୟର ସମସ୍ତ ସରକାରୀ କାର୍ଯ୍ୟାଳୟ ତଥା ମାଜିଷ୍ଟେରିଆଲ୍ ▶ପୃଷ୍ଠା-୭




# ଦୀପାବଳି ପୂର୍ବରୁ ବିଷାକ୍ତ ହେଲା ଦିଲ୍ଲୀ ବାୟୁ



ନୂଆଦିଲ୍ଲୀ, ୧୮ ।୧୦(ଏଜେନ୍ସି): ଦୀପାବଳିର ଦୁଇଦିନ ପୂର୍ବରୁ ଦିଲ୍ଲୀରେ ପ୍ରଦୁଷଣ ବୃଦ୍ଧି ପାଇଛି । ବାୟୁ ବିଷାକ୍ତ ହୋଇଯାଇଛି । ରାଜଧାନୀର କିଛି ସ୍ଥାନରେ ଏକ୍ୟୁଆଇ (ଏୟାର କ୍ୱାଲିଟି ଇଣ୍ଡେକ୍ସ) ୩୫୦ ପାର କରିଛି । ସେଣ୍ଟ୍ରାଲ ପଲ୍ୟୁସନ କଣ୍ଟ୍ରୋଲ ବୋର୍ଡ (ପିସିବି) ଅନୁଯାୟୀ, ଶନିବାର ସକାଳ ୮ଟାରେ ଏକ୍ୟୁଆଇ ୩୬୭ ରେକର୍ଡ କରାଯାଇଥିଲା । ଆନନ୍ଦ ବିହାରରେ ସବୁଠାରୁ ଅଧିକ ଏକ୍ୟୁଆଇ ୩୭୦ ରେକର୍ଡ କରାଯାଇଛି । ସେହିପରି ବଜିରପୁରରେ ଏହା ୩୨୮, ଜାହାଙ୍ଗିରପୁରରେ ୩୨୪ ଓ ଅକ୍ଷରଧାମରେ ୩୬୯ ଥିଲା । ଦିଲ୍ଲୀ-ଏନ୍‌ସିଆରରେ କମିଶନ ଫର ଏୟାର କ୍ୱାଲିଟି ମ୍ୟାନେଜମେଣ୍ଟ (ସିଏକ୍ୟୁଏମ୍) ଗ୍ରେଡେଡ ରେସପନ୍ସ ଆକ୍ସନ ପ୍ଲାନ (ଜିଆରଏପି-୧) ଲାଗୁ କରିଛି । ଏକ୍ୟୁଆଇ ୨୧୧ ପାର କରିଥିବା ଅଞ୍ଚଳରେ କମିଶନ ଏହାକୁ ଲାଗୁ କରିଛି । ଯେତେବେଳେ ଏକ୍ୟୁଆଇ ୨୦୦ରୁ ୩୦୦ ମଧ୍ୟରେ ରହିଥାଏ ସେତେବେଳେ ଗ୍ରେଡେଡ ରେସପନ୍ସ ଆକ୍ସନ ପ୍ଲାନ (ଜିଆରଏପି)-୧ ଲାଗୁ ହୋଇଥାଏ । ଏହା ଅନୁସାରେ ଏନ୍‌ସିଆରରେ ସବୁ ସମ୍ପର୍କିତ ଏଜେନ୍ସିକୁ ୨୭ଟି ନିରୋଧକ ଉପାୟ ଲାଗୁ କରିବାକୁ କୁହାଯାଇଛି । ଏଥିରେ ଆଣ୍ଟି ସ୍ମଗ୍ ଗନ୍‌ର ବ୍ୟବହାର, ପାଣି ଛିଞ୍ଚାଡିବା ସହ ସଡ଼କ ନିର୍ମାଣ, ମରାମତି ଯୋଜନା ଓ ରକ୍ଷାଣବେକ୍ଷଣ କାର୍ଯ୍ୟରେ ଧୂଳି ଉଡିବାକୁ ନିୟନ୍ତ୍ରଣ କରିବା ସାମିଲ ରହିଛି । କିଛି ସ୍ଥାନରେ ଏନ୍ ୯୫ କିମ୍ବା ଡବଲ୍ ସର୍ଜିକାଲ ମାସ୍କ ପିନ୍ଧିବାକୁ ପରାମର୍ଶ ଦିଆଯାଇଛି ।

**୩୫୦ ପାର କଲା ଏକ୍ୟୁଆଇ ସ୍ତର**

# ଆଫଗାନିସ୍ତାନରେ ପୁଣି ପାକ୍ ଆକ୍ରମଣ

## ୩ କ୍ରିକେଟରଙ୍କ ସମେତ ୧୭ ମୃତ



କାବୁଲ, ୧୮ ।୧୦(ଏଜେନ୍ସି): ଆଫଗାନିସ୍ତାନ ଉପରେ ପାକିସ୍ତାନ ବାୟୁସେନା ପୁଣିଥରେ ଆକ୍ରମଣ କରିଛି । ଆଫଗାନିସ୍ତାନର ପ୍ରକ୍ତିକା ରାଜ୍ୟରେ ଶୁକ୍ରବାର ହୋଇଥିବା ଏହି ଆକ୍ରମଣରେ ୩ ଜଣ କ୍ରିକେଟର ଓ ଅନ୍ୟ ୧୪ ଜଣ ନାଗରିକ ପ୍ରାଣ ହରାଇଛନ୍ତି ଓ ୧୬ ଜଣ ଆହତ ହୋଇଛନ୍ତି । ପାକିସ୍ତାନ ଓ ଆଫଗାନିସ୍ତାନ ମଧ୍ୟରେ ୪୮ ଘଣ୍ଟିଆ ଅସ୍ତ୍ରବିରତି ଶୁକ୍ରବାର ସନ୍ଧ୍ୟା ୬ଟାରେ ଶେଷ ହୋଇଥିଲା । ଏହି ଅସ୍ତ୍ରବିରତିକୁ ଆଗକୁ ବଢ଼ାଇବାକୁ ସହମତି ପ୍ରକାଶ ପାଇଥିଲା । କିନ୍ତୁ କିଛି ଘଣ୍ଟା ପରେ ପାକିସ୍ତାନ ଏୟାର ଷ୍ଟ୍ରାଇକ୍ କରିଥିଲା । ଅର୍ଗୁନ ଓ ବର୍ମଲ ଜିଲ୍ଲାରେ କିଛି ଘରକୁ ଲକ୍ଷ୍ୟକରି ପାକିସ୍ତାନ ଏହି ଆକ୍ରମଣ କରିଥିଲା ବୋଲି ଆଫଗାନ ଗଣମାଧ୍ୟମଗୁଡିକ ସୂଚନା ଦେଇଛନ୍ତି । ଏହି ଅଞ୍ଚଳ ଦୁଇଦେଶର ସୀମା ଡୁରାଣ୍ଡ ଲାଇନ୍‌ର ପାଖରେ ଅବସ୍ଥିତ । ପୂର୍ବରୁ ପାକିସ୍ତାନ ବୁଧବାର କାବୁଲରେ ଦୁଇଟି ଡ୍ରୋନ ଦ୍ୱାରା ଆକ୍ରମଣ କରିଥିଲା । ପାକିସ୍ତାନର ଆକ୍ରମଣରେ ଆଫଗାନିସ୍ତାନରେ ଏପର୍ଯ୍ୟନ୍ତ ୩୭ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି ଓ ୪୨୫ଜଣ ଆହତ ହୋଇଛନ୍ତି ବୋଲି ଜାତିସଂଘ ତରଫରୁ କୁହାଯାଇଛି । ସଧାରଣ ନାଗରିକଙ୍କୁ ପାକିସ୍ତାନ ଆକ୍ରମଣ କରୁଛି ବୋଲି ଆଫଗାନିସ୍ତାନ ଅଭିଯୋଗ କରିଛି । କିନ୍ତୁ ପାକିସ୍ତାନ ଏହାକୁ ଖଣ୍ଡନ କରିଛି । କେବଳ ଆତଙ୍କବାଦୀଙ୍କ ଉପରେ ଆକ୍ରମଣ ହେଉଛି ବୋଲି ପାକିସ୍ତାନ କହିଛି ।

### ଆଫଗାନ୍ ନାଗରିକ ପାକିସ୍ତାନରୁ ଫେରିଯାଆନ୍ତୁ: ଖ୍ୱାଜା ଆସିଫ୍

ଆଫଗାନିସ୍ତାନର ନିଷ୍ପତ୍ତି ଭାରତ ରାଜଧାନୀ ଦିଲ୍ଲୀରୁ ନିଆଯାଉଛି ବୋଲି ପାକିସ୍ତାନ ପ୍ରତିରକ୍ଷା ମନ୍ତ୍ରୀ ଖ୍ୱାଜା ଆସିଫ ସେତେବେଳେ କହିଥିଲେ ।

ପାକିସ୍ତାନ ପ୍ରତିରକ୍ଷା ମନ୍ତ୍ରୀ ପୁଣିଥରେ ଆଫଗାନିସ୍ତାନକୁ ନେଇ କଡ଼ା ମନ୍ତବ୍ୟ ଦେଇଛନ୍ତି । ପାକିସ୍ତାନରେ ରହୁଥିବା ଆଫଗାନିସ୍ତାନ ନାଗରିକ ଯଥାଶୀଘ୍ର ନିଜ ଦେଶକୁ ପ୍ରତ୍ୟାବର୍ତ୍ତନ କରନ୍ତୁ ବୋଲି ଏକ ସାକ୍ଷାତକାର ଦେବା ଅବସରରେ ସେ କହିଛନ୍ତି । ଆଫଗାନିସ୍ତାନ ସହିତ ଥିବା ପୁରୁଣା ମଧୁର ସମ୍ପର୍କର ଯୁଗ ଶେଷ ହୋଇଛି । ଭାରତ ଓ ଆଫଗାନିସ୍ତାନ ମଧ୍ୟରେ ଭଲ ସମ୍ପର୍କ ରହିଛି । କିନ୍ତୁ ଏବେ ଆଫଗାନିସ୍ତାନ ସହ ପାକିସ୍ତାନର କୌଣସି ଭଲ ସମ୍ପର୍କ ନାହିଁ । ଏହା ସତ୍ତ୍ୱେ ପାକିସ୍ତାନରେ କୋଟି କୋଟି ଲୋକ ଶରଣ ନେଇଛନ୍ତି । ଯଦି ଭାରତ ସହିତ ଭଲ ସମ୍ପର୍କ ରହିଛି, ତେବେ ପାକିସ୍ତାନରେ ରହୁଥିବା ଆଫଗାନ ନାଗରିକ ଭାରତକୁ ସ୍ଥାନାନ୍ତର କାହିଁକି ହେଉ ନାହାନ୍ତି ବୋଲି ସେ କହିଛନ୍ତି । ଭାରତ ଏମାନଙ୍କୁ ପାଳୁ । ପାକିସ୍ତାନ କାହିଁକି ଏମାନଙ୍କ ବୋଝ ଉଠାଇବ ବୋଲି ସେ ପ୍ରଶ୍ନ କରିଛନ୍ତି । ପାକିସ୍ତାନ ପାଖରେ ନିଜ ଲୋକଙ୍କ ପାଇଁ ଭରପୂର ସମ୍ବଳ ନାହିଁ । ଆମ ମଧ୍ୟରେ ବନ୍ଧୁତ୍ୱ ନ ଥିଲେ ମଧ୍ୟ ଆମେ ପଡୋଶୀ ଭାବେ ଦାୟିତ୍ୱ ସମ୍ପାଦନ କରିଛୁ । ଏବେ ଭାରତ ଏମାନଙ୍କର ଭରଣପୋଷଣ କରୁ ବୋଲି ସେ କହିଛନ୍ତି । ତାଲିବାନ ଶାସନକୁ ଆସିବା ପୂର୍ବରୁ ମଧ୍ୟ ଆଫଗାନିସ୍ତାନ ସହ ଆମର ଭଲ ସମ୍ପର୍କ ନ ଥିଲା ବୋଲି ସେ ସ୍ପଷ୍ଟ କରିଛନ୍ତି ।

# ବ୍ରହ୍ମୋସ୍ ରେଞ୍ଜ୍‌ରେ ସମଗ୍ର ପାକିସ୍ତାନ: ରାଜନାଥ



ଲକ୍ଷ୍ନୌ, ୧୮ ।୧୦(ଏଜେନ୍ସି): ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ଲକ୍ଷ୍ନୌରେ ପାକିସ୍ତାନକୁ ପୁଣି ଥରେ ଚେତାବନୀ ଦେଇଛନ୍ତି । ଅପରେସନ ସିନ୍ଦୂର ଶେଷ ହୋଇନାହିଁ । ପାକିସ୍ତାନର ପ୍ରତି ଇଞ୍ଚ୍‌ର ସ୍ଥାନ ବ୍ରହ୍ମୋସ କ୍ଷେପଣାସ୍ତ୍ର ରେଞ୍ଜ ପରିସରରେ ରହିଛି । 'ଅପରେସନ ସିନ୍ଦୂର'ରେ ଯାହା ହୋଇଥିଲା ତାହା ମାତ୍ର ଟ୍ରେଲର ଥିଲା । ଭାରତ ପାକିସ୍ତାନକୁ ଯଦି ଜନ୍ମ ଦେଇପାରେ, ତେବେ ... ଆଗକୁ କିଛି କହିବାର ଆବଶ୍ୟକତା ନାହିଁ । ଆପଣ ଏହାକୁ ବୁଝି ପାରୁଥିବେ ବୋଲି ସେ କହିଛନ୍ତି । ରାଜନାଥ ଓ ଉତ୍ତରପ୍ରଦେଶ ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥ ଲକ୍ଷ୍ନୌସ୍ଥିତ ବ୍ରହ୍ମୋସ ଏରୋସ୍ପେସ୍ ୟୁନିଟ୍‌ରେ ଧନତେରାଶ ଦିନ ସ୍ୱଦେଶୀ ଜ୍ଞାନକୌଶଳରେ ନିର୍ମିତ ପ୍ରଥମ ପର୍ଯ୍ୟାୟର ବ୍ରହ୍ମୋସ ମିସାଇଲକୁ ସବୁଜ ପତାକା ଦେଖାଇ ଦେଶକୁ ସମର୍ପିତ କରିଥିଲେ । ଏଥିସହ ଦୁଇ ନେତା ବ୍ରହ୍ମୋସ ଏରୋସ୍ପେଶ ୟୁନିଟ୍‌ରେ ଥିବା ବୁଷ୍ଟର ଓ ୱାରହେଡ ବିଲ୍ଡିଂକୁ ଉଦ୍‌ଘାଟନ କରିଥିଲେ । ଦୁଇଜଣ ସୁଖୋଇ ଲଢୁଆ ବିମାନରେ ବ୍ରହ୍ମୋସ ମିସାଇଲ୍‌ର ଆଭାସୀ ଆକ୍ରମଣକୁ ଦେଖିଥିଲେ । ଅନ୍ୟପଟେ ଯେକୌଣସି ସମୟରେ 'ଅପରେସନ ସିନ୍ଦୂର: ୨;୦' ଆରମ୍ଭ ହୋଇପାରେ ବୋଲି ସେନାମୁଖ୍ୟ ଉପେନ୍ଦ୍ର ଦ୍ୱିବେଦୀ କହିଛନ୍ତି ।

# ଆତଙ୍କ ଖେଳାଉଛି ଭାରତ: ମୁନୀର



ଇସଲାମାବାଦ୍, ୧୮ ।୧୦(ଏଜେନ୍ସି): ପାକିସ୍ତାନ ସେନା ମୁଖ୍ୟ ଅସିମ ମୁନୀର ପୁଣିଥରେ ଭାରତ ବିରୋଧରେ ଉତ୍ତେଜକ ମନ୍ତବ୍ୟ ଦେଇଛନ୍ତି । ଭାରତ ପାକିସ୍ତାନରେ ଆତଙ୍କ ଖେଳାଉଛି ବୋଲି ସେ କହିଛନ୍ତି । ଆକାରରେ ବଡ଼ ହୋଇଥିବାରୁ ସୁରକ୍ଷିତ ଅଛି ବୋଲି ଭାରତ ଭାବୁଛି, କିନ୍ତୁ ଏହା ଭ୍ରମ । ପାକିସ୍ତାନ ପାଖରେ ଏଭଳି ଅସ୍ତ୍ର ଅଛି ଯାହାଦ୍ୱାରା ଭାରତର ଯେକୌଣସି ସ୍ଥାନରେ ଆକ୍ରମଣ କରିହେବ । ସେନା ଏକାଡେମୀ ପାସିଂ ପରେଡ୍‌ରେ ଯୋଗ ଦେବା ଅବସରରେ ମୁନୀର ଏହି କଥା କହିଛନ୍ତି । ଭାରତ ଓ ପାକିସ୍ତାନ ପାଖରେ ପରମାଣୁ ଅସ୍ତ୍ର ରହିଛି । ତେଣୁ ଏଭଳି ସ୍ଥିତିରେ ଯୁଦ୍ଧର କୌଣସି ସ୍ଥାନ ନାହିଁ । ଯଦି ଦୁଇଦେଶ ମଧ୍ୟରେ ଯୁଦ୍ଧ ହୁଏ, ତେବେ ପାକିସ୍ତାନ ଆଶାଠାରୁ ଅଧିକ ଆକ୍ରମଣ କରିବ ବୋଲି ସେ ଭାରତକୁ ସତର୍କ କରାଇ କହିଛନ୍ତି । ସାମାଜିକ ଗଣମାଧ୍ୟମରେ ମୁନୀରଙ୍କ ଏହି ଭିଡିଓ ଭାଇରାଲ ହୋଇଛି । ପାକିସ୍ତାନର ଏକ ଇଞ୍ଚ ବି ଶତ୍ରୁଦେଶକୁ ଦିଆଯିବ ନାହିଁ । ପାକିସ୍ତାନ ନିଜର ସୀମାକୁ ରକ୍ଷା କରିବାରେ ସମର୍ଥ । ଏଥିସହ ଜମ୍ମୁ-କଶ୍ମୀରରେ ଚାଲିଥିବା ଆତଙ୍କବାଦ ଓ ଅତ୍ୟାଚାରକୁ ମୁନୀର ନିନ୍ଦା କରିଥିଲେ ।

# ଆର୍ଥିକ ସକ୍ଷମଙ୍କୁ ମିଳିବନି ଭରଣପୋଷଣ: ହାଇକୋର୍ଟ

ନୂଆଦିଲ୍ଲୀ, ୧୮।୧୦ (ଏଜେନ୍ସି): ଦିଲ୍ଲୀ ହାଇକୋର୍ଟ ଶନିବାର ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଛନ୍ତି । ଆର୍ଥିକ ଭାବେ ଆତ୍ମନିର୍ଭର ତଥା ସକ୍ଷମ ଏବଂ ସ୍ୱାଧୀନ ଜୀବନସାଥିଙ୍କୁ ଭରଣପୋଷଣ ଦିଆଯିବ ନାହିଁ ବୋଲି ହାଇକୋର୍ଟ କହିଛନ୍ତି । ସ୍ଥାୟୀ ଭରଣପୋଷଣ ସାମାଜିକ ନ୍ୟାୟର ଏକ ମାଧ୍ୟମ । ସକ୍ଷମ ଲୋକଙ୍କୁ ଧନୀ ବନାଇବାକୁ କିମ୍ବା ଆର୍ଥିକ ସମାନତାର ଏହା ମାଧ୍ୟମ ନୁହେଁ । ଜଷ୍ଟିସ ଅନିଲ କ୍ଷେତ୍ରପାଳ ଏବଂ ଜଷ୍ଟିସ ହରିଶ ବୈଦ୍ୟନାଥନ ଶଙ୍କଙ୍କ ଡିଭିଜନ ବେଞ୍ଚ କହିଥିଲେ ଯେ ଭରଣପୋଷଣ ବାବଦକୁ ଅର୍ଥ ମାଗୁଥିବା ସାଥିଙ୍କୁ ଆର୍ଥିକ ସହାୟତାର ଆବଶ୍ୟକତା ଥିବା ଦର୍ଶାଇବାକୁ ପଡ଼ିବ । ଏହି ମାମଲାରେ ପତ୍ନୀ ରେଲୱେ ଗ୍ରୁପର ଜଣେ ଅଧିକାରୀ । ସେ ବି ପର୍ଯ୍ୟାପ୍ତ ଆୟ କରୁଛନ୍ତି । ଭରଣପୋଷଣ ମାଗିଥିବା ଜଣେ ମହିଳାଙ୍କ ଦାବିକୁ ଖାରଜ କରି ହାଇକୋର୍ଟ ଏହି ଟିପ୍ପଣୀ ଦେଇଥିଲେ । ସ୍ୱାମୀ ଉତ୍ପୀଡ଼ନ ଦେଉଥିବା ଦର୍ଶାଇ ଛାଡ଼ପତ୍ର ଦାବି କରିଥିଲେ । ସେ ୧୨ କୋଟି ଟଙ୍କା, ମୁମ୍ବଇରେ ଏକ ଫ୍ଲାଟ ଏବଂ ବିଏମ୍‌ଡବ୍ଲ୍ୟୁ କାର ମାଗିଥିଲେ ।

### 'ଏହା ନ୍ୟାୟର ଏକ ମାଧ୍ୟମ; ଧନୀ ହେବାର ନୁହେଁ'

ତେବେ ପରିବାର କୋର୍ଟ ଭରଣପୋଷଣ ଦେବାକୁ କହିଥିଲେ । ମାତ୍ର ସ୍ୱାମୀ ଏହାକୁ ବିରୋଧ କରି ହାଇକୋର୍ଟ ଯାଇଥିଲେ । ହାଇକୋର୍ଟ ଏହି ମାମଲାରେ କହିଥିଲେ ଯେ ଆବେଦନକାରୀ ଆର୍ଥିକ ଭାବେ ଆତ୍ମନିର୍ଭର ଥିଲେ ହିନ୍ଦୁ ବିବାହ ଆଇନ ଅନୁଯାୟୀ ନ୍ୟାୟିକ ବିବେକକୁ ବ୍ୟବହାର କରାଯାଇପାରିବ ନାହିଁ । ସୂଚନା ଅନୁଯାୟୀ ମହିଳା ରେଲୱେ କର୍ମଚାରୀ ଥିବାବେଳେ ତାଙ୍କ ପତି ଜଣେ ଓକିଲ । ଉଭୟେ ୨୦୧୦ ଜାନୁଆରୀରେ ବିବାହ କରି ୧୪ ମାସ ପରେ ଅଲଗା ହୋଇଯାଇଥିଲେ । ମାନସିକ କ୍ରୁରତା, ଶାରୀରିକ ନିର୍ଯାତନା, ଅପମାନଜନକ ଭାଷା ବ୍ୟବହାର କରୁଥିବା ମହିଳା ଅଭିଯୋଗ କରିଥିଲେ । ପରିବାର କୋର୍ଟ ମହିଳାଙ୍କ ଦାବିକୁ ଯଥାର୍ଥ ଦର୍ଶାଇ ଥିଲେ । ତେବେ ହାଇକୋର୍ଟ ଭିନ୍ନ ରାୟ ଦେଇ କହିଥିଲେ ଯେ ମହିଳା ନିଜ ଶାଶୁଶଶୁରଙ୍କ ପ୍ରତି ଅପମାନଜନକ ଭାଷା ପ୍ରୟୋଗ କରିଛନ୍ତି । ଏହା ମଧ୍ୟ ମାନସିକ ଉତ୍ପୀଡ଼ନ ସହ ସମାନ । ଶେଷରେ ସ୍ଥାୟୀ ଭରଣପୋଷଣ ଭତ୍ତା ଦେବାକୁ କୋର୍ଟ ମନା କରିଦେଇଥିଲେ ।

# ଦୁର୍ନୀତି ପାଇଁ ୯ ଚୀନ୍ ସେନା ଅଧିକାରୀ ବରଖାସ୍ତ

ବେଜିଂ, ୧୮ ।୧୦(ଏଜେନ୍ସି): ଦୁର୍ନୀତି ଅଭିଯୋଗରେ ଚୀନ୍‌ରେ ଦୁଇଜଣ ଆଗଧାଡ଼ିର ଅଫିସରଙ୍କ ସମେତ ମୋଟ ୯ଜଣ ସେନା ଅଧିକାରୀଙ୍କୁ ବରଖାସ୍ତ କରାଯାଇଛି । ଏମାନଙ୍କ ମଧ୍ୟରେ ଜେନେରାଲ ହେ ୱେଇଡଙ୍ଗ ଓ ନୌସେନା ଆଡମିରାଲ ମିଆଓ ସାମିଲ ଅଛନ୍ତି । ଦୁର୍ନୀତି ଅଭିଯୋଗରେ ଏମାନଙ୍କୁ ସେନା, କମ୍ୟୁନିଷ୍ଟ ପାର୍ଟିରୁ ବିଦା କରାଯାଇଛି । ୨୦୨୩ରେ ରାଷ୍ଟ୍ରପତି ସି ଜିନପିଙ୍ଗ୍‌ଙ୍କ ଦୁର୍ନୀତି ନିବାରଣ ଅଭିଯାନ ଆରମ୍ଭ ହେବା ପରେ ଏହା ସବୁଠାରୁ ବଡ଼ କାର୍ଯ୍ୟାନୁଷ୍ଠାନ ବୋଲି କୁହାଯାଉଛି । ୱେଇଡଙ୍ଗ ଚୀନର ସେଣ୍ଟ୍ରାଲ ମିଲିଟାରୀ କମିଶନ (ସିଏମ୍‌ସି) ଭାଇସ ଚେୟାରମ୍ୟାନ ଦାୟିତ୍ୱରେ ଥିଲେ । ଚୀନ ପିପୁଲ୍ସ ଲିବେରସନ ଆର୍ମିର ଏହା ଦ୍ୱିତୀୟ ସମ୍ମାନଜନକ ତଥା ମର୍ଯ୍ୟାଦାସମ୍ପର୍ଣ୍ଣ ପଦ ବିବେଚିତ ହେଉଛି । ସେହିପରି ମିଆଓ ଜଣେ ନୌସେନା ଆଡମିରାଲ ଓ ସେନାର ପୂର୍ବତନ ରାଜନୈତିକ ବ୍ୟକ୍ତିତ୍ୱ ।

# 'ଇଣ୍ଡିଆ' ମେଣ୍ଟରେ ଫାଟ: ୧୦ ଆସନରେ ମୁହାଁମୁହିଁ, ଏକାକୀ ଲଢ଼ିବ ଜେଏମ୍‌ଏମ୍

ପାଟନା, ୧୮।୧୦ (ଏଜେନ୍ସି): ବିହାର ନିର୍ବାଚନ ପାଇଁ 'ଇଣ୍ଡିଆ' ମେଣ୍ଟର କଳି ଛିଡ଼ିପାରୁ ନାହିଁ । ଏପରି ସମୟରେ ଏହି ବିରୋଧୀଙ୍କ ମହାମେଣ୍ଟକୁ ବଡ଼ ଝଟ୍‌କା ଲାଗିଛି । ଝାଡ଼ଖଣ୍ଡ ମୁକ୍ତି ମୋର୍ଚ୍ଚା (ଜେଏମଏମ) ମେଣ୍ଟରୁ ସମ୍ପର୍କ ଛିନ୍ନ କରିଛି । ବିହାରରେ ଏକାକୀ ନିର୍ବାଚନ ଲଢ଼ିବାକୁ ଜେଏମଏମ ପକ୍ଷରୁ ଶନିବାର ଘୋଷଣା କରାଯାଇଛି । ଦଳ ୬ଟି ଆସନରେ ପ୍ରାର୍ଥୀ ଦେବ ବୋଲି କୁହାଯାଇଛି । ଜେଏମଏମ ସାଧାରଣ ସମ୍ପାଦକ ସୁପ୍ରିୟା ଭଟ୍ଟାଚାର୍ଯ୍ୟ କହିଛନ୍ତି ଯେ ଦଳ ନିଜ କ୍ଷମତା ବଳରେ ବିହାରରେ ଲଢିବାକୁ ନିଷ୍ପତ୍ତି ନେଇଛି । ଚକାଇ, ଧମଦାହବା, କଟୋରିଆ, ମନିହାରୀ, ଜମୁଇ ଏବଂ ପିରପେଣ୍ଟୋରେ ନିଜ ଚିହ୍ନରେ ପ୍ରତିଦ୍ୱନ୍ଦ୍ୱିତା କରିବ । ଏଥିପାଇଁ ୨୦ ଜଣିଆ ଷ୍ଟାର ପ୍ରଚାରକ ତାଲିକା ଜାରି କରାଯାଇଛି । ଝାଡ଼ଖଣ୍ଡ ମୁଖ୍ୟମନ୍ତ୍ରୀ ହେମନ୍ତ ସୋରେନ ଏହାର ନେତୃତ୍ୱ ନେବେ । ଜେଏମଏମର ଜଣେ ବରିଷ୍ଠ ନେତା କହିଛନ୍ତି ଯେ ମହାମେଣ୍ଟକୁ ଲଢ଼ିବା ପାଇଁ ସିଟ୍ ଦେବାକୁ କୁହାଯାଇଥିଲା । କିନ୍ତୁ ଇଣ୍ଡିଆ ମେଣ୍ଟ ଜେଏମଏମକୁ ଆସନ ଦେବାକୁ ମନା କରିଦେଇଥିଲା । ତେଣୁ ଦଳ ଏକାକୀ ଲଢ଼ିବାକୁ ନିଷ୍ପତ୍ତି ନେଇଥିଲା ।

ପୂର୍ବରୁ ମହାମେଣ୍ଟରେ ଆସନ ବୁଝାମଣାକୁ ନେଇ ଟଣାଓଟରା ଜାରି ରହିଛି । ଏବେ କଂଗ୍ରେସ କଳି ଖୋଲାଖୋଲି ଭାବେ ସାମ୍ନାକୁ ଆସିଯାଇଛି । ଟିକଟ ପାଇ ନ ଥିବା ଗୋଷ୍ଠୀ ଶନିବାର ପାଟନାରେ ସାମ୍ବାଦିକ ସମ୍ମିଳନୀ କରିଛନ୍ତି । ଶୀଘ୍ର ମହାମେଣ୍ଟ ଭାଙ୍ଗିଯିବ ବୋଲି କହିଛନ୍ତି । ପ୍ରଦେଶ କଂଗ୍ରେସ ଅଧ୍ୟକ୍ଷ ରାଜେଶ ରାମ ଏବଂ ପ୍ରଭାରୀ କୃଷ୍ଣା ଅଲାବରୁ ଟିକଟ ବିକ୍ରି କରୁଥିବା ଅସନ୍ତୁଷ୍ଟ ନେତମାନେ ଅଭିଯୋଗ କରୁଛନ୍ତି । ଏହି ସାମ୍ବାଦିକ ସମ୍ମିଳନୀରେ ଖଗଡ଼ିଆ ବିଧାୟକ ଛତ୍ରପତି ଯାଦବ, ବରବିଘାରୁ ଗଜାନନ୍ଦ ସାହି, ଯୁବ କଂଗ୍ରେସର ପୂର୍ବତନ ଅଧ୍ୟକ୍ଷ ନାଗେନ୍ଦ୍ର ପାଶ୍ୱାନ, ବାଙ୍କା ଜିଲ୍ଲାଧ୍ୟକ୍ଷ କଞ୍ଚନା କୁମାରୀ ସିଂହଙ୍କ ସମେତ ଅନ୍ୟ ନେତା ଉପସ୍ଥିତ ଥିଲେ । କଂଗ୍ରେସ ନେତା ବଣ୍ଟି ଚୌଧୁରୀ କହିଥିଲେ ଯେ ମେଣ୍ଟ ଖୁବଶୀଘ୍ର ଭାଙ୍ଗିଯିବ । ପ୍ରଭାରୀଙ୍କ ପାଇଁ ଏପରି ହୋଇଛି । ସେ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଘୋଷଣା କରିନାହାନ୍ତି । ଏମାନେ 'ଭୋଟ ଚୋର, ଗଦି ଛାଡ଼' ସ୍ଲୋଗାନ ଦେଇଥିଲେ, କିନ୍ତୁ ଆମେ 'ଟିକଟ ଚୋର, ପଦ ଛାଡ଼' କଥା କହୁଛୁ ।

ତେବେ ୧୦ ଆସନରେ ଉଭୟ ଦଳ ମୁହାଁମୁହିଁ ହୋଇଛନ୍ତି । ପ୍ରଥମ ପର୍ଯ୍ୟାୟର ୧୨୧ ସିଟ୍ ପାଇଁ ମହାମେଣ୍ଟର ୧୨୫ ପ୍ରାର୍ଥୀ ପ୍ରାର୍ଥିପତ୍ର ଦାଖଲ କରିଛନ୍ତି । ଆରଜେଡି ୭୨, କଂଗ୍ରେସ ୨୪, ବାମଦଳ ୨୧, ଭିଆଇପି ୬ ଏବଂ ଆଇଆଇପି ୨ ସିଟରେ ନାମାଙ୍କନ ଦାଖଲ କରିଛି । ବୈଶାଳୀ, ଲାଲଗଞ୍ଜ, ବାରିସଲିଗଞ୍ଜ, କହଲଗାଁଓରେ ଆରଜେଡି ଓ କଂଗ୍ରେସ, ତାରାପୁର, ଗୌରା ବୌରମରେ ଆରଜେଡି ଓ ଭିଆଇପି, ବଛୱାଡ଼ା, ରାଜାପକଡ, ରୋସଡା, ବିହାର ସରିଫରେ ସିପିଆଇ ଓ କଂଗ୍ରେସ ଅଲଗା ଅଲଗା ପ୍ରାର୍ଥୀ ଦେଇଛନ୍ତି ।

### ଏନ୍‌ଡିଏ ପ୍ରାର୍ଥୀଙ୍କ ପ୍ରାର୍ଥିପତ୍ର ନାକଚ

ବିହାରର କ୍ଷମତାସୀନ ଏନ୍ଡିଏ ମେଣ୍ଟକୁ ବଡ଼ ଝଟ୍‌କା ଲାଗିଛି । ନିର୍ବାଚନୀ ଲଢ଼େଇ ପୂର୍ବରୁ ଏନ୍‌ଡି ହିଟ୍‌ୱିକେଟ ହୋଇଯାଇଛି । ଏନ୍‌ଡିଏ ଗୋଟିଏ ଆସନ ହରାଇ ଦେଇଛି । ଏନ୍‌ଡିଏ ମେଣ୍ଟର ସଦସ୍ୟ ଚିରାଗ ପାଶ୍ୱାନଙ୍କ ଲୋକ ଜନଶକ୍ତି ପାର୍ଟି (ରାମବିଳାଶ)କୁ ଛପରା ଜିଲ୍ଲା ମଢୌରା ଆସନ ମିଳିଥିଲା । ଏହି ଆସନରୁ ଏଲଜେପିଆର ଅଭିନେତ୍ରୀ ସୀମା ସିଂହଙ୍କୁ ପ୍ରାର୍ଥୀ କରିଥିଲା । କିନ୍ତୁ ସୀମାଙ୍କ ପାର୍ଥିପତ୍ର ନାକଚ ହୋଇଯାଇଛି । ଫଳରେ ରାଜନୀତିର ମୈଦାନରେ କ୍ୟାରିୟର ଆରମ୍ଭ କରିବା ପୂର୍ବରୁ ସୀମା ହିଟ୍-ୱିକେଟ ହୋଇଯାଇଛନ୍ତି । ପ୍ରାର୍ଥିପତ୍ରର ଯାଞ୍ଚ ସମୟରେ ସୀମା ଦେଇଥିବା ପ୍ରମାଣପତ୍ରରେ ତ୍ରୁଟି ଥିବା ଜଣାପଡ଼ିଥିଲା ।

# କୋର୍ଟରୁ ଡେଇଁ ମହିଳା ଷ୍ଟେନୋଙ୍କ ଆତ୍ମହତ୍ୟା

କାନପୁର, ୧୮।୧୦ (ଏଜେନ୍ସି): ଉତ୍ତର ପ୍ରଦେଶ କାନପୁର କୋର୍ଟର ଷଷ୍ଠ ମହଲାରୁ ଡେଇଁ ଜଣେ ମହିଳା ଷ୍ଟେନୋ ଆତ୍ମହତ୍ୟା କରିଛନ୍ତି । ମହିଳା ପଡ଼ିବା ପରେ କୋର୍ଟରେ ଧାଁଦୌଡ଼ ସ୍ଥିତି ସୃଷ୍ଟି ହୋଇଥିଲା । ଗୁରୁତର ଅବସ୍ଥାରେ ପୁଲିସ କର୍ମଚାରୀ ତାଙ୍କୁ ହସ୍ପିଟାଲରେ ଭର୍ତ୍ତି କରିଥିଲେ । ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ସେ ପ୍ରାଣ ହରାଇ ଥିଲେ । କୌଣସି ଏକ ମାମଲାକୁ ନେଇ ମହିଳା ଦୀର୍ଘ ଦିନ ହେଲା ଚିନ୍ତିତ ଥିଲେ ବୋଲି କୁହାଯାଉଛି । ତେବେ କୋର୍ଟ କର୍ମଚାରୀ ଉତ୍ପୀଡ଼ନ ଦେଇଥିବା ପୀଡ଼ିତାଙ୍କ ଜେଜେ ଅଭିଯୋଗ କରିଛନ୍ତି । ସେ କହିଥିଲେ ଯେ ୪ ମାରସ ହେଲା ନାତୁଣୀ ଏଠାରେ ଚାକିରି କରିଥିଲା । ସେ ନିଜ ମାଆଙ୍କୁ ଫୋନ କରି ସବୁ କଥା କହିଥିଲା । ନାତୁଣୀ ଆତ୍ମହତ୍ୟା କରିନାହିଁ । ଷଷ୍ଠ ମହଲାରୁ ପକାଇ ତାକୁ ହତ୍ୟା କରାଯାଇଛି । ଏହି ମାମଲାର ଯାଞ୍ଚ ହେବା ଉଚିତ । ପ୍ରଥମେ ଆମକୁ ଦୁର୍ଘଟଣା ହୋଇଥିବା ସୂଚନା ଦିଆଯାଇଥିଲା । ଏହି ସୂଚନା ପାଇଁ ଘଟଣାସ୍ଥଳରେ ପହଞ୍ଚିଥିବା କୋତୱାଲି ପୁଲିସ ଏବଂ ଫରେନସିକ ଟିମ୍ ମାମଲାର ତଦନ୍ତ କରୁଛି । ସୂଚନା ଅନୁଯାୟୀ ଘାଟମପୁରର କୋଟରା ମକରନ୍ଦପୁର ବାସିନ୍ଦା ନେହା (୩୦) ସିଭିଜ ଜଜ୍ ସିନିୟର ଡିଭିଜନ କୋର୍ଟରେ ଷ୍ଟେନୋ ଭାବେ କାର୍ଯ୍ୟ କରୁଥିଲେ । ସେ ଶନିବାର ଦ୍ୱିପହରେ ଏଭଳି ଚରମ ପଦକ୍ଷେପ ନେଇଥିଲେ । ପୁଲିସ କମିଶନର ରଘୁବୀର ଲାଲ ଏହି ମାମଲାର ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି ।

# ଚାନ୍ଦଶୈଳୀ ଘାଟୀରୁ ଖସିଲା ଗାଡ଼ି; ୮ ଶ୍ରଦ୍ଧାଳୁ ମୃତ

ମୁମ୍ବାଇ, ୧୮ ।୧୦(ଏଜେନ୍ସି): ମହାରାଷ୍ଟ୍ରର ନନ୍ଦୁରବାର ଜିଲ୍ଲାର ଚାନ୍ଦଶୈଳୀ ଘାଟୀରେ ଶନିବାର ଏକ ଗାଡ଼ି ଖାଇକୁ ଖସିପଡ଼ିଥିଲା । ଏଥିରେ ୮ ଜଣ ଶ୍ରଦ୍ଧାଳୁ ମୃତ୍ୟୁବରଣ କରିଥିବା ବେଳେ ୨୮ ଜଣ ଆହତ ହୋଇଛନ୍ତି । ଏମାନଙ୍କ ମଧ୍ୟରୁ ୧୫ ଜଣ ଗୁରୁତର ଅଛନ୍ତି ବୋଲି କୁହାଯାଉଛି । ମୃତ୍ୟୁ ସଂଖ୍ୟା ବୃଦ୍ଧିପାଇବାର ଆଶଙ୍କା ରହିଛି । ଅଷ୍ଟମ୍ବା ଋଷି ତୀର୍ଥସ୍ଥଳ ଭ୍ରମଣ କରି ଶ୍ରଦ୍ଧାଳୁମାନେ ପ୍ରତ୍ୟାବର୍ତ୍ତନ କରୁଥିବା ବେଳେ ଶାହାଦା ଥାନା ଅଞ୍ଚଳରେ ଏହି ଦୁର୍ଘଟଣା ଘଟିଥିଲା । ଆହତଙ୍କୁ ତୁରନ୍ତ ନିକଟସ୍ଥ ହସ୍ପିଟାଲକୁ ନିଆଯାଇଥିଲା ଓ ଡାକ୍ତରମାନେ ତୁରନ୍ତ ଚିକିତ୍ସା ଆରମ୍ଭ କରିଛନ୍ତି । ଦୁର୍ଘଟଣା ପରେ ଉଦ୍ଧାର କାର୍ଯ୍ୟ ଆରମ୍ଭ କରାଯାଇଛି । ପୂର୍ବରୁ ମଧ୍ୟ ଚାନ୍ଦଶୈଳୀ ଘାଟୀ ରାସ୍ତାରେ ବୁଲାଣି ଓ ଗଡ଼ାଣି ଥିବା କାରଣରୁ ଏକାଧିକ ବାର ଦୁର୍ଘଟଣା ଘଟିଛି । ଗାଡ଼ିରେ ବସିଥିବା ସବୁ ଲୋକ ନନ୍ଦୁରବାର ଜିଲ୍ଲାର ନିବାସୀ ବୋଲି ପୁଲିସ ପକ୍ଷରୁ କୁହାଯାଇଛି । ତେବେ ଦୁର୍ଘଟଣାର ପ୍ରକୃତ କାରଣ ନେଇ ଏପର୍ଯ୍ୟନ୍ତ କିଛି ସୂଚନା ମିଳିନାହିଁ ।

# ଢାକା ବିମାନ ବନ୍ଦରରେ ନିଆଁ; ସବୁ ଉଡ଼ାଣ ବାତିଲ୍



ଢ଼ାକା, ୧୮ ।୧୦(ଏଜେନ୍ସି): ବାଂଲାଦେଶ ରାଜଧାନୀ ଢ଼ାକାର ହଜରତ ଶାହାଜଲାଲ ଅନ୍ତର୍ଜାତୀୟ ବିମାନ ବନ୍ଦରର କାର୍ଗୋ ଅଞ୍ଚଳରେ ଶନିବାର ଅପରାହ୍ଣ ୩ଟାରେ ନିଆଁ ଲାଗିଛି । ନିଆଁ ଦ୍ରୁତଗତିରେ ବ୍ୟାପୀ ଯାଇଥିଲା । ଫଳରେ ବିମାନ ବନ୍ଦର କର୍ତ୍ତୃପକ୍ଷ ସବୁ ବିମାନର ଉଡ଼ାଣକୁ ବାତିଲ କରିଥିଲେ । ଦିଲ୍ଲୀରୁ ଢ଼ାକା ଯାଉଥିବା ବିମାନର ରୁଟ୍ ପରିବର୍ତ୍ତନ କରାଯାଇଛି ଓ ଏହାକୁ କୋଲକାତା ପଠାଯାଇଛି । ଅପରାହ୍ଣ ୨.୩୦ରେ ୮ ନଂ ଗେଟ୍ ନିକଟରେ ଥିବା କାର୍ଗୋ ଭିଲେଜରେ ନିଆଁ ଲାଗିଥିଲା ବୋଲି ଫାୟାର ସର୍ଭିସ ତରଫରୁ କୁହାଯାଇଛି । ଏପର୍ଯ୍ୟନ୍ତ ଏହି ଘଟଣାରେ କେହି ମୃତାହତ ହୋଇନାହାନ୍ତି । କିନ୍ତୁ ବହୁ ପରିମାଣର ଜିନିଷ କ୍ଷତିଗ୍ରସ୍ତ ହୋଇଛି । ନିଆଁ ଲାଗିବା ପରେ ପ୍ରବଳମାତ୍ରାରେ କଳା ଧୂଆଁ ବାହାରିଥିଲା ଓ ଆଖପାଖରେ ବାୟୁ ପ୍ରଦୂଷିତ ହୋଇଥିଲା । ଫଳରେ ଲୋକେ ନିଶ୍ୱାସ ନେବାରେ ସମସ୍ୟାର ସମ୍ମୁଖୀନ ହୋଇଥିଲେ । ବିମାନ ବନ୍ଦର ସବୁ ବିମାନ ସୁରକ୍ଷିତ ରହିଛି ବୋଲି କୁହାଯାଇଛି ।

# ଗରିବ ରଥ ଟ୍ରେନ୍‌ରେ ଲାଗିଲା ନିଆଁ



ଲୁଧିଆନା, ୧୮ ।୧୦ (ଏଜେନ୍ସି): ପଞ୍ଜାବ ଲୁଧିଆନାରୁ ବିହାରର ସହରସା ଯାଉଥିବା ଗରିବ ରଥ ଟ୍ରେନ୍‌ରେ ଶନିବାର ସକାଳେ ନିଆଁ ଲାଗିଛି । ପଞ୍ଜାବର ସରହିନ୍ଦ ଷ୍ଟେସନ ନିକଟରେ ଏହି ଘଟଣା ଘଟିଛି । ଟ୍ରେନ୍‌ର ୧୯ ନଂ ଏସି ବଗିରେ ସର୍ଟ ସର୍କିଟ କାରଣରୁ ନିଆଁ ଲାଗିଛି ବୋଲି କୁହାଯାଇଛି । ଏହି ଟ୍ରେନ୍‌ରେ ଲୁଧିଆନାର କେତେଜଣ ବଡ଼ ବ୍ୟବସାୟୀ ଯାତ୍ରା କରୁଥିଲେ । ୧୯ ନଂ ବଗିରେ ନିଆଁ ଲାଗିବା ମାତ୍ରେ ଯାତ୍ରୀ ଚେନ୍ ଟାଣି ଟ୍ରେନ୍‌କୁ ରୋକିବାକୁ ସକ୍ଷମ ହୋଇଥିଲେ । ଟ୍ରେନ୍ ରହିବା ପରେ ଯାତ୍ରୀମାନେ ତଳକୁ ଓହ୍ଲାଇ ନିଜ ଜିନିଷ ଛାଡି ସେଠାରୁ ଦୌଡ଼ିବାକୁ ଆରମ୍ଭ କରିଥିଲେ । ତରବରର ଏହି ପ୍ରକ୍ରିୟାରେ କେତେଜଣ ଯାତ୍ରୀ ଆହତ ମଧ୍ୟ ହୋଇଥିଲେ । ଜଣେ ଯାତ୍ରୀ ଗୁରୁତର ଭାବେ ଆହତ ହୋଇଛନ୍ତି । କେତେକ ଯାତ୍ରୀ ନିଜ ପିଲାଙ୍କ ଯାତ୍ରା କରୁଥିଲେ । ସେପଟେ ସୂଚନା ମିଳିବା ମାତ୍ରେ ହିଁ ଦମକଳ ଦଳ ଓ ପୁଲିସ ତୁରନ୍ତ ଘଟଣାସ୍ଥଳରେ ପହଞ୍ଚିଥିଲେ । ଏକ ଘଣ୍ଟା ମଧ୍ୟରେ ନିଆଁକୁ କାବୁ କରାଯାଇଥିଲା । ୧୯ ନଂ ବଗି ସମ୍ପୂର୍ଣ୍ଣ ଭାବେ ଜଳି ଯାଇଥିଲା । ୧୮ ନଂ ବଗି ମଧ୍ୟ କ୍ଷତିଗ୍ରସ୍ତ ହୋଇଛି । ଜଳିଯାଇଥିବା ବଗିକୁ ହଟାଇବା ପରେ ଟ୍ରେନ୍ ପୁଣି ଚାଲିଥିଲା ।

# ମହିଳାଙ୍କୁ ସୁରକ୍ଷା ଦେବାରେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ବିଫଳ: ବିଜେଡି

ଭୁବନେଶ୍ୱର,୧୮।୧୦(ସମିସ): ରାଜଧାନୀ ଭୁବନେଶ୍ୱରର ଅଶୋକ ନଗର ଅଞ୍ଚଳରେ ଶୁକ୍ରବାର ଜଣେ ୧୭ ବର୍ଷୀୟ ଝିଅକୁ ଗଣଦୁଷ୍କର୍ମ ଘଟଣା ଲୋକଲୋଚନକୁ ଆସିବା ପରେ ରାଜ୍ୟରେ ମହିଳା ସୁରକ୍ଷାକୁ ନେଇ ବିଜେଡି ରାଜ୍ୟ ବିଜେପି ସରକାରଙ୍କ ଉପରେ ବର୍ଷିଛି। ମହିଳାଙ୍କୁ ସୁରକ୍ଷା ଦେବାରେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ବିଫଳ ବୋଲି ବିଜେଡି ପକ୍ଷରୁ କୁହାଯାଇଛି। ଶଙ୍ଖ



■ ୧୬ ମାସରେ ୩୭,୦୦୦ରୁ ଊର୍ଦ୍ଧ୍ୱ ମହିଳା ନିର୍ଯାତନା ମାମଲା
■ ରାଜଧାନୀର ଛାତି ଉପରେ ଗଣଦୁଷ୍କର୍ମ କରି ଫିଙ୍ଗି ଦିଆଯାଉଛି
■ ପଶ୍ଚିମବଙ୍ଗ ଦୁଷ୍କର୍ମ ମାମଲାରେ ତତ୍ପରତା; ରାଜ୍ୟ ମାମଲାରେ ନିରବତା

ଭବନରେ ଶନିବାର ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ମହିଳା ଜନତା ଦଳର ସାଧାରଣ ସମ୍ପାଦକ ତଥା ରାଜ୍ୟସଭା ସାଂସଦ ସୁଲତା ଦେଓ, ବରିଷ୍ଠ ସାଧାରଣ ସମ୍ପାଦକ ସୁମିତ୍ରା ଜେନା ଏବଂ ସାଧାରଣ ସମ୍ପାଦକ ରଞ୍ଜିତା ସାହୁ ଗତ ୧୬ ମାସର ବିଜେପି ଶାସନରେ ରାଜ୍ୟ ସରକାର ମହିଳାମାନଙ୍କୁ ସୁରକ୍ଷା ପ୍ରଦାନ କରିବା କ୍ଷେତ୍ରରେ ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି ବୋଲି ଅଭିଯୋଗ କରିଛନ୍ତି।

ସୁଲତା ଦେଓ କହିଛନ୍ତି ଯେ ରାଜଧାନୀ ଭୁବନେଶ୍ୱରର ଛାତି ଉପରେ ଜଣେ ୧୭ ବର୍ଷର ଝିଅକୁ ଗଣଦୁଷ୍କର୍ମ କରି ମୁମୂର୍ଷୁ ଅବସ୍ଥାରେ ଫିଙ୍ଗି ଦିଆଯାଉଛି; କିନ୍ତୁ ପୁଲିସ ପ୍ରଶାସନ ଜାଣି ପାରୁନି। ରାଜଧାନୀର ଛାତି ଉପରେ ଯଦି ମହିଳାମାନଙ୍କୁ ସୁରକ୍ଷା ପ୍ରଦାନ କରିବାରେ ସରକାର ସକ୍ଷମ ନୁହଁନ୍ତି, ତା'ହେଲେ ଅନ୍ୟ ଜାଗାରେ କିଭଳି ସୁରକ୍ଷା ପ୍ରଦାନ କରି ପାରିବେ। ରାଜ୍ୟରେ ଦୁଷ୍କର୍ମ ଓ ଗଣଦୁଷ୍କର୍ମ ଭଳି ଘଟଣା ପ୍ରତିଦିନ ଖବର କାଗଜରେ ଶିରୋନାମା ପାଲଟୁଛି। ରାଜ୍ୟରେ ଗତ ୧୬ ମାସରେ ୩୭,୭୫୦ରୁ ଉଦ୍ଧ୍ୱର୍ ମହିଳା ନିର୍ଯାତନା ମାମଲା ରୁଜୁ ହୋଇଛି। ଯାହା ଭିତରେ, ଦୁଷ୍କର୍ମ, ଗଣଦୁଷ୍କର୍ମ, ଅସଦାଚରଣ, ହତ୍ୟା ଇତ୍ୟାଦି ଘଟଣା ରହିଛି। ବିରୋଧୀ ଦଳମାନଙ୍କ ପକ୍ଷରୁ ଏଥିନେଇ ବିଧାନସଭାରେ ଓ ବାହାରେ ସ୍ୱର ଉତ୍ତୋଳନ କରାଯାଇ ଆସୁଥିଲେ ମଧ୍ୟ ସ୍ଥିତିରେ ସୁଧାର ଆଣିବା ପାଇଁ ରାଜ୍ୟ ସରକାର କୌଣସି ପଦକ୍ଷେପ ନେଇ ନାହାନ୍ତି।

ସୁମିତ୍ରା ଜେନା କହିଥିଲେ ଯେ ଅଶୋକ ନଗର ଗଣଦୁଷ୍କର୍ମ ଘଟଣାରେ ପୁଲିସ ସ୍ପଷ୍ଟୀକରଣ ଦେଇ ଏହା ଏକ ସେକ୍ସ ରାକେଟ ମାମଲା ବୋଲି କହୁଛି। କିନ୍ତୁ ଯଦି ରାଜଧାନୀର ମାଷ୍ଟର କ୍ୟାଣ୍ଟିନ ଅଞ୍ଚଳରେ ସେକ୍ସ ରାକେଟ ଚାଲୁଛି, ତା'ହେଲେ ପୁଲିସ ଏଠାରେ କରୁଛି କଣ? ରାଜ୍ୟରେ ଆଇନଶୃଙ୍ଖଳା ପରିସ୍ଥିତି ବିପର୍ଯ୍ୟସ୍ତ ହୋଇ ପଡିଛି; କିନ୍ତୁ ସରକାରଙ୍କର ଏଥିପ୍ରତି ନିଘା ନାହିଁ।

ରଞ୍ଜିତା ସାହୁ କହିଥିଲେ ଯେ ପଶ୍ଚିମବଙ୍ଗରେ ଓଡ଼ିଆ ଝିଅର ଗଣଦୁଷ୍କର୍ମ ଘଟଣାରେ ରାଜ୍ୟ ସରକାର ତତ୍ପରତା ଦେଖାଇଥିଲେ। ମୁଖ୍ୟମନ୍ତ୍ରୀ ପୀଡ଼ିତା ସହିତ କଥା ହୋଇ ତାଙ୍କ ବାର୍ତ୍ତାଳାପର ଭିଡିଓ ଗଣମାଧ୍ୟମରେ ଛାଡ଼ିଲେ। ରାଜ୍ୟ ମହିଳା କମିସନ ସେଠାକୁ ଯାଇ ପୀଡ଼ିତାଙ୍କ ପରିବାରକୁ ଭେଟିଲେ। କିନ୍ତୁ ରାଜ୍ୟରେ ପ୍ରତିଦିନ କେହି ନା କେହି ମହିଳା ଦୁଷ୍କର୍ମର ଶୀକାର ହେଉଛନ୍ତି। ନା ମୁଖ୍ୟମନ୍ତ୍ରୀ ସେମାନଙ୍କ ସହିତ କଥା ହେଉଛନ୍ତି ନା ରାଜ୍ୟ ମହିଳା କମିସନ ସେମାନଙ୍କ ନିକଟକୁ ଯାଉଛନ୍ତି। ଦୁଃଖ ଓ ପରିତାପର ବିଷୟ ଯେ ଦୁଷ୍କର୍ମ, ଗଣଦୁଷ୍କର୍ମ ଘଟଣାରେ ସରକାର ରାଜନୀତି କରିବାକୁ ପଛାଉ ନାହାନ୍ତି। ପଶ୍ଚିମବଙ୍ଗରେ ଦୁଷ୍କର୍ମ ମାମଲାରେ ରାଜ୍ୟ ସରକାର ତତ୍ପରତା ଦେଖାଉଥିବା ବେଳେ ରାଜ୍ୟରେ ହେଉଥିବା ମାମଲା ଗୁଡିକରେ ନିରବତା ଅବଲମ୍ବନ କରୁଛନ୍ତି। ଏହା ରାଜ୍ୟ ସରକାରଙ୍କ ହୀନ ରାଜନୀତି ବୋଲି ଶ୍ରୀମତୀ ସାହୁ କହିଥିଲେ।

# ସାଇବର ଅପରାଧ ରୋକିବା ପାଇଁ ସଚେତନତା ସବୁଠୁ ଶକ୍ତିଶାଳୀ ଅସ୍ତ୍ର: ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର,୧୮।୧୦(ସମିସ): ସାଇବର ଅପରାଧକୁ ରୋକିବା ପାଇଁ ସଚେତନତା ହେଉଛି ସବୁଠାରୁ ବଡ଼ ଶକ୍ତିଶାଳୀ ଅସ୍ତ୍ର ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଶନିବାର ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମରେ ଆୟୋଜିତ ସାଇବର ସୁରକ୍ଷା ସଚେତନତା ଅଭିଯାନ-୨୦୨୫ର ଶୁଭାରମ୍ଭ କରି ମୁଖ୍ୟମନ୍ତ୍ରୀ କହିଛନ୍ତି, ନ୍ୟାସନାଲ ସାଇବର କ୍ରାଇମ ରିପୋର୍ଟିଂ ପୋର୍ଟାଲ ଏବଂ ସାଇବର ହେଲ୍ପଲାଇନ୍ ୧୯୩୦ ମାଧ୍ୟମରେ ହଜାର ହଜାର ଅଭିଯୋଗକାରୀଙ୍କୁ ସଠିକ୍ ସମୟରେ ସହାୟତା ପ୍ରଦାନ କରାଯାଇଛି। ସାଇବର ଅପରାଧକୁ ପ୍ରତିରୋଧ କରିବା ପାଇଁ ରାଜ୍ୟରେ

■ ସାଇବର ସୁରକ୍ଷା ପାଇଁ ସୃଷ୍ଟି ହେବ ୧୧୨୭ ପୁଲିସ ପଦ
■ ୧୭୦ ଟେକ୍ନିକାଲ ଏକ୍ସପର୍ଟଙ୍କୁ ଖୁବ୍‌ଶୀଘ୍ର ନିଯୁକ୍ତି ଦିଆଯିବ




ଖୁବ୍‌ଶୀଘ୍ର ଆଉ ୨୦ଟି ନୂତନ ସାଇବର ପୁଲିସ ଷ୍ଟେସନ କାର୍ଯ୍ୟକ୍ଷମ ହେବ। ଏଥିସହ ପୂର୍ବରୁ ଥିବା ୧୪ଟି ସାଇବର ପୁଲିସ ଷ୍ଟେସନର ଆଧୁନିକୀକରଣ ପାଇଁ ମଧ୍ୟ ପଦକ୍ଷେପ ନିଆଯାଇଛି। ଏ କ୍ଷେତ୍ର ପାଇଁ ୧୧୨୭ଟି ନୂତନ ପୁଲିସ ପଦ ସୃଷ୍ଟି କରାଯିବା ସହ ୧୭୦ଜଣ ଟେକ୍ନିକାଲ ଏକ୍ସପର୍ଟଙ୍କୁ ଖୁବ୍‌ଶୀଘ୍ର ନିଯୁକ୍ତି ଦିଆଯିବ। କ୍ରାଇମବ୍ରାଞ୍ଚ ଅଧୀନରେ ଏକ ରାଜ୍ୟସ୍ତରୀୟ କମାଣ୍ଡ ସେଣ୍ଟର ଗଠନ କରାଯିବ ଏବଂ ଏହି ସେଣ୍ଟରଟି ସାଇବର ଅପରାଧ ରୋକିବା କ୍ଷେତ୍ରରେ ସେଣ୍ଟର ଅଫ୍ ଏକ୍ସେଲେନ୍ସ ଭାବରେ କାର୍ଯ୍ୟ କରିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

ଏହି ରାଜ୍ୟ ସ୍ତରୀୟ ସଚେତନତା ଅଭିଯାନ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଦେଶ୍ର ୫୫ ପ୍ରତିଶତ ଲୋକ ଆଜି ଇଣ୍ଟରନେଟ୍ ବ୍ୟବହାର କରୁଛନ୍ତି। ଇଣ୍ଟରନେଟ୍ ଓ ଟେକ୍ନୋଲୋଜି ଆମ ପାଇଁ ଅପରିହାର୍ଯ୍ୟ ହୋଇପଡିଛି। ଆଜି ଇଣ୍ଟରନେଟ୍ ବ୍ୟବହାରୀକାରୀଙ୍କୁ ସାଇବର ଅପରାଧ, ଅନଲାଇନ ଠକେଇ ଭଳି ଅପରାଧର ଶୀକାର ହେବାକୁ ପଡୁଛି। ଏହି ଅପରାଧକୁ ରୋକିବା ପାଇଁ ଆମ ସରକାର ସବୁବେଳେ ଗୁରୁତ୍ୱ ଦେଉଛନ୍ତି ଏବଂ ଏଥିପାଇଁ ଆମ ସରକାର ସାଇବର ପୁଲିସଙ୍କୁ ଶକ୍ତିଶାଳୀ କରିବା, ସଚେତନତା ବୃଦ୍ଧି କରିବା ଓ ସୁରକ୍ଷିତ ଡିଜିଟାଲ ପରିବେଶ ଗଠନ କରିବା ଭଳି ପଦକ୍ଷେପମାନ ଗ୍ରହଣ କରିଛନ୍ତି। କିନ୍ତୁ ଅଧିକାଂଶ ସାଇବର ଠକାମୀର ପ୍ରମୁଖ କାରଣ ହେଉଛି ସଚେତନତାର ଅଭାବ। ଏଥିପାଇଁ ଅନଲାଇନ, ଡିଜିଟାଲ ଓ ଇଣ୍ଟରନେଟ୍ ବ୍ୟବହାରକାରୀଙ୍କୁ ସତର୍କ ରହିବାକୁ ପଡିବ, ସଚେତନ ହେବାକୁ ପଡିବ। ଜନସାଧାରଣଙ୍କୁ ସଚେତନ କରିବା ପାଇଁ ଓଡ଼ିଶା ପୁଲିସ ପକ୍ଷରୁ ଆଜିଠାରୁ ଏହି ସଚେତନତା ଅଭିଯାନ ଆରମ୍ଭ କରାଯାଇଛି। ସାଇବର ଠକେଇର ବିଭିନ୍ନ ଦିଗ ଉପରେ ଲୋକଙ୍କୁ ସଚେତନ କରାଯିବ। ସେଥିପାଇଁ ଏହି ଅଭିଯାନରେ ସମସ୍ତେ ସାମିଲ ହେବା ପାଇଁ ମୁଖ୍ୟମନ୍ତ୍ରୀ ଆହ୍ୱାନ କରିଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ୧୬ଟି ସଚେତନତା ରଥକୁ ପତକା ଦେଖାଇ ଶୁଭାରମ୍ଭ କରିଥିଲେ। ଏହି ରଥଗୁଡିକ ନୂଆପଡା ଜିଲ୍ଲାକୁ ଛାଡି ରାଜ୍ୟର ଅନ୍ୟ ସମସ୍ତ ଜିଲ୍ଲାରେ ଏକ ମାସ ଧରି ଲୋକଙ୍କୁ ସଚେତନ କରାଇବ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ଉପସ୍ଥିତ ଅତିଥି, ସରକାରୀ ଅଧିକାରୀ ଓ ଛାତ୍ରଛାତ୍ରୀମାନଙ୍କୁ ସାଇବର ସୁରକ୍ଷା ସମ୍ପର୍କିତ ଏକ ଶପଥ ପାଠ କରାଇଥିଲେ। କାର୍ଯ୍ୟକ୍ରମରେ ମୁଖ୍ୟ ସଚିବ ମନୋଜ ଆହୁଜା, ପୁଲିସ ମହାନିର୍ଦ୍ଦେଶକ ୱାଇ.ବି ଖୁରାନିଆ ପ୍ରମୁଖ ବକ୍ତବ୍ୟ ରଖିଥିଲେ। କ୍ରାଇମବ୍ରାଞ୍ଚ ମହାନିର୍ଦ୍ଦେଶକ ବିନୟତୋଷ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

**ମୁଗୁପୁର ୪ ଭାଇଙ୍କୁ ହତ୍ୟା ମାମଲା**

# ଦୁଇ ଜଣଙ୍କୁ ଆଜୀବନ

ଆନନ୍ଦପୁର, ୧୮।୧୦(ସମିସ): କେନ୍ଦୁଝର ଜିଲ୍ଲା ଆନନ୍ଦପୁର ଥାନା ଅନ୍ତର୍ଗତ ମୁଗୁପୁର ଗ୍ରାମର ବହୁଚର୍ଚ୍ଚିତ ଚାରି ଭାଇଙ୍କୁ ହତ୍ୟା ମାମଲାର ବିଚାର କରି ଆନନ୍ଦପୁର ଅତିରିକ୍ତ ଜିଲ୍ଲା ଦୌରାଜଜ୍ ଦେବଦତ୍ତ ଦାସମହାପାତ୍ର ଦୁଇଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହ ଆଜୀବନ ଜେଲ୍ ଓ ୧ଲକ୍ଷ ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ହେଲେ ଅଧିକ ୨ବର୍ଷ ଜେଲ୍ ଦଣ୍ଡ ଭୋଗିବାକୁ ରାୟରେ ନିର୍ଦ୍ଦେଶ ରହିଛି। ଆସାମୀଦ୍ୱୟ ହେଲେ, ଦାମୋଦର ଓଝା(୪୯) ଓ ଧନେଶ୍ୱର ଓଝା(୫୨)। ସେହିପରି ଉପଯୁକ୍ତ ସାକ୍ଷ୍ୟପ୍ରମାଣ ଅଭାବରୁ ଏହି ମାମଲାରେ ଅନ୍ୟ ଚାରି ଅଭିଯୁକ୍ତଙ୍କୁ କୋର୍ଟ ନିର୍ଦ୍ଦୋଷରେ ଖଲାସ କରିଥିବା ଜଣାଯାଇଛି।

ଗତ ୨୦୦୨ ମସିହାରେ ଏହି ବର୍ବରୋଚିତ ହତ୍ୟାକାଣ୍ଡ ଘଟିଥିଲା। ମୁଗୁପୁରର ୪ ଭାଇଙ୍କୁ ଗାଁ ଦାଣ୍ଡରେ ଗୋଡ଼ାଇ ଗୋଡ଼ାଇ ଅତି ବୀଭତ୍ସ ଭାବେ ହତ୍ୟା କରାଯାଇଥିଲା। ଏହି ହତ୍ୟାକାଣ୍ଡ ସମ୍ପର୍କରେ ସାନଭାଇ ମାଧବାନନ୍ଦ ଦଳେଇ ଆନନ୍ଦପୁର ଥାନାରେ ଅଭିଯୋଗ କରିବା ପରେ ପୁଲିସ ଘଟଣାର ତଦନ୍ତ କରି ଅଭିଯୁକ୍ତମାନଙ୍କୁ ଗିରଫ କରିଥିଲା। ଆନନ୍ଦପୁରର ଅତିରିକ୍ତ ସରକାରୀ ଆଇନଜୀବୀ ସୌମିତ୍ରୀ କୁମାର ରାଉତ ଓ ସ୍ୱତନ୍ତ୍ର ସରକାରୀ ଓକିଲ ବାଇଧର ସେଠୀ ମାମଲା ପରିଚାଳନା କରୁଥିଲେ।

■ ଦ୍ୱାରାଶୁଣି ଘାଟିରେ ପୁଣି ଅଘଟଣ

# କାର୍ ଉପରେ ଓଲଟି ପଡ଼ିଲା ବସ୍

ବାରିପଦା, ୧୮।୧୦ (ସମିସ): ମୟୂରଭଞ୍ଜ ଜିଲ୍ଲା ୪୯ ନଂ ଜାତୀୟ ରାଜପଥର ବାଙ୍ଗିରିପୋଷି ନିକଟ ଦ୍ୱାରାଶୁଣି ଘାଟିରେ ଶୁକ୍ରବାର ଅପରାହ୍ଣରେ ଏକ ଚଳନ୍ତା କାର୍ ଉପରେ ଏକ ଯାତ୍ରୀବାହୀ ବସ୍ ଓଲଟି ପଡ଼ିଛି। ଏଥିରେ କାର୍ ଚାଳକଙ୍କ ସମେତ ୮ ଜଣ ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୨ଜଣଙ୍କ ଅବସ୍ଥା ଗୁରୁତର ରହିଛି। ଅଗ୍ନିଶମବାହିନୀ ସହାୟତାରେ ବାଙ୍ଗିରିପୋଷି ପୁଲିସ ଆହତମାନଙ୍କୁ ପ୍ରଥମେ ବାଙ୍ଗିରିପୋଷି ହସ୍ପିଟାଲରେ ଭର୍ତ୍ତି କରାଇଥିଲା। ପରେ ସେଠାରୁ ୨ ଗୁରୁତରଙ୍କୁ ବାରିପଦା ପିଆର୍‌ଏମ୍ ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଛି। ପୁଲିସ ଏକ ଦୁର୍ଘଟଣାଜନିତ ମାମଲା ରୁଜୁ କରିବା ସହ ଦୁର୍ଘଟଣାଗ୍ରସ୍ତ ବସ୍ ଓ କାର୍‌କୁ ଜବତ କରିଛି। ସୂଚନାନୁଯାୟୀ, ଦ୍ୱାରାଶୁଣି ଘାଟି ରାସ୍ତା ସମ୍ପ୍ରସାରଣ କାର୍ଯ୍ୟ ପାଇଁ କିଛି ଦିନ ହେବ ଟ୍ରାଫିକ ଜାମ ଲାଗି ରହିଛି। ଶନିବାର ଅପରାହ୍ଣରେ ଶ୍ରୀ ଗଣେଶ ନାମକ ଯାତ୍ରୀବାହୀ ବସ୍ ଟିରିଂରୁ ବାରିପଦା ଅଭିମୁଖେ ଆସୁଥିଲା। ଘାଟି ରାସ୍ତାରେ ବସ୍‌ଟି ଭାରସାମ୍ୟ ହରାଇ ରାସ୍ତାକଡ଼କୁ ମାଡ଼ିଯାଇ ପାହାଡ଼ ସହ ଧକ୍କା ହୋଇ ଚଳନ୍ତା କାର୍ ଉପରେ ଓଲଟି ପଡ଼ିଥିଲା। କାର୍ ଭିତରେ ଚାଳକ ଦେବବ୍ରତ ମହାପାତ୍ର ଓ ମୁକେଶ ବିଶ୍ୱାଳ ଥିଲେ। ଦୁହେଁ ଏକ ଔଷଧ କମ୍ପାନୀର ପ୍ରତିନିଧି। ରାଇରଙ୍ଗପୁରରୁ କାମ ସାରି ସେମାନେ ବାଲେଶ୍ୱର ଫେରୁଥିବା ବେଳେ ଏହି ଅଘଟଣ ଘଟିଥଲା।

# ଜଳପ୍ରପାତରେ ବୁଡ଼ି ଇଞ୍ଜିନିୟରିଂ ଛାତ୍ର ମୃତ

ବାରିପଦା,୧୮।୧୦(ସମିସ): ମୟୂରଭଞ୍ଜ ଜିଲ୍ଲା ଶିମିଳିପାଳ ପାଦଦେଶ ଖୁଣ୍ଟା ଥାନା ଭୋଲଗଡ଼ିଆ ପଞ୍ଚାୟତ ଅଧୀନରେ ଥିବା ଟୁଙ୍କି ଜଳପ୍ରପାତରେ ବୁଡ଼ି ଜଣେ ଇଞ୍ଜିନିୟରିଂ ଛାତ୍ରଙ୍କର ମୃତ୍ୟୁ ଘଟିଛି। ମୃତ ଛାତ୍ର ହେଲେ, ମୁର୍ଗାବାଡିର ଅମିତ କୁମାର ପାତ୍ରଙ୍କ ପୁଅ ସୌମିତ(୧୮)। ସେ ବାରିପଦାର ଏକ ଘରୋଇ ଇଞ୍ଜିନିୟରିଂ କଲେଜର ଦ୍ୱିତୀୟବର୍ଷ ଛାତ୍ର।

ଶନିବାର ସୌମିତ ତାଙ୍କ ସାଙ୍ଗ ଭଞ୍ଜପୁର ଅଞ୍ଚଳର ସଚ୍ଚିଦାନନ୍ଦ କର ସ୍କୁଟିରେ ଟୁଙ୍କି ଜଳପ୍ରପାତ ବୁଲି ଯାଇଥିଲେ। ପହଁରା ଜାଣିନଥିବା ସୌମିତ ମଧ୍ୟାହ୍ନରେ ରିଲ୍ କରିବା ବେଳେ ଜଳପ୍ରପାତ କୁଣ୍ଡରେ ବୁଡି ଯାଇଥିଲେ। ୧୦ ଫୁଟ୍ ଗଭୀରରୁ ଖୁଣ୍ଟା ଦମକଳ ବାହିନୀ ସୌମିତଙ୍କୁ ଉଦ୍ଧାର କରି ଖୁଣ୍ଟା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଖୁଣ୍ଟା ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

ମୟୂରଭଞ୍ଜ ଜିଲ୍ଲାର ବିଭିନ୍ନ ଜଳପ୍ରପାତ ଓ ଝରଣାରେ ପ୍ରତିବର୍ଷ ଏକାଧିକ ଯୁବକଙ୍କ ଏପରି ମୃତ୍ୟୁ ଘଟୁଥିବା ବେଳେ ସମ୍ପୃକ୍ତ ଅଞ୍ଚଳରେ ସତର୍କ ସୂଚନା ବା ସଚେତନତା ବାର୍ତ୍ତା, ଗାଇଡଲାଇନ୍ ଅବଲମ୍ବନ ଜରୁରୀ ହୋଇପଡ଼ିଛି।

# ମାଓନେତା ସବ୍ୟସାଚୀ ଆଉଏକ ମାମଲାରେ ନିର୍ଦ୍ଦୋଷରେ ଖଲାସ

ଗୁଣପୁର, ୧୮।୧୦ (ସମିସ): ରାୟଗଡ଼ା ଜିଲ୍ଲା ଗୁଡ଼ାରୀ ଥାନା ଅନ୍ତର୍ଗତ ଡିମିରିଗୁଡ଼ା ଅଞ୍ଚଳରୁ ବିଭିନ୍ନ ଲୋକଙ୍କ ଜମିରୁ ଧାନ ଜୋରଜବରଦସ୍ତ କାଟି ନେବା ମାମଲାରେ ମାଓ ନେତା ସବ୍ୟସାଚୀ ପଣ୍ଡା ନିର୍ଦୋଷରେ ଖଲାସ ହୋଇଛନ୍ତି। ଅତିରିକ୍ତ ଜିଲ୍ଲା ଦୌରାଜଜ୍ ଶନିବାର ଏହି ମାମଲାର ରାୟ ଶୁଣାଇଛନ୍ତି। ଏହି ମାମଲାରେ ୨୨ ଜଣଙ୍କ ସାକ୍ଷ୍ୟ ଗ୍ରହଣ କରାଯାଇଥିଲା। ସମସ୍ତ ସାକ୍ଷ୍ୟ ପ୍ରମାଣକୁ ଭିତ୍ତି କରି କୋର୍ଟ ଏହି ରାୟ ଶୁଣାଇଥିଲେ। ୨୦୦୧ ମସିହା ନଭେମ୍ବର ୧୧ରେ ଗୁଡ଼ାରୀ ଥାନା ଅଧୀନ ଡିମିରିଗୁଡ଼ା ଅଞ୍ଚଳର ୩ଜଣ ବ୍ୟକ୍ତିଙ୍କ ଧାନ ଜମିରୁ ଗ୍ରାମବାସୀ ଓ ମାଓବାଦୀ ଜୋରଜବରଦସ୍ତ ଧାନ ନେବା ନେଇ ଅଭିଯୋଗ ହୋଇଥିଲା। ଉକ୍ତ ମାମଲାରେ ମାଓନେତା ସବ୍ୟସାଚୀଙ୍କ ସମ୍ପୃକ୍ତି ଥିବା ନେଇ ଅଭିଯୋଗ ହୋଇ ଗୁଡ଼ାରୀ ଥାନାରେ ମାମଲା ରୁଜୁ ହୋଇଥିଲା। ଉକ୍ତ ମାମଲାର ବିଚାର କରି ଅଦାଲତ ମାଓନେତା ସବ୍ୟସାଚୀ ପଣ୍ଡାଙ୍କୁ ନିର୍ଦ୍ଦୋଷରେ ଖଲାସ କରିଥିବା ସବ୍ୟସାଚୀଙ୍କ ଓକିଲ ବ୍ରହ୍ମାନନ୍ଦ ପଟ୍ଟନାୟକ କହିଛନ୍ତି।

# କାର୍ତ୍ତିକ ପରେ ରତ୍ନ ଅଳଙ୍କାର ଗଣତିମଣତି

## କାର୍ତ୍ତିକ ସରିବାର ୧୫ ଦିନ ପରେ ପରୀକ୍ଷାମୂଳକ ଧାଡ଼ି ଦର୍ଶନ

ପୁରୀ, ୧୮।୧୦ (ସମିସ): ମହାପ୍ରଭୁଙ୍କ ରତ୍ନ ଅଳଙ୍କାର ଗଣତିମଣତି କାର୍ତ୍ତିକ ମାସ ପରେ କରାଯିବ। ରତ୍ନଭଣ୍ଡାରର ମରାମତି ଶେଷ ହୋଇ ଅଳଙ୍କାର ମୂଳ ରତ୍ନଭଣ୍ଡାରକୁ ଫେରିଛି। ଏବେ କାର୍ତ୍ତିକ ମାସ ଯୋଗୁଁ ଅନେକ ସ୍ୱତନ୍ତ୍ର ନୀତିକାନ୍ତି ସହ ଭକ୍ତଙ୍କ ଭିଡ଼ ରହିଛି। ତେଣୁ କାର୍ତ୍ତିକ ପରେ ଗଣତିମଣତି କରାଯିବ ବୋଲି ଆଇନ ମନ୍ତ୍ରୀ ପୃଥ୍ୱୀରାଜ ସୂଚନା ଦେଇଛନ୍ତି। ଶନିବାର ଆଇନ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ଏକ କାର୍ଯ୍ୟକ୍ରମରେ ଯୋଗଦେବାକୁ ଆସିଥିବା ବେଳେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ଏପରି କହିଛନ୍ତି। ସେହିପରି ଧାଡ଼ି ଦର୍ଶନ ସଂପର୍କରେ ସେ କହିଛନ୍ତି ଯେ କାର୍ତ୍ତିକ ମାସ ଶେଷ ହେବାର ପନ୍ଦର ଦିନ ପରେ ଶ୍ରୀମନ୍ଦିରରେ ଧାଡ଼ି ଦର୍ଶନ ବ୍ୟବସ୍ଥା ପ୍ରଥମେ ପରୀକ୍ଷାମୂଳକ ଭାବେ ଆରମ୍ଭ କରାଯିବ। ଏବେ କାର୍ତ୍ତିକ ମାସ ଚାଲିଥିବାରୁ ଶ୍ରୀମନ୍ଦିରରେ ଭକ୍ତଙ୍କ ପ୍ରବଳ ଭିଡ଼ ହେଉଛି। ତେଣୁ କାର୍ତ୍ତିକ ମାସ ପରେ ଏହା ଆରମ୍ଭ ହେବ।

ସୂଚନାଯୋଗ୍ୟ, ମହାପ୍ରଭୁଙ୍କ ରତ୍ନଅଳଙ୍କାର ଗଣତିମଣତିକୁ ନେଇ ସରକାରଙ୍କୁ ତୀବ୍ର ସମାଲୋଚନାର ଶିକାର ହେବାକୁ ପଡୁଛି। ରତ୍ନଭଣ୍ଡାର ମରାମତି ପାଇଁ ବାହାରକୁ ରତ୍ନ ଅଳଙ୍କାର ସ୍ଥାନାନ୍ତର କରାଯାଇଥିଲା। ସେତେବେଳେ ବି ଗଣତିମଣତି କରାଯାଇ ପାରିଥାଆନ୍ତା। ହେଲେ ତାହା କରାଗଲା ନାହିଁ। ଅସ୍ଥାୟୀ ରତ୍ନଭଣ୍ଡାର ବା ଷ୍ଟ୍ରଙ୍ଗ୍‌ରୁମ୍‌ରେ ରତ୍ନ ଅଳଙ୍କାର ରହିବା ପରେ ଉଭୟ ଭିତର ଓ ବାହାର ଭଣ୍ଡାର ଘର ମରାମତି ହୋଇଥିଲା। ମରାମତି ଶେଷ ହେବା ପରେ ପୁନଶ୍ଚ ଅସ୍ଥାୟୀ ଭଣ୍ଡାରଘରୁ ରତ୍ନ ଅଳଙ୍କାର ସ୍ଥାୟୀ ରତ୍ନଭଣ୍ଡାରକୁ ସ୍ଥାନାନ୍ତର କରାଯାଇଛି। ସେତେବେଳେ ମଧ୍ୟ ଗଣତିମଣତି କରାଯାଇ ଏହାକୁ ସୁରକ୍ଷିତ ଭାବେ ରଖାଯାଇ ପାରିଥାଆନ୍ତା। ହେଲେ ତାହା ମଧ୍ୟ କରାଗଲା ନାହିଁ। ଏଥିପାଇଁ ରାଜ୍ୟ ସରକାରଙ୍କୁ ବିରୋଧୀ, ଏପରିକି ଶ୍ରଦ୍ଧାଳୁମାନେ ମଧ୍ୟ ପ୍ରଶ୍ନ କରୁଛନ୍ତି। ଏପରିସ୍ଥଳେ ମନ୍ତ୍ରୀଙ୍କ ଆଜିର ଘୋଷଣାକୁ ନେଇ ଚର୍ଚ୍ଚା ଆରମ୍ଭ ହୋଇଛି।

ସେହିପରି ମନ୍ତ୍ରୀଙ୍କ ଧାଡ଼ି ଦର୍ଶନ ବ୍ୟବସ୍ଥା ସଂପର୍କରେ ଘୋଷଣା ନୂଆ ଚର୍ଚ୍ଚାକୁ ଖୋରାକ୍ ଯୋଗାଇଛି। କାରଣ ପୂର୍ବରୁ ଶ୍ରୀମନ୍ଦିରରେ ଧାଡ଼ି ଦର୍ଶନ ବ୍ୟବସ୍ଥାକୁ ନେଇ ତାରିଖ ପରେ ତାରିଖ ଦିଆଯାଇଛି। ଆଇନ ମନ୍ତ୍ରୀ, ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଏବଂ ଜିଲ୍ଲାପାଳ ବିଭିନ୍ନ ତାରିଖକୁ ନେଇ ଗଣମାଧ୍ୟମ ସମ୍ମୁଖରେ ମତ ରଖିଛନ୍ତି। ହେଲେ, ଏ ପର୍ଯ୍ୟନ୍ତ ଧାଡ଼ି ଦର୍ଶନ ବ୍ୟବସ୍ଥାକୁ ନେଇ ଅନ୍ଧାରରେ ଅଛନ୍ତି ଭକ୍ତ ଓ ସେବାୟତ। ଶୃଙ୍ଖଳିତ ଦର୍ଶନ ପାଇଁ ପ୍ରଶାସନ ଏହି ବ୍ୟବସ୍ଥା ଲାଗୁ କରିବାକୁ ଯାଉଥିବା କହୁଥିବା ବେଳେ ବାସ୍ତବରେ ଏହା କେତେଦୂର ଫଳପ୍ରଦ ହେବ, ତାହା ସମୟ କହିବ।




# ସାଂସଦ ଖେଳ ମହୋତ୍ସବ ଲାଗି ପ୍ରଶାସନର ପ୍ରସ୍ତୁତି



ଛତ୍ରପୁର,୧୮ ।୧୦(ସମିସ): ଛତ୍ରପୁର ସ୍ଥିତ ଜିଲ୍ଲାପାଳଙ୍କ ଓସ୍ୱାନ ହଲରେ ତିନୋଟି ସଂସଦୀୟ କ୍ଷେତ୍ର ଯଥା ବ୍ରହ୍ମପୁର, ଆସିକା ଓ କନ୍ଧମାଳ ସଂସଦୀୟ କ୍ଷେତ୍ରରେ ସାଂସଦ ଖେଳ ମହୋତ୍ସବ ପାଇଁ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଗଞ୍ଜାମ ଜିଲ୍ଲାପାଳ ଭି. କିର୍ତି ଭାସନ ଅଧ୍ୟକ୍ଷତା କରିଥିଲେ । ଆଭାସୀ ଦ୍ୱାରା ବ୍ରହ୍ମପୁର ସାଂସଦ ଡ. ପ୍ରଦୀପ କୁମାର ପାଣିଗ୍ରାହୀ, ଆସିକା ସାଂସଦ ଅନିତା ଶୁଭଦର୍ଶିନି, ସୁକାନ୍ତ କୁମାର ପାଣିଗ୍ରାହୀ ଯୋଗ ଦେଇଥିଲେ ।

କନିଷ୍ଠ ବର୍ଗ ୧୨ ବର୍ଷରୁ ୧୬ ବର୍ଷ ଏବଂ ବରିଷ୍ଠ ବର୍ଗ ୧୭ ବର୍ଷରୁ ୨୪ ବର୍ଷ ଏହିପରି ବାଳକ ଓ ବାଳିକାମାନେ ଭାଗ ନେଇପାରିବେ । ପ୍ରାୟ ୧୦ଟି ବିଭାଗରେ ଏହି ଖେଳ ପ୍ରତିଯୋଗିତା ଅନୁଷ୍ଠିତ ହେବ । ଅନଲାଇନ ମାଧ୍ୟମରେ ଖେଳାଳି ନାମ ପଞ୍ଜୀକରଣ କରିଥିବା ପ୍ରଶାସନ ପକ୍ଷରୁ କୁହାଯାଇଛି । ବ୍ରହ୍ମପୁର ସଂସଦୀୟ କ୍ଷେତ୍ରରେ ୧୨ ହଜାର ୭୫୩ ଜଣ, ଆସିକା ସଂସଦୀୟ କ୍ଷେତ୍ରରେ ୯୩୮୦ ଓ କନ୍ଧମାଳ ସଂସଦୀୟ କ୍ଷେତ୍ରରେ ୨୨ ହଜାରୁ ଉର୍ଦ୍ଧ୍ୱ ପ୍ରତିଯୋଗୀ ନାମ ପଞ୍ଜୀକରଣ କରିଥିବା କୁହାଯାଇଛି । ଆସନ୍ତା ୧୫ ନଭେମ୍ବରରେ ପ୍ରତି ବ୍ଲକ ସ୍ତରରେ ଓ ମହାନଗରରେ ଏହି କ୍ରୀଡା ପ୍ରତିଯୋଗିତା ଅନୁଷ୍ଠିତ ହେବ । ଯେଉଁମାନେ ପ୍ରଥମ ସ୍ଥାନ ଅଧିକାର କରିଛନ୍ତି ସେମାନେ ପ୍ରତି ନିର୍ବାଚନୀ ମଣ୍ଡଳୀ ପ୍ରତିଯୋଗିତାରେ ଅଂଶ ଗ୍ରହଣ କରିବେ ।

ଡିସେମ୍ବର ୨୫ ପୂର୍ବତନ ପ୍ରଧାନମନ୍ତ୍ରୀ ଅଟଳ ବିହାରୀ ବାଜପେୟୀଙ୍କ ଜନ୍ମବାର୍ଷିକୀ ଦିନ ଏହି ପ୍ରତିଯୋଗିତା ଶେଷ ହେବ । ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଗଞ୍ଜାମ ଅତିରିକ୍ତ ଜିଲ୍ଲାପାଳ ଦେବବ୍ରତ ପଣ୍ଡା, ସୁନିଲ କୁମାର କେର୍କେଟା, କ୍ରୀଡା ଅଧିକାରୀ ସୁଦାମ ସ୍ୱାଇଁ, ଅରୁନ ପଟ୍ଟନାୟକ, ଅସିତ ଶତପଥି, ବିକ୍ରମ ପଣ୍ଡା, ଦିପ୍ତୀଶ ପଟ୍ଟନାୟକ, ଜେ.କାମେଶ୍ୱର ରାଓ, ଅକ୍ଷୟ ପଟ୍ଟନାୟକ, କାଳୁଚରଣ ସାହୁ ପ୍ରମୁଖ ଉପସ୍ଥିତ ଥିଲେ ।

# ବିଏମ୍‌ସି ପକ୍ଷରୁ ମିଠା ଦୋକାନରେ ଚଢ଼ଉ

## ୧ ଲକ୍ଷ ୨ ହଜାର ଟଙ୍କା ଜରିମାନା ଆଦାୟ

## ମାନ ପରୀକ୍ଷା ପାଇଁ ୫୦ ନମୁନା ସଂଗ୍ରହ



ବ୍ରହ୍ମପୁର,୧୮ ।୧୦(ସମିସ)

ଦିନକ ପରେ ଦୀପାବଳି । ମିଠା କିଣିବାକୁ ବିଭିନ୍ନ ଦୋକାନରେ ଏବେଠୁ ଜମିଲାଣି ଅସମ୍ଭାଳ ଭିଡ଼ । ଏହାକୁ ଦୃଷ୍ଟିରେ ରଖି ଅସାଧୁ ବ୍ୟବସାୟୀ ନିମ୍ନମାନର ଓ ଅପମିଶ୍ରିତ ମିଠା ପ୍ରସ୍ତୁତ କରି ଗ୍ରାହକଙ୍କୁ ଠକୁଛନ୍ତି । ଏହି ଅବସରରେ ବିଏମ୍‌ସି କମିସନର ପ୍ରଥମେଶ ଅରବିନ୍ଦ ରଜେସିର୍କେଙ୍କ ନିର୍ଦ୍ଦେଶ କ୍ରମେ ସହରର ସମସ୍ତ ମିଷ୍ଟାନ୍ନ ଦୋକାନରେ ଖାଦ୍ୟର ମାନ ଯାଞ୍ଚ କରାଯାଇଛି । ଚଢ଼ଉରେ ଭୁବନେଶ୍ୱରରୁ ଆସିଥିବା ଭ୍ରାମ୍ୟମାଣ ଖାଦ୍ୟ ପରୀକ୍ଷା ୟୁନିଟ ସାମିଲ ହୋଇଥିଲା । ସହରର ବଡ଼ବଜାର, ସାନବଜାର, ଗିରିଜା ଛକ, ଟାଟାବେଞ୍ଚ ଛକ, କମାପଲ୍ଲୀ, ଗେଟ୍ ବଜାର ଓ ସେଲଟ୍ୟାଙ୍କ ଛକ ଓ ଇଞ୍ଜିନିୟରିଂ ସ୍କୁଲ ଛକ ଆଦି ସ୍ଥାନରେ ପ୍ରାୟ ୩୦ରୁ ଅଧିକ୍ ମିଠା ଦୋକାନରେ ଚଢ଼ଉ କରାଯାଇଥିଲା । ପ୍ରାୟ ୫୦ଟି ନମୁନା ସଂଗ୍ରହ କରି ପରୀକ୍ଷା ପାଇଁ ପଠାଯାଇଥିବା ବେଳେ ବିଭିନ୍ନ ଦୋକାନରୁ ୧ଲକ୍ଷ ୨ହଜାର ଟଙ୍କା ଜରିମାନା ଆଦାୟ କରଯାଇଛି । ଏଭଳି ଚଢ଼ଉ ଓ ମାନ ଯାଞ୍ଚ ଆଗକୁ ଜାରି ରହିବ । ଚଢ଼ଉରେ ସ୍ମିତା ଖାଡଙ୍ଗା, ଲିଜା ମିଶ୍ର, ସତ୍ୟଜିତ୍ ବେହେରାଙ୍କ ସହ ପୁଲିସ ଟିମ୍ ସାମିଲ ହୋଇଥିଲେ ।

# ବିପୁଳ ପରିମାଣର ବାଣ ଜବତ



ଖଲ୍ଲିକୋଟ,୧୮ ।୧୦(ସମିସ): ଖଲ୍ଲିକୋଟ ପୁଲିସ ଶ୍ୟାମସୁନ୍ଦରପୁର ଗାଁରେ ଚଢ଼ଉ କରି ଭିନ୍ନ ଭିନ୍ନ ଘରୁ ବିପୁଳ ପରିମାଣର ବାନ୍ସହ ବାଣ ତିଆରି ସାମଗ୍ରୀ ଜବତ କରିବା ସହିତ ବାରୁଦରେ ପାଣି ଢାଳି ନଷ୍ଟ କରିଦେଇଛି । ପ୍ରତିବର୍ଷ ଦୀପାବଳି ସମୟରେ ଖଲ୍ଲିକୋଟ ଏନ୍ଏସି ଅନ୍ତର୍ଗତ ଶ୍ୟାମସୁନ୍ଦରପୁର ଗ୍ରାମରେ ଘରେ ଘରେ ବାଣ ପ୍ରସ୍ତୁତି କରି ବିକ୍ରି କରାଯାଏ । ଗତ ୩/୪ ବର୍ଷ ତଳେ ଏହି ଗ୍ରାମରେ ବାଣ ପ୍ରସ୍ତୁତି ବେଳେ ବିସ୍ଫୋରଣ ହୋଇ କିଛି ଯୁବକ ଗୁରୁତର ଆହତ ହୋଇଥିଲେ । ତେବେ ଶନିବାର ଖଲ୍ଲିକୋଟ ଥାନା ଅଧିକାରୀ ରମେଶ କୁମାର ପ୍ରଧାନଙ୍କ ନେତୃତ୍ୱରେ ଦୁଇଟି ଟିମ୍ ଶ୍ୟାମସୁନ୍ଦରପୁରର ଦୁଇଟି ସାହିରେ ଏକାବେଳେ ଚଢ଼ଉ କରିଥିଲେ । ବିଭିନ୍ନ ଘରେ ଚଢ଼ଉ ବେଳେ ତାଳପତ୍ର ଓ ପ୍ରସ୍ତୁତି ହୋଇ ରହିଥିବା ବାଣ ସହିତ ବାଣ ତିଆରି ସାମଗ୍ରୀ ଜବତ କରିବା ସହିତ ଉଚ୍ଚ ଦହନଶୀଳ ବାରୁଦ, ମଣିଶିଳା ଗୁଡିକୁ ଜବତ କରିଥିଲେ । ଶ୍ୟାମସୁନ୍ଦରପୁର ଗାଁର ରାଜେନ୍ଦ୍ର ନାହାକଙ୍କ ଘରୁ ବାଣ ପ୍ରସ୍ତୁତି ସାମଗ୍ରୀ ସହିତ ବିସ୍ଫୋରକ ଦ୍ରବ୍ୟ ଜବତ କରିବା ବେଳେ ଘରର ମୁଖ୍ୟ କବାଟ ନ ଖୋଲିବା ହେତୁ ପୁଲିସକୁ ଅଧଘଣ୍ଟା ନାକେଦମ୍ ହେବାକୁ ପଡିଥିଲା । ରାଜେନ୍ଦ୍ର ଜଣେ ଦିବ୍ୟାଙ୍ଗ ହୋଇଥିବାରୁ ପୁଲିସ ବାଣ ପ୍ରସ୍ତୁତି ନ କରିବା ପାଇଁ ତାଗିଦ କରିଥିଲେ ।

**ସାନଖେମୁଣ୍ଡି:** ବେଆଇନ ବାଣ ଗୋଦାମ ଉପରେ ଚଢ଼ଉ କରି ଲକ୍ଷାଧିକ ଟଙ୍କାର ବାଣ ଜବତ ସହ ଜଣଙ୍କୁ ଗିରଫ କରିଛି ପାଟପୁର ପୁଲିସ । ଅଭିଯୁକ୍ତ ଜଣଙ୍କ ହେଲେ ପାଟପୁର ଥାନା ସିଙ୍ଗିପୁର ଗ୍ରାମର ଶିବରାମ ସାହୁ । ଶନିବାର ପୁଲିସ ସିଙ୍ଗିପୁର ଗ୍ରାମରେ ବେଆଇନ ଭାବେ ବାଣ ଗଚ୍ଛିତ ଥିବା ଏକ ଗୋଦାମ ଘରେ ଚଢ଼ଉ କରିଥିଲା । ଚଢ଼ଉ ବେଳେ ବିପୁଳ ପରିମାଣର ବାଣ ଜବତ କରିଥିଲା । ଏଥିସହ ପାଟପୁର ପୁଲିସ ଏକ ମାମଲା ରୁଜୁ କରିଛି । ଜବତ ବାଣର ଆନୁମାନିକ ମୂଲ୍ୟ ପ୍ରାୟ ୨ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ହେବ । ଖବର ମିଳିଲେ ବେଆଇନ ବାଣ ଗୋଦାମ ଉପରେ ଆଗମୀ ଦିନରେ ଚଢ଼ଉ ଜୋରଦାର କରାଯିବ ବୋଲି ପାଟପୁର ଥାନା ଅଧିକାରୀ ଦୀପ୍ତି ରଞ୍ଜନ ବେହେରା କହିଛନ୍ତି ।



# ବୁକିଂର ୨୦ ଦିନ ପରେ ବି ମିଳୁନି ଗ୍ୟାସ୍

● ଡିପୋକୁ ଦୌଡ଼ି ଦୌଡ଼ି ନୟାନ୍ତ ଗ୍ରାହକ

ଛତ୍ରପୁର,୧୮ ।୧୦(ସମିସ): ରୋଷେଇ ପାଇଁ ଏଲ୍‌ପିଜି ଗ୍ୟାସ ଉପରେ ଅଧିକାଂଶ ନିର୍ଭରଶୀଳ । ଗ୍ୟାସ ନମିଳିଲେ ରୋଷେଇ ବନ୍ଦ । କିନ୍ତୁ ବିଡ଼ମ୍ବନାର ବିଷୟ ବୁକ୍ କରିବାର ୨୦ଦିନ ପରେ ବି ମିଳୁନି ସିଲିଣ୍ଡର । ଯାହାକୁ ନେଇ ବଢ଼ୁଛି ଅସନ୍ତୋଷ । ଛତ୍ରପୁରରେ ଗ୍ୟାସ ନେବାକୁ ଡିଲର ପାଖକୁ ଆସି ଖାଲିକ ହାତରେ ନିରାଶ ହୋଇ ଫେରୁଛନ୍ତି ଗ୍ରାହକ । ଯାହାକୁ ନେଇ ଲୋକଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବାରେ ଲାଗିଛି । ଶକ୍ତି ଏଣ୍ଟପ୍ରାଇଜର୍ସର ଜଣେ ଅଧିକାରୀ କହିଛନ୍ତି ୩ ମାସ ହେଲା ଏଭଳି ସମସ୍ୟା ରହିଛି । ସଠିକ ଭାବରେ ଲୋଡ଼ ଆସିନି ଲୋଡ଼ ଆସିଲେ ଆସ୍ତେ ଆସ୍ତେ ସମସ୍ୟାର ସମାଧାନ ହେବ । ଅନ୍ୟପଟେ ଆଗେ ବୁକିଂ କରିବା ଦିନେ ଦୁଇ ଦିନ ପରେ ଗ୍ୟାସ ମିଳୁଥିଲା, ବର୍ତ୍ତମାନ ଏଭଳି ସମସ୍ୟା ଯୋଗୁ ଲୋକେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ତେଣୁ ଜିଲ୍ଲା ପ୍ରଶାସନ ଏହା ଉପରେ ଦୃଷ୍ଟି ଦେବାକୁ ସିପିଆଇ ନେତା ନୀଳକଣ୍ଠ ଦାଶ, ଚାଷୀ ନେତା ସୀମାଞ୍ଚଳ ନାହାକ, କାଉନସିଲର ଦେବାଶିଷ ମିଶ୍ର ଓ ପ୍ରୀତିଛନ୍ଦା ସାମଲ, ଯୁବନେତା ଅଟଳ ବିହାରୀ ପଟ୍ଟନାୟକ ଦାବି କରିଛନ୍ତି ।

# ପୋଖରୀରେ ବୁଡ଼ି ବୃଦ୍ଧ ମୃତ

ଆସିକା,୧୮ ।୧୦(ସମିସ): ଆସିକା ଥାନା କର୍ପୁର ନୂଆଗାଁ ନିକଟରେ ଥିବା ପୋଖରୀରେ ବୁଡ଼ି ଜଣେ ବୃଦ୍ଧଙ୍କ ମୃତ୍ୟୁ ଘଟିଛି । ମୃତକ ହେଲେ କର୍ପୁର ନୂଆଗାଁର ସନ୍ୟାସୀ ଗୌଡ଼ (୬୫) । ସେ ଗାଁ ପୋଖରୀକୁ ଶୌଚ ପାଇଁ ଯାଇ ବୁଡି ଯାଇଥିଲେ । ଗ୍ରାମବାସୀ ଓ ପରିବାର ଲୋକେ ତାଙ୍କୁ ଉଦ୍ଧାର କରି ଆସିକା ଡାକ୍ତରଖାନାରେ ଭର୍ତ୍ତି କରିଥିଲେ ହେଁ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ । ପୁଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି । ଏଥିସହ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି ।

# ସ୍କୁଟିକୁ ପିଟିଲା ବାଇକ୍; ୨ ଗୁରୁତର

ଧରାକୋଟ,୧୮ ।୧୦(ସମିସ): ଧରାକୋଟ ଥାନା ଅନ୍ତର୍ଗତ ମୁଣ୍ଡମରାଇ ହନୁମାନ ଦ୍ୱାର ଗ୍ରାମ ମଧ୍ୟ ଭାଗରେ ସ୍କୁଟିକୁ ପଛପଟରୁ ଏକ ବାଇକ ଧକ୍କା ଦେବାରୁ ସ୍କୁଟି ଚାଳକ ଜାନିବିଲି ଗ୍ରାମର ବନମାଳୀ ଗୌଡ଼ (୬୫) ଗୁରୁତର ହୋଇଛନ୍ତି । ବନମାଳି ଅବସରପ୍ରାପ୍ତ ପୋଷ୍ଟମାଷ୍ଟର ହୋଇଥିବାରୁ ପେନସନ ଟଙ୍କା ଉଠାଇବାକୁ ସ୍କୁଟି ଧରି ମୁଣ୍ଡମରାଇ ଯାଇଥିଲେ । ସେଠାରୁ ନିଜ ଗ୍ରାମ ଜାନିବିଲିକୁ ଫେରିବା ବେଳେ ପଛପଟୁ ମୁଣ୍ଡମରାଇ ଗ୍ରାମର ଫକୀର ଗୌଡ଼ଙ୍କ ସହିତ ଆଉ ଦୁଇଜଣ ବାଇକ୍ ଆରୋହୀ ଦ୍ରୁତଗତିରେ ଆସି ଧକ୍କା ଦେଇଥିଲେ । ସ୍କୁଟି ଚାଳକ ବନମାଳୀ ଓ ବାଇକ୍ ଚାଳକ ଫକୀର ଆହତ ହୋଇଥିଲେ । ଦମକଳ ବାହିନୀ ଏବଂ ପୁଲିସ ପହଞ୍ଚି ଆହତମାନଙ୍କୁ ଧରାକୋଟ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆଣିଥିଲେ । ଫକୀର ସେଠାରେ ଚିକିତ୍ସାଧୀନ ଥିବାବେଳେ ବନମାଳୀଙ୍କ ଅବସ୍ଥା ଗୁରୁତର ହେବାରୁ ତାଙ୍କୁ ବ୍ରହ୍ମପୁର ବଡ଼ମେଡିକାଲକୁ ସ୍ଥାନାନ୍ତର କରାଯାଇଛି । ଅନ୍ୟପଟେ ପୁଲିସ ଦୁର୍ଘଟଣାଗ୍ରସ୍ତ ସ୍କୁଟି ଓ ବାଇକ୍‌କୁ ଜବତ କରିଥିବା ଜଣାପଡ଼ିଛି ।

# ହାତୀ ଉପଦ୍ରବ ରୋକିବାକୁ ତାଲିମ

ବୁଗୁଡ଼ା,୧୮ ।୧୦(ସମିସ): ବୁଗୁଡ଼ା ବନାଞ୍ଚଳ ଅନ୍ତର୍ଗତ ବାଘୁଆ ନର୍ସରୀ ପରିସରରେ ହାତୀ ସୁରକ୍ଷା ଏବଂ ହାତୀ ଉପଦ୍ରବରୁ ରକ୍ଷା ପାଇବାକୁ ଗଜସାଥୀ ଓ ଭିଏସ୍ଏସ୍ କର୍ମକର୍ତ୍ତାଙ୍କ ସକାଶେ ଏକ ତାଲିମ ଶିବିର ଅନୁଷ୍ଠିତ ହୋଇଯାଇଛି । ବୁଗୁଡ଼ା ବନାଞ୍ଚଳ ଅଧିକାରୀ ମାନସ କୁମାର ସାହୁଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଶିବିରରେ ୮ଟି ଭିଏସ୍ଏସ୍‌ର କର୍ମକର୍ତ୍ତା ଓ ୪୦ ଜଣ ଗଜ ସାଥି ଯୋଗଦେଇ ଥିଲେ । ବନାଞ୍ଚଳ ଅଧିକାରୀ ମାନସ କୁମାର ସାହୁଙ୍କ ସମେତ ବନପାଳ କ୍ଷୀରୋଦ କୁମାର ଗୌଡ଼, ସୁନିତା ପାତ୍ର, ସୁକାନ୍ତ କୁମାର ପଟ୍ଟନାୟକ ପ୍ରମୁଖ ଯୋଗଦେଇ ଜଙ୍ଗଲରେ ହାତୀ ମାନଙ୍କର ସୁରକ୍ଷା ଓ ଜଙ୍ଗଲ ଆଖପାଖ ଅଞ୍ଚଳରେ ହାତୀ ମାନଙ୍କର ଉପଦ୍ରବରୁ ଲୋକଙ୍କୁ କିପରି ସୁରକ୍ଷା ଦିଆଯିବ ସେ ବିଷୟରେ ଆଲୋଚନା କରିଥିଲେ ।

# ଶ୍ୟାମାକାଳୀଙ୍କ ପୂଜା ଲାଗି କଳସ ଯାତ୍ରା

ବେଲଗୁଣ୍ଠା,୧୮ ।୧୦(ସମିସ): ବେଲଗୁଣ୍ଠା ବ୍ଲକ୍ ଗୋବରା ମୁଖ୍ୟ ସଡ଼କ ପାର୍ଶ୍ୱରେ କପିଳେଶ୍ୱର ଯୁବକ ସଂଘ ତରଫରୁ ମା' ଶ୍ୟାମାକାଳୀଙ୍କ ପୂଜା ଅନୁଷ୍ଠିତ ହେବାକୁ ଯାଉଥିବା ବେଳେ ଶନିବାର କଳସ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି । ସନ୍ଧ୍ୟାରେ ଦେବୀଙ୍କ ସନ୍ଧ୍ୟା ପୂଜା, ଷୋଡ଼ଶ ଉପଚାର ପୂଜା, ମୃତ୍ୟୁଞ୍ଜୟ ପୂଜା, ମହା ଆଳତି, ପୁଷ୍ପାଞ୍ଜଳି, ପଦ୍ମ ଫୁଲ ଏବଂ ବେଲ ପତ୍ର ଅର୍ପଣ କରାଯାଇଥିଲା ଓ କଳସ ଶୋଭାଯାତ୍ରାରେ ଅଞ୍ଚଳର ବହୁ ମହିଳା ଅଂଶଗ୍ରହଣ କରି ବାସୁଦେବପୁର ଏବଂ ଗୋବରା ମୁଖ୍ୟ ସଡକ ପରିକ୍ରମା କରିଥିଲେ । ଗୋବରା ଏବଂ ବାସୁଦେବପୁର ସଂକୀର୍ତ୍ତନ ମଣ୍ଡଳୀ ଏବଂ ଗୋବରା ସଂକୀର୍ତ୍ତନ ମଣ୍ଡଳୀ ସମେତ ପାରମ୍ପରିକ ବାଦ୍ୟରେ ଅଞ୍ଚଳ ଦୁଲୁକି ଉଠିଥିଲା ।



# ନବୀନଙ୍କୁ ଭେଟିଲେ ପୂର୍ବତନ ବିଧାୟିକା



ଆସିକା,୧୮ ।୧୦(ସମିସ): ଆସିକା ବିଧାନସଭା ନିର୍ବାଚନ ମଣ୍ଡଳୀର ପୂର୍ବତନ ବିଧାୟିକା ମଞ୍ଜୁଳା ସ୍ୱାଇଁ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କୁ ସୌଜନ୍ୟ ମୂଳକ ସାକ୍ଷାତ କରିବା ସହ ଜନ୍ମ ଦିନର ଅଭିନନ୍ଦନ ଜଣାଇଛନ୍ତି । ଏଥିସହ ଆସିକା ବିଧାନସଭା ନିର୍ବାଚନ ମଣ୍ଡଳୀର ଜନ ସାଧାରଣଙ୍କ ବିଭିନ୍ନ ସମସ୍ୟା ନେଇ ଆଲୋଚନା କରିଥିଲେ । ଏହି ଅବସରରେ ଗଞ୍ଜାମ ଜୋନ୍ ଯୁବ ବିଜେଡି ସଭାପତି ନଚିକେତା ସ୍ୱାଇଁଙ୍କ ସମେତ ଅନ୍ୟାନ୍ୟ ବିଜେଡି ନେତା ଉପସ୍ଥିତ ଥିଲେ ।

# ଖଣ୍ଡା ବୁଲାଇ ବନ୍ଧାହେଲେ ଯୁବକ



ଦିଗପହଣ୍ଡି,୧୮ ।୧୦(ସମିସ): ଦିଗପହଣ୍ଡି ଥାନା ବଡ଼ଡୁମୁଲା ଗ୍ରାମରେ ଶୁକ୍ରବାର ରାତିରେ ସୁଶାନ୍ତ ଗୌଡ଼ ଓରଫ ମହାଙ୍କୁଡ଼ ଖଣ୍ଡା ଧରି 'ମୋ ପରିବାରକୁ ବରବାଦ କରିଥିବା ୩ ଜଣଙ୍କ ମୁଣ୍ଡ ଦିଗପହଣ୍ଡି ଥାନାରେ ଗଡ଼ିବ' ବୋଲି କହି ମୋବାଇଲରେ ଭିଡିଓ କରି ଏହାକୁ ଇନ୍‌ଷ୍ଟାରେ ପୋଷ୍ଟ କରିଥିଲେ । ଏହି ଭିଡ଼ିଓ ଭାଇରାଲ ପରେ ବ୍ରହ୍ମପୁର ଏସ୍‌ପି ଡ଼. ସର୍ବଣା ବିବେକ ଏମ୍ ଦେଖି ଦିଗପହଣ୍ଡି ଥାନା ଆଇଆଇସି ତଥା ଡିଏସ୍‌ପି ପ୍ରଶାନ୍ତ କୁମାର ପାତ୍ରଙ୍କୁ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ନିର୍ଦ୍ଦେଶ ଦେଇଥିଲେ । ଥାନା ଏସ୍ଆଇ ରାଜ କିଶୋର ପାତ୍ର ଏନେଇ ଏତଲା ଦେବାପରେ ଅଭିଯୁକ୍ତଙ୍କ ବିରୋଧରେ ମାମଲା ହୋଇଥିଲା । ତଦନ୍ତକାରୀ ଅଧିକାରୀ ଏଏସଆଇ ମନୋଜ ସିଂ ଶନିବାର ସକାଳେ ଅଭିଯୁକ୍ତଙ୍କୁ ଗିରଫ କରିବା ସହ ତାଙ୍କ ନିକଟରୁ ଖଣ୍ଡା ଓ ମୋବାଇଲ ଫୋନ୍ ଜବତ କରି କୋର୍ଟଚାଲାଣ କରିଛନ୍ତି । ଜାମିନ ଆବେଦନ ଖାରଜ ହେବାରୁ ଅଭିଯୁକ୍ତଙ୍କୁ ଦିଗପହଣ୍ଡି ସବ ଜେଲ ହାଜତକୁ ପଠାଇ ଦିଆଯାଇଛି ।

# ଗଞ୍ଜେଇ ଚୋରାଚାଲାଣ; ଯୁବକ ଗିରଫ

ଦିଗପହଣ୍ଡି,୧୮ ।୧୦(ସମିସ): ବେଆଇନ ଗଞ୍ଜେଇ ଚୋରାଚାଲାଣ ବେଳେ ଦିଗପହଣ୍ଡି ପୁଲିସ ଶନିବାର ତାମିଲନାଡୁ କୋଏମ୍ବାଟୁର ଜିଲ୍ଲା କାଟୁର ଥାନା ଅଞ୍ଚଳର ଜଣେ ଅଣଓଡିଆ ଯୁବକକୁ ଗିରଫ କରିଛି । ସେ ହେଲେ ହରି .ଏମ । ଗଜପତି ଜିଲ୍ଲାର ବିଭିନ୍ନ ସ୍ଥାନରେ ତାମିଲନାଡୁର ଏକ ସକ୍ରିୟ ଗୋଷ୍ଠୀ ଆଡା ଜମାଇ ବାହାର ରାଜ୍ୟକୁ ଗଞ୍ଜେଇ ଚୋରାଚାଲାଣ କରୁଛନ୍ତି । ଗଜପତି ଜିଲ୍ଲା ମୋହନା ଅଞ୍ଚଳରୁ ଗଞ୍ଜେଇ ନେଇ ବ୍ରହ୍ମପୁର ଅଭିମୁଖେ ଯାଉଥିବା ଏକ ଯାତ୍ରୀବାହୀ ବସ୍‌ରେ ୩ଜଣ ଦିଗପହଣ୍ଡି ଆସିଥିଲେ । ପୁରୁଣା ବସଷ୍ଟାଣ୍ଡ ଠାରେ କିଛି ପୁଲିସ କର୍ମଚାରୀଙ୍କୁ ଦେଖି ସେମାନେ ବସ୍‌ରୁ ଓହ୍ଲାଇ ବ୍ୟାଗ୍ ଧରି ଚାଲି ଚାଲି ବ୍ରହ୍ମପୁର ରାସ୍ତାରେ ଯାଉଥିବା ବେଳେ ପୁଲିସ ପିଛା କରିଥିଲା । ପୁଲିସ ପିଛା କରୁଥିବା ଜାଣିପାରି ବିଲ ରାସ୍ତାରେ ଦୌଡ଼ି ପଳାଇବାକୁ ଉଦ୍ୟମ କରିଥିଲେ । ତେବେ ୨ରୁ ୩ ଯୁବକ କୌଶଳ କ୍ରମେ ଚମ୍ପଟ ମାରିଥିବା ବେଳେ ହରିକୁ ପୁଲିସ କାବୁ କରିଥିଲା । ସେ ଧରିଥିବା ବ୍ୟାଗ ତଲାସି ବେଳେ ଗଞ୍ଜେଇ ଥିବା ଦେଖି ଥାନାକୁ ଉଠାଇ ନେଇ ପଚରାଉଚରା କରିଥିଲା । ସ୍ଥାନୀୟ ତହସିଲଦାର ସନ୍ତୋଷ କୁମାର ସାହୁ, ଥାନା ଅଧିକାରୀ ତଥା ଡିଏସ୍‌ପି ପ୍ରଶାନ୍ତ କୁମାର ପାତ୍ର, ଏସ୍ଆଇ ରାଜ କିଶୋର ପାତ୍ର, ରାଜସ୍ୱ ନିରୀକ୍ଷକ ଉପେନ୍ଦ୍ର ବେହେରାଙ୍କ ଉପସ୍ଥିତିରେ ଜବତ ଗଞ୍ଜେଇର ଓଜନ ପରେ ୧୦ କେଜି ୬୦୦ ଗ୍ରାମ ହୋଇଥିଲା । ଏନେଇ ଦିଗପହଣ୍ଡି ଥାନାରେ ମାମଲା କରାଯାଇ ରବିବାର ଅଭିଯୁକ୍ତଙ୍କୁ ବ୍ରହ୍ମପୁର ଜିଲ୍ଲା ଜଜ କୋର୍ଟକୁ ଚାଲାଣ କରାଯିବ ବୋଲି ତଦନ୍ତକାରୀ ଅଧିକାରୀ ଏସ୍ଆଇ ସୋଫିଆ ମିଶ୍ର କହିଛନ୍ତି ।



# ଅନାସ୍ଥା ପ୍ରସ୍ତାବ ଖାରଜ ପାଇଁ ଅତିରିକ୍ତ ଉପଜିଲ୍ଲାପାଳଙ୍କୁ ସ୍ମାରକପତ୍ର

ଛତ୍ରପୁର,୧୮ ।୧୦(ସମିସ)



ଗଞ୍ଜାମ ବ୍ଲକ ଅନ୍ତର୍ଗତ ହୁମ୍ମା ପଞ୍ଚାୟତର ସରପଞ୍ଚ ଜାନକୀ ଦାସଙ୍କ ନାମରେ ଆସିଥିବା ଅନାସ୍ଥା ପ୍ରସ୍ତାବ ଅଭିଯୋଗକୁ ଖାରଜ କରିବାକୁ ପ୍ରଶାସନର ଦ୍ୱାରସ୍ଥ ହୋଇଛନ୍ତି ହୁମ୍ମା ସରପଞ୍ଚ ଓ ସମିତିସଭ୍ୟଙ୍କ ସହ ୫ୱାର୍ଡ ସଭ୍ୟ/ସଭ୍ୟା । ଶୁକ୍ରବାର ସରପଞ୍ଚଙ୍କ ମନମୁଖି କାର୍ଯ୍ୟରେ ଅତିଷ୍ଠ ହୋଇ ଅନାସ୍ଥା ପ୍ରସ୍ତାବ ନେଇ ନାଏବ ସରପଞ୍ଚଙ୍କ ସମେତ ୧୫ ୱାର୍ଡ ସଭ୍ୟ/ସଭ୍ୟା ମାନେ ଛତ୍ରପୁର ଉପଜିଲ୍ଲାପାଳଙ୍କୁ ଭେଟିଥିଲେ । ପଞ୍ଚାୟତର ଉନ୍ନତିକୁ ସହ୍ୟ ନ କରିପାରି ବିରୋଧି ମାନେ ମିଥ୍ୟାରେ ଅନାସ୍ଥା ପ୍ରସ୍ତାବ ନିମନ୍ତେ ଅଭିଯୋଗ ଆଗତ କରିଛନ୍ତି ବୋଲି ଶନିବାର ଛତ୍ରପୁର ଅତିରିକ୍ତ ଉପଜିଲ୍ଲାପାଳ ପାର୍ଥ ସାରଥି ହାଁସଦାଙ୍କୁ ଭେଟି ହୁମ୍ମା ସରପଞ୍ଚ ଜାନକୀ ଦାସ ଓ ସମିତିସଭ୍ୟ ଧ୍ରୁବଚରଣ ପଲାଇଙ୍କ ସହ ୫ଜଣ ୱାର୍ଡ ସଭ୍ୟ/ସଭ୍ୟା କହିଛନ୍ତି । ଏହାସହ ଏହାର ତଦନ୍ତ କରି ବିରୋଧି ଆଗତ କରିଥିବା ଅନାସ୍ଥା ପ୍ରସ୍ତାବକୁ ଖାରଜ କରିବାକୁ ସେମାନେ ଅନୁରୋଧ କରିଥିଲେ ।

# ଜାତୀୟ ପର୍ଯ୍ୟଟନ ଓ ଲୋକକଳା ମହୋତ୍ସବ ଉଦ୍‌ଘାଟିତ

ବ୍ରହ୍ମପୁର,୧୮ ।୧୦(ସମିସ): ସ୍ଥାନୀୟ ଗଞ୍ଜାମ କଳା ପରିଷଦ ପରିସରରେ ପର୍ଯ୍ୟଟନ ଭାରତ ପକ୍ଷରୁ ଶନିବାର ଦୁଇଦିନିଆ ଜାତୀୟ ପର୍ଯ୍ୟଟନ ଓ ଲୋକକଳା ମହୋତ୍ସବ ଉଦଘାଟିତ ହୋଇଯାଇଛି । କାର୍ଯ୍ୟକ୍ରମର ସଭାପତି ଇଂ. ଉମାଶଙ୍କର ପାଣିଗ୍ରାହୀଙ୍କ ସଭାପତିତ୍ୱରେ ଆୟୋଜିତ ସାଧାରଣ ସଭାରେ ମୁଖ୍ୟଅତିଥି ଭାବେ ବ୍ରହ୍ମପୁର ମେୟର ସଂଘମିତ୍ରା ଦଳେଇ ଯୋଗଦେଇ ଶୁଭାରମ୍ଭ କରିଥିଲେ । ମହୋତ୍ସବର ମୁଖ୍ୟ ତଥା ପର୍ଯ୍ୟଟନ ଭାରତର ପରିଚାଳନା ନିର୍ଦ୍ଦେଶକ ନାରାୟଣ ମହାଙ୍କୁଡ଼ ସଂଯୋଜନା କରିଥିଲେ । କାର୍ଯ୍ୟକ୍ରମର ପ୍ରଥମ ଦିବସର ପ୍ରଥମ ପର୍ଯ୍ୟାୟରେ ଫଟୋ ପ୍ରଦର୍ଶନୀ ସହିତ କ୍ଷୁଦ୍ର ଚଳଚ୍ଚିତ୍ର ମହୋତ୍ସବ ଅନୁଷ୍ଠିତ ହୋଇଥିଲା । ନୃତ୍ୟମ ଅନୁଷ୍ଠାନ ପକ୍ଷରୁ କିଷ୍ଟା ଡିକେଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ୧୦ଟି କ୍ଷୁଦ୍ର ଚଳଚ୍ଚିତ୍ର ପ୍ରଦର୍ଶିତ ହୋଇ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା । ଓଡ଼ିଶାର ବିଭିନ୍ନ ପ୍ରାନ୍ତର ଶତାଧିକ କବି, କବିୟତ୍ରୀଙ୍କୁ ନେଇ କବିତା ଆସର ଅନୁଷ୍ଠିତ ହୋଇଥିଲା । କବି ମିହିର ତ୍ରିପାଠୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବହୁ କବି ନିଜର କବିତା ପାଠ କରିଥିଲେ । ସେହିପରି ଦ୍ୱିତୀୟ ପର୍ଯ୍ୟାୟରେ ଦକ୍ଷିଣାଞ୍ଚଳ ବରପୁତ୍ରଙ୍କ କୀର୍ତ୍ତି ଓ କୃତିତ୍ୱ "ବିଷୟ ସମ୍ବଳିତ ସାହିତ୍ୟ ଆଲୋଚନା ଚକ୍ର' ଅନୁଷ୍ଠିତ ହୋଇଥିଲା । ଆଲୋଚନା ଚକ୍ରରେ ଡ଼. କୁଳମଣି ଓଝା, ଡ଼. ଲମ୍ବୋଦର ପାଣିଗ୍ରାହୀ, ଅନିଲ ପାଣିଗ୍ରାହୀ, ଡ଼. ଅନନ୍ତ ରାମ କୌଣ୍ଡିଲ୍ୟ, ପ୍ରଫେସର ବିଷ୍ଣୁ ଚୌଧୁରୀ, ବିଘ୍ନେଶ୍ୱର ସାହୁ ପ୍ରମୁଖ ଉପସ୍ଥିତ ଥିଲେ । ରାଜ ଗୋପାଳ ପାଢ଼ୀ ମଞ୍ଚ ପରିଚାଳନା କରିଥିବା ବେଳେ ସୁଦୀପ ସାହୁ, ବି. ଚନ୍ଦ୍ରକଳା ଓ ମୀନା ଦାସ ପ୍ରମୁଖ ସାଂସ୍କୃତିକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ । ସେହିପରି ସିବାନନ୍ଦ ବାରିକ ଓ କାର୍ତ୍ତିକ ପାଣିଗ୍ରାହୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ କାର୍ଯ୍ୟକ୍ରମରେ ଉତ୍କଳ ଆଶ୍ରମ ନ୍ୟାସ ସଭାପତି ଡ଼. ସିଦ୍ଧାର୍ଥ ଶଙ୍କର ପାଢ଼ୀ, ବରିଷ୍ଠ ସାହିତ୍ୟିକ ଇଂ. ଯାମିନି କାନ୍ତ ଦାସ, ନାଳନ୍ଦାଶ୍ରୀ ଅଧ୍ୟକ୍ଷ କାଳିଚରଣ ସାହୁ, ନାଟ୍ୟ ସଂଗଠକ ଅନିଲ ପାତ୍ର, ନିଷ୍ଟ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ସୁଦର୍ଶନ ପାତ୍ର, ଗୋପାଳ ପଟ୍ଟନାୟକ, ଅଭିରାମ ପାତ୍ର, ସୁଦର୍ଶନ ପରିଡା, ଗୌରୀ ମହାଙ୍କୁଡ଼, ବିଶ୍ୱମ୍ଭର ବେହେରା, ସୁଧୀର ପଣ୍ଡା ଓ ବିଜୟ ସ୍ୱାଇଁ ଉପସ୍ଥିତ ଥିଲେ ।





# ଥାନା ସମ୍ମୁଖରେ ଯୁବକଙ୍କୁ ଆକ୍ରମଣ; ଚା' ଦୋକାନୀ ଗିରଫ

ବ୍ରହ୍ମପୁର,୧୮ ।୧୦(ସମିସ): ଜଣେ ଗ୍ୟାରେଜ ଯୁବକଙ୍କୁ ଆକ୍ରମଣ ଅଭିଯୋଗରେ ସଦର ଥାନା ପୁଲିସ ଜଣେ ଚା' ଦୋକାନୀକୁ ଗିରଫ କରି କୋର୍ଟଚାଲାଣ କରିଛି। ସେ ହେଲେ ଆଙ୍କଶପୁରର ଦୀପକ ଗୌଡ଼ ଓରଫ ଦୀପୁ(୨୪)। ମସିହାଖାଲ ଗ୍ରାମର ଶୁଭମ ପ୍ରଧାନ(୨୬)ଙ୍କ ଏକ ଗାଡ଼ି ଗ୍ୟାରେଜ ରହିଛି। ଦୁଇବର୍ଷ ପୂର୍ବେ ଚା' ଦୋକାନୀ ଦୀପୁ ସେଠାରେ ନିଜର ଗାଡ଼ିର ମରାମତି କରିଥିଲେ ଓ ମୋଟ ୬ ହଜାର ୫ଶହ ଟଙ୍କା ବିଲ୍ ହୋଇଥିଲା। ଦୀପୁ ଟଙ୍କା ପରେ ଦେବ କହି ଗାଡ଼ି ନେଇଯାଇଥିଲା। ମାତ୍ର ଶୁଭମ ବାରମ୍ବାର ମାଗୁଥିଲେ ମଧ୍ୟ ସେ ଦେଉନଥିଲା। ଶୁଭମ୍ ପଇସା ମାଗିବାକୁ ବିଭିନ୍ନ ସମୟରେ ଚା' ଦୋକାନକୁ ଯାଇ ୧୫ ଶହ ଟଙ୍କାର ଚା', ବିସ୍କୁଟ ଖାଇସାରିଥିଲେ। ଅବଶିଷ୍ଟ ୫ହଜାର ଟଙ୍କା ଶୁକ୍ରବାର ରାତି ୯ଟାରେ ଶୁଭମ ଅଭିଯୁକ୍ତ ଦୀପୁର ଚା' ଦୋକାନକୁ ଯାଇ ମାଗିବାରୁ ସେ ଗାଳିଗୁଲଜ କରିଥିଲା। ପରେ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା ଏବଂ ଦୀପୁ ଚା' ଗ୍ଲାସ ଶୁଭମ୍‌ର ମୁହଁକୁ ଫୋପାଡ଼ିବା ସହିତ ପଥର ଓ ଏକ ଧାରୁଆ ଅସ୍ତ୍ରରେ ଆକ୍ରମଣ କରିଥିଲା। ଆକ୍ରମଣରେ ଶୁଭମ୍‌ର ମୁହଁ ଓ ଶରୀରର ବିଭିନ୍ନ ସ୍ଥାନରେ ଗଭୀର କ୍ଷତ ହୋଇ ରକ୍ତସ୍ରାବ ହୋଇଥିଲା। ଶୁଭମ୍‌କୁ ସ୍ଥାନୀୟ ଲୋକେ ଉଦ୍ଧାର କରି ପ୍ରଥମେ କୁକୁଡ଼ାଖଣ୍ଡି ମେଡ଼ିକାଲ ଏବଂ ପରେ ବ୍ରହ୍ମପୁର ଏମ୍‌କେସିଜି ମେଡ଼ିକାଲରେ ଭର୍ତ୍ତି କରିଥିଲେ। ଚିକିତ୍ସିତ ହୋଇ ଫେରିବା ପରେ ସଦର ଥାନାରେ ସେ ଲିଖିତ ଅଭିଯୋଗ କରିବାରୁ ପୁଲିସ ଏକ ମାମଲା ରୁଜୁ କରି ଦୀପୁକୁ ଗିରଫ କରି କୋର୍ଟ ଚାଲାଣ କରିଥିବା ଥାନା ଅଧିକାରୀ ରାମ ସୁବ୍ରମଣ୍ୟମ୍ ପ୍ରଧାନ କହିଛନ୍ତି।



ବିଏମ୍‌ସିକୁ ରାଜସ୍ୱ ଚିନ୍ତା

# ବହୁ କୋଟିର ହୋର୍ଡିଂ ବକେୟା; ଟିକସ୍ ଫାଙ୍କୁଛନ୍ତି ବ୍ୟବସାୟୀ

ବ୍ରହ୍ମପୁର,୧୮ ।୧୦(ସମିସ): ନିୟମିତ କୋଟି କୋଟି ଟଙ୍କାର ରାଜସ୍ୱ କ୍ଷତି ସହୁଛି ବ୍ରହ୍ମପୁର ମହାନଗର ନିଗମ। ଯାହା ନିଗମ କର୍ତ୍ତୃପକ୍ଷଙ୍କ ଚିନ୍ତା ବଢ଼ାଇଛି। ବାରମ୍ବାର ତାଗିଦ ସତ୍ତ୍ୱେ କୌଣସି ପରିବର୍ତ୍ତନ ହେଉନଥିବାରୁ ଏଣିକି କର୍ତ୍ତୃପକ୍ଷ କଡ଼ା ଆଭିମୁଖ୍ୟ ଗ୍ରହଣ କରିବାକୁ ଅଣ୍ଟା ଭିଡୁଛନ୍ତି। କର୍ପୋରେସନ ବୈଠକ ପୂର୍ବରୁ ବସୁଥିବା ଷ୍ଟାଣ୍ଡିଂ କମିଟି ବୈଠକରେ ଏନେଇ ବିସ୍ତୃତ ଆଲୋଚନା ହୋଇଛି। ଶନିବାର ବିଏମ୍‌ସିର ଟେକ୍ସେସନ, ଆକାଉଣ୍ଟ୍ସ ଆଣ୍ଡ ଫାଇନାନ୍ସ ଷ୍ଟାଣ୍ଡିଂ କମିଟିର ଅଧକ୍ଷ ଟି. କିଶୋରଙ୍କ ଅଧକ୍ଷତାରେ ବସିଥିଲା ଗୁରୁତ୍ୱପୂର୍ଣ୍ଣ ବୈଠକ। ସହରର ସର୍ବାଙ୍ଗୀନ ବିକାଶ କରିବାକୁ ହେଲେ ରାଜସ୍ୱ ଆଦାୟ ଏବଂ ବିଭିନ୍ନ ଉତ୍ସରୁ ଆସୁଥିବା ଆର୍ଥିକ ଅନୁଦାନର ସଠିକ ପରିଚାଳନା ଜରୁରି। ତେବେ ବିଏମସିକୁ ସଠିକ ସମୟରେ ଉଭୟ ରାଜ୍ୟ ଏବଂ କେନ୍ଦ୍ରରୁ ମିଳୁଥିବା ଆର୍ଥିକ ଅନୁଦାନରେ ବିଳମ୍ବ ଏକ ବଡ଼ ସମସ୍ୟା ଭାବେ ଉଭା ହୋଇଛି।

ସେହିଭଳି ବିଏମସିର ଅନ୍ୟତମ ପ୍ରମୁଖ ରାଜସ୍ୱ ଉତ୍ସ ହେଉଛି ହୋଲ୍ଡିଂ ଟ୍ୟାକ୍ସ ଆଦାୟ। ଯାହା ବିବାଦୀୟ ହୋଇ ପଡ଼ିଥିବାରୁ ସେନେଇ କୌଣସି ଚୂଡ଼ାନ୍ତ ନିଷ୍ପତ୍ତି ହୋଇପାରୁନାହିଁ। ଏଭଳି ପରିସ୍ଥିତିରେ ବିଏମ୍‌ସିର ରାଜସ୍ୱ କହିଲେ ହୋର୍ଡିଂ, ଟ୍ରେଡ ଲାଇସେନ୍ସ ଓ ଷ୍ଟଲରୁ ଆଦାୟ ହେଉଥିବା ଫି' ବା ଟିକସ। ତେବେ ସେଥିରେ ମଧ୍ୟ ବ୍ୟାପକ ଅନିୟମିତତା ରହିଥିବା ଜଣାପଡ଼ିଛି।

- ଟ୍ୟାକ୍ସ, ଆକାଉଣ୍ଟସ୍ ଆଣ୍ଡ ଫାଇନାନ୍ସ ଷ୍ଟାଣ୍ଡିଂ କମିଟିର ଗୁରୁତ୍ୱପୂର୍ଣ୍ଣ ବୈଠକ
- ଟ୍ରେଡ ଲାଇସେନ୍ସ, ହୋର୍ଡିଂ ଏବଂ ଷ୍ଟଲରୁ ଆଦାୟରେ ହେଉଛି ରାଜସ୍ୱ ହାନି
- ଆଗାମୀ କର୍ପୋରେସନ ବୈଠକରେ ନିଆଯିବ ଚୂଡ଼ାନ୍ତ ନିଷ୍ପତ୍ତି

କୋଟି କୋଟି ଟଙ୍କାର ହୋର୍ଡିଂ ବାବଦ ରାଜସ୍ୱ ପ୍ରାୟ ୩ରୁ ୪କୋଟି ଟଙ୍କା ବକେୟା ପଡ଼ିଥିବାବେଳେ ବହୁ ହୋର୍ଡିଂରୁ ଟିକସ ଆଦାୟ ହୋଇପାରୁ ନାହିଁ। ସେହିଭଳି ସହରରେ ଅନ୍ୟୁନ ୧୫ହଜାରରୁ ଅଧିକ ବ୍ୟବସାୟିକ ସଂସ୍ଥା ବା ପ୍ରତିଷ୍ଠାନ ରହିଥିବା ସ୍ଥଳେ କେବଳ ୪ହଜାର ୫ଶହଟି ପଞ୍ଜୀକରଣ କରି ଟ୍ରେଡ୍ ଲାଇସେନ୍ସ ପ୍ରଦାନ କରୁଥିବା ନଜରକୁ ଆସିଛି। ଫଳରେ ବିଏମ୍‌ସିକୁ ବହୁ ରାଜସ୍ୱ କ୍ଷତି ସହିବାକୁ ପଡୁଛି। ଅନୁରୂପ ଭାବେ ସହରର ବିଭିନ୍ନ ସ୍ଥାନରେ ବିଏମ୍‌ସିର ନିଜସ୍ୱ ପ୍ରାୟ ୯୭୦ଟି ଦୋକାନ ଗୃହ ବା ଷ୍ଟଲ ରହିଛି। ସେଗୁଡ଼ିକୁ ଏ, ବି ଏବଂ ସି ବର୍ଗରେ ବିଭକ୍ତ କରାଯାଇ ଯଥାକ୍ରମେ ସର୍ବାଧିକ ୨ହଜାର, ୧୨୫୦ ଏବଂ ୧ହଜାର ଟଙ୍କା ଭଡ଼ା ଆଦାୟ କରାଯାଉଛି। ଏହି ଭଡ଼ା ୨୦୧୦ରେ ତତ୍କାଳୀନ ନିଗମ କର୍ତ୍ତୃପକ୍ଷ ସ୍ଥିର କରିଥିବା ବେଳେ ସେଥିରେ ଆଉ ବୃଦ୍ଧି କରାଯାଇନାହିଁ। ସେହିଭଳି ଭଡ଼ା ଅଥବା ଲିଜ ସୂତ୍ରରେ ଦିଆଯାଇଥିବା ଦୋକାନ ଗୃହର ମାଲିକାନାରେ ମଧ୍ୟ ଅନେକ ତ୍ରୁଟି ବିଚ୍ୟୁତି ଥିବା ଜଣାପଡ଼ିଛି। ଅନେକ ଲିଜ୍‌ଧାରୀଙ୍କ ଦେହାନ୍ତ ହୋଇସାରିଥିବା ବେଳେ ଅନେକେ ସବ୍‌ଲିଜ ଦେଇଥିବା ବିଏମ୍‌ସି କର୍ତ୍ତୃପକ୍ଷଙ୍କ ନଜରକୁ ଆସିଛି। ସେହିଭଳି ବିଏମ୍‌ସିକୁ କମ୍ ଭଡ଼ା ଆସୁଥିବା ବେଳେ ମାର୍କେଟ ଉପରେ ଲିଜଧାରୀ ଭଡ଼ା ବା ସବଲିଜ ଦେଇ ଅଧିକ ଟଙ୍କା ଆଦାୟ କରୁଛନ୍ତି। ଏଭଳି ଭାବେ ବିଏମସି ନିୟମିତ କୋଟି କୋଟି ଟଙ୍କାର ରାଜସ୍ୱ କ୍ଷତି ସହୁଛି। ଏଭଳି ସ୍ଥିତିକୁ ନେଇ ବୈଠକରେ ଉଦ୍‌ବେଗ ପ୍ରକାଶ ପାଇଥିଲା। ଦୋକାନ ଗୃହର ଲିଜ ଦେଖି ସେଗୁଡ଼ିକୁ ନିୟମିତ କରିବା ଓ ଭଡା ରାଶିକୁ ବୃଦ୍ଧି କରିବା, ଟ୍ରେଡ ଲାଇସେନ୍ସ ପାଇଁ ପଞ୍ଜୀକରଣକୁ ବାଧ୍ୟତାମୂଳକ ଓ କଡ଼ାକଡ଼ି ପାଳନ ଏବଂ ବକେୟା ହୋର୍ଡିଂ ବାବଦ ଫି' ଆଦାୟ ନେଇ ଗୁରୁତ୍ୱାରୋପ କରାଯାଇଥିଲା। ଏନେଇ ଆଗାମୀ ନଭେମ୍ବର ପ୍ରଥମ ସପ୍ତାହରେ ହେବାକୁ ଥିବା କର୍ପୋରେସନ ବୈଠକରେ ଆଲୋଚନା କରି ଚୂଡ଼ାନ୍ତ ନିଷ୍ପତ୍ତି ନେବାକୁ ବୈଠକରେ ସ୍ଥିର ହୋଇଥିବା ଜଣାପଡ଼ିଛି। ବୈଠକରେ ମେୟର ସଂଘମିତ୍ରା ଦଳେଇଙ୍କ ସମେତ ଡେପୁଟି ମେୟର ଇ. ବିବେକ ରେଡ୍ଡୀ, କମିଶନର ପ୍ରଥମେଶ ଅରବିନ୍ଦ ରାଜସିର୍କେ, ଡେପୁଟି କମିଶନର ଆଶୀର୍ବାଦ ପରିଡା, ବିକ୍ରମ ଶୁଣ୍ଠିଙ୍କ ସମେତ କମିଟି ସଦସ୍ୟ ତଥା କର୍ପୋରେଟର ପ୍ରଶାନ୍ତ କୁମାର ପଟ୍ଟନାୟକ, ସଂଜିତ ପାଣିଗ୍ରାହୀ, ଆପ୍ପା ରାଓ, ଧୀରେଶ ସାବତ ଓ ବନିତା ସାହୁଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ।



# ଦରମା ପାଇଁ ଏମ୍‌କେସିଜିର ଆଉଟସୋର୍ସିଂ ଆଟେଣ୍ଡାଣ୍ଟଙ୍କ ଆନ୍ଦୋଳନ

ବ୍ରହ୍ମପୁର,୧୮ ।୧୦(ସମିସ): ରୋଗୀଙ୍କୁ ସେବା ସହ ମେଡ଼ିକାଲର ବିଭିନ୍ନ କର୍ମଚାରୀଙ୍କୁ ସହାୟତା ନିମନ୍ତେ ଏମ୍‌କେସିଜି ମେଡ଼ିକାଲ ପକ୍ଷରୁ ଆଉଟସୋର୍ସିଂ ଜରିଆରେ ବହୁ କର୍ମଚାରୀଙ୍କୁ ନିୟୋଜିତ କରାଯାଇଛି। ଟେଣ୍ଡର ପ୍ରକ୍ରିୟାରେ ବିଭିନ୍ନ ଘରୋଇ ସଂସ୍ଥା ଏହି କର୍ମଚାରୀଙ୍କୁ ନିଯୁକ୍ତି ଦେଇଛନ୍ତି। ସଂସ୍ଥାର ମନମାନି କାରଣରୁ ନିୟମିତ ଦରମା ନପାଇ ଆଉଟସୋର୍ସିଂ କର୍ମଚାରୀଙ୍କୁ କାର୍ଯ୍ୟବନ୍ଦ କରି ଆନ୍ଦୋଳନକୁ ଓହ୍ଲାଇବାକୁ ପଡୁଛି। ଫଳରେ ଡାକ୍ତରଖାନାରେ ରୋଗୀସେବା ପ୍ରଭାବିତ ହେଉଛି। ଏହି କ୍ରମରେ "ଅଭିରାମ କେୟାରଟେକିଂ ଏକ୍ସପର୍ଟ୍ସ ସର୍ଭିସେସ' ନାମକ ଏକ ସଂସ୍ଥା ଜରିଆରେ ମେଡ଼ିକାଲରେ ଶତାଧିକ ଆଟେଣ୍ଡାଣ୍ଟଙ୍କୁ ନିୟୋଜିତ କରାଯାଇଛି। କିନ୍ତୁ ସଂସ୍ଥା ପକ୍ଷରୁ ସଠିକ ସମୟରେ କର୍ମଚାରୀଙ୍କୁ ଦରମା ପ୍ରଦାନ କରାଯାଉନଥିବାରୁ ପ୍ରତିବାଦରେ ଶନିବାର ଏମକେସିଜି ମେଡ଼ିକାଲ ଅଧୀକ୍ଷକଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଶତାଧିକ ଆଟେଣ୍ଡାଣ୍ଟ ବିକ୍ଷୋଭ କରିଛନ୍ତି। ଦୀର୍ଘ ୫ଘଣ୍ଟା ଧରି ଧାରଣାରେ ବସିଥିବା ବେଳେ ରୋଗୀସେବା ବ୍ୟାହତ ହୋଇଥିଲା। ଆଗକୁ ଦୀପାବଳି ଥିବାବେଳେ କର୍ମଚାରୀଙ୍କୁ ଦରମା ମିଳିନଥିବାରୁ ସେମାନେ ନାହିଁନଥିବା ଅସୁବିଧାର ସମ୍ମୁଖୀନ ହେଉଥିବା ଅଭିଯୋଗ କରିଛନ୍ତି।

ସଂସ୍ଥା ପକ୍ଷରୁ କର୍ମଚାରୀଙ୍କ ଦରମା ବିଲ ପ୍ରତିମାସ ୧୦ତାରିଖ ସୁଦ୍ଧା ପ୍ରଦାନ କରିବାକୁ ନିର୍ଦ୍ଦେଶ ଥିବାବେଳେ ସମ୍ପୃକ୍ତ ସଂସ୍ଥା ଏଥିରେ ଖିଲାପ କରିଥିବା ସଂଘ ପକ୍ଷରୁ ଅଭିଯୋଗ ହୋଇଛି। ଏହା ସହ କର୍ମଚାରୀଙ୍କ ବକେୟା ବର୍ଦ୍ଧିତ ଦରମା, ଇପିଏଫ/ ଇଏସ୍‌ଆଇର ପୈଠ, ଏଜେନ୍ସିର ସ୍ଥାନୀୟ କାର୍ଯ୍ୟାଳୟ ଗଠନ ଭଳି ବିଭିନ୍ନ ଦାବି ପୂରଣ ନିମନ୍ତେ ସଂଘ ପକ୍ଷରୁ ଦାବି କରାଯାଇଛି। ଆଗାମୀ ଦିନରେ ସେମାନଙ୍କ ଦାବି ପୂରଣ ନହେଲେ ସଂଘ ପକ୍ଷରୁ ଆନ୍ଦୋଳନକୁ ବ୍ୟାପକ କରାଯିବ ବୋଲି ଚେତାବନୀ ଦିଆଯାଇଛି। ବିକ୍ଷୋଭରେ ଇଫଟୁର ରାଜ୍ୟ ସଭାପତି ପ୍ରତାପ ପ୍ରଧାନ, ସଭାପତି ସି.ଏଚ. ସୁନୀଲ ପାତ୍ର ଓ ସମ୍ପାଦକ ଏନ. ନିରଞ୍ଜନ ଦାସଙ୍କ ସମେତ ବହୁ କର୍ମକର୍ତ୍ତା ଉପସ୍ଥିତ ଥିଲେ। ଅନ୍ୟପକ୍ଷରେ ଖବର ପାଇ ଏମକେସିଜି ମେଡ଼ିକାଲ ରେଜିଷ୍ଟ୍ରାର ସଂଗ୍ରାମ ଶେଖର ପଣ୍ଡା ଘଟଣା ସ୍ଥଳରେ ପହଞ୍ଚି ଆଉଟସୋର୍ସିଂ ଆଟେଣ୍ଡାଣ୍ଟଙ୍କୁ ବୁଝାସୁଝା କରିବା ପରେ କର୍ମଚାରୀମାନେ ଆନ୍ଦୋଳନରୁ ଓହରିଥିଲେ।



## ଟ୍ରକ୍ ଧକ୍କାରେ ଠିକାଦାର ମୃତ୍ୟୁ ଘଟଣା; ଚାଳକ ଗିରଫ

ବ୍ରହ୍ମପୁର, ୧୮ ।୧୦ (ସମିସ): ପୁକୁଡ଼ିବନ୍ଧ ଛକ ନିକଟରେ ଶୁକ୍ରବାର ଅପରାହ୍ନରେ ଏକ ଚାଉଳ ବୋଝେଇ ଟ୍ରକ ଧକ୍କାରେ ଗୋଷାଣିନୂଆଗାଁ ବେଡ଼ାବନ୍ଧ ସାହି ନିବାସୀ ପ୍ରମୋଦ ପାତ୍ର(୫୦)ଙ୍କର ମୃତ୍ୟୁ ହୋଇଥିଲା। ଏନେଇ ଥାନାରେ ଅଭିଯୋଗ ପରେ ପୁଲିସ ଟ୍ରକ୍ ଚାଳକ ପଶ୍ଚିମବଙ୍ଗର ସମୀରୁଦ୍ଦିନ ମଲ୍ଲିକ(୩୧) କୁ ଗିରଫ କରି କୋର୍ଟଚାଲାଣ କରିଛି।

ଧନ୍‌ତେରାସ୍‌ରେ ବଜାର ଚଳଚଞ୍ଚଳ

# ଗହଣା ଦୋକାନରେ ଅସମ୍ଭାଳ ଭିଡ଼


ବ୍ରହ୍ମପୁର,୧୮ ।୧୦(ସମିସ): ଆଲୋକର ପର୍ବ ଦୀପାବଳି ପୂର୍ବ ଦିନକୁ ଧନତେରସ୍ ବୋଲି କୁହାଯାଇଥାଏ। ଏହିଦିନ ଗହଣା ଏବଂ ଅନ୍ୟାନ୍ୟ କିଛି ସାମଗ୍ରୀ କ୍ରୟ କଲେ ଘରକୁ ଲକ୍ଷ୍ମୀ ଆସିଥାନ୍ତି ଏବଂ ଲକ୍ଷ୍ମୀଙ୍କ ଶୁଭ ଦୃଷ୍ଟି ପଡିଥାଏ ବୋଲି ବିଶ୍ୱାସ ରହିଛି। ଯାହାକୁ ନେଇ ବ୍ରହ୍ମପୁର ସହରର ବିଭିନ୍ନ ବଜାରରେ ଖାସ୍ କରି ପ୍ରାୟ ସମସ୍ତ ସୁନାଗହଣା ଦୋକାନରେ ଅସମ୍ଭାଳ ଭିଡ଼ ପରିଲକ୍ଷିତ ହୋଇଛି। ସୁନାର ଦର ଅଧିକ ଥିବା ସତ୍ତ୍ୱେ ଲୋକେ ଧାଡ଼ିରେ ରହି ଗହଣା କ୍ରୟ କରୁଥିବା ଦେଖିବାକୁ ମିଳିଛି। ୨୪କ୍ୟାରେଟ ସୁନା ଗ୍ରାମ ପିଛା ୧୩ହଜାର ୮୬ଟଙ୍କା ଥିବା ବେଳେ ୨୨କ୍ୟାରେଟ ୧୧ହଜାର ୯୯୫ଟଙ୍କା ରହିଥିବା ଜଣାପଡିଛି। ଏଥିସହିତ ବଜାରରେ ବହୁ ପରିମାଣର ଝାଡୁ ମଧ୍ୟ ବିକ୍ରି ହୋଇଥିବା ଦେଖିବାକୁ ମିଳିଛି। ସେପଟେ ଭିଡ଼ର ସୁଯୋଗ ନେଇ ଲୁଟେରା ସକ୍ରିୟ ରହୁଥିବାରୁ ଏଭଳି ଆଶଙ୍କାକୁ ଦୃଷ୍ଟିରେ ରଖି ବ୍ରହ୍ମପୁର ପୁଲିସ ପକ୍ଷରୁ ଉଭୟ ସାନବଜାର ଓ ବଡ଼ବଜାରରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି କରାଯାଇଛି। ପ୍ରତି ଛକରେ ପୁଲିସ ମୁତୟନ ସହ ଟ୍ରାଫିକ ନିୟନ୍ତ୍ରଣ ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଥିଲା। ତଥାପି ସହରର ସାନ ବଜାର, ବଡ଼ ବଜାର, ଗିରି ମାର୍କେଟ, ଅନ୍ନପୂର୍ଣ୍ଣା ମାର୍କେଟ ଓ ନୂଆ ବସଷ୍ଟାଣ୍ଡ ଆଦି ବିଭିନ୍ନ ସ୍ଥାନରେ ପ୍ରବଳ ଭିଡ ଯୋଗୁ ଟ୍ରାଫିକ ସମସ୍ୟା ଉପୁଜିଥିଲା। ସେହିଭଳି ଗ୍ରାହକ ଯେଭଳି ଠକେଇର ଶିକାର ନହୁଅନ୍ତି ମାପ ଓ ଓଜନ ବିଭାଗ ସମେତ ଆୟକର ବିଭାଗ ପକ୍ଷରୁ ମଧ୍ୟ ବିଭିନ୍ନ ଗହଣା ଦୋକାନ ଉପରେ ତୀକ୍ଷ୍ଣ ନଜର ରଖାଯାଇଛି। ଅନ୍ୟପକ୍ଷରେ ସନ୍ଧ୍ୟା ସମୟରେ ସହରରେ ପ୍ରବଳ ବର୍ଷା ଯୋଗୁ କାରବାର ସାମାନ୍ୟ ପ୍ରଭାବିତ ହୋଇଥିବା କହିଛନ୍ତି ଗହଣା ବ୍ୟବସାୟୀ।



# ଏମ୍‌ସରେ ଚିକିତ୍ସା ଅବହେଳାରୁ ଯୁବକଙ୍କ ମୃତ୍ୟୁ ଅଭିଯୋଗ

**ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୪ଲକ୍ଷ ଟଙ୍କା ସହାୟତା ଘୋଷଣା**

ବ୍ରହ୍ମପୁର,୧୮ ।୧୦(ସମିସ): ଚିକିଟିଗଡ଼ କୁମ୍ଭାର ସାହିର ଜଗନ୍ନାଥ ବେହେରାଙ୍କ ପୁତ୍ର ଭକ୍ତ ବତ୍ସଳ ବେହେରାଙ୍କର ଆଜି ଭୋର ୩ଟାରେ ଏମ୍‌ସରେ ମୃତ୍ୟୁ ଘଟିଛି। ଚିକିତ୍ସା ଅବହେଳାରୁ ତାଙ୍କ ମୃତ୍ୟୁ ଘଟିଥିବା ପରିବାରବର୍ଗ ଅଭିଯୋଗ କରିଛନ୍ତି। ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠିରୁ ମୃତକଙ୍କ ପରିବାରକୁ ୪ଲକ୍ଷ ଟଙ୍କାର ସହାୟତା ଘୋଷଣା କରାଯାଇଛି। ଗତ ୧୨ ତାରିଖ ରାତିରେ ଚିଲିକା ନିକଟରେ ଏକ ସଡ଼କ ଦୁର୍ଘଟଣାରେ ଭକ୍ତବତ୍ସଳ ଗୁରୁତର ହୋଇଥିଲେ। ଗୁରୁତର ଅବସ୍ଥାରେ ତାଙ୍କୁ ଭୁବନେଶ୍ୱର ଏମ୍‌ସକୁ ସ୍ଥାନାନ୍ତର କରାଯାଇଥିଲା। ଗୁରୁତର ଭକ୍ତଙ୍କୁ ଆଇସିୟୁର ଆବଶ୍ୟକତା ଥିବାବେଳେ ୨ଦିନ ପର୍ଯ୍ୟନ୍ତ ତାହା ଉପଲବ୍ଧ ହୋଇନଥିଲା। ଘଟଣା ସମ୍ପର୍କରେ ଜାଣିବା ପରେ ଚିକିଟି ବିଧାୟକ ମନୋରଞ୍ଜନ ଦ୍ୟାନ ସାମନ୍ତରା ଏମ୍‌ସରେ ପହଞ୍ଚି ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିବା ପରେ ମଧ୍ୟ ବିଳମ୍ବରେ ଆଇସିୟୁ ମିଳିଥିଲା। ମାତ୍ର ଉତ୍ତମ ଚିକିତ୍ସା ସେବା ନ ମିଳିବାରୁ ତାଙ୍କର ମୃତ୍ୟୁ ଘଟିଥିଲା। ବିଧାୟକ ଭକ୍ତଙ୍କ ପରିବାରକୁ ୩୦ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରିବା ସହ ନିଜସ୍ୱ ଖର୍ଚ୍ଚରେ ଆମ୍ବୁଲାନ୍ସ କରି ମୃତଦେହ ଚିକିଟି ଆଣିଥିଲେ। ଏନେଇ ବିଧାୟକ ଶ୍ରୀ ସାମନ୍ତରା କହିଛନ୍ତି ଯେ, ଏମ୍‌ସ କର୍ତ୍ତୃପକ୍ଷଙ୍କ ଅବହେଳାରୁ ହିଁ ଭକ୍ତବତ୍ସଳଙ୍କ ମୃତ୍ୟୁ ଘଟିଛି। ମେଡିକାଲ କର୍ତ୍ତୃପକ୍ଷଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଲାଗି ବିଧାୟକ ରାଜ୍ୟ ସରକାରଙ୍କୁ ଜଣାଇଛନ୍ତି। ଭକ୍ତଙ୍କ ଅନ୍ତିମ ସଂସ୍କାର ବେଳେ ବ୍ରହ୍ମପୁର ସାଂସଦଙ୍କ ପ୍ରତିନିଧି ମୀନା ଦ୍ୟାନ ସାମନ୍ତରା ଉପସ୍ଥିତ ରହି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ।






## ଏମ୍‌କେସିଜି ମେଡିକାଲରେ ବିଶ୍ୱ ନିଶ୍ଚେତକ ଦିବସ

ବ୍ରହ୍ମପୁର, ୧୮ ।୧୦ (ସମିସ): ଏମକେସିଜି ମେଡ଼ିକାଲର ନିଶ୍ଚେତକ ବିଭାଗ ଓ ଇଣ୍ଡିଆନ ସୋସାଇଟି ଅଫ ଆନାଷ୍ଟେଷିଓଲୋଜିଷ୍ଟ (ଆଇଏସଏ) ବ୍ରହ୍ମପୁର ଶାଖାର ମିଳିତ ଆନୁକୂଲ୍ୟରେ ବିଶ୍ୱ ନିଶ୍ଚେତକ ଦିବସ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଏମକେସିଜି ମେଡ଼ିକାଲ ଓ ହସ୍ପିଟାଲର ଡିନ୍ ପ୍ରଫେସର ଡା. ସୁଚିତ୍ରା ଦାଶ ଯୋଗଦେଇ ବୃକ୍ଷରୋପଣ କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରିଥିଲେ। ପାଠଚକ୍ର ଅନୁଷ୍ଠିତ ହୋଇଥିବା ବେଳେ ସ୍ୱାସ୍ଥ୍ୟସେବାରେ ନିଶ୍ଚେତକ ବିଭାଗର ଭୂମିକା ନେଇ ଆଲୋଚନା କରାଯାଇଥିଲା। ଏକ ଶୋଭାଯାତ୍ରା ମାଧ୍ୟମରେ ସଚେତନତା ସୃଷ୍ଟି ତଥା ଡାକ୍ତରୀ ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ମେଡ଼ିକାଲର ୟୁରୋଲୋଜି ବିଭାଗ ମୁଖ୍ୟ ପ୍ରଫେସର ଡା. ଜ୍ଞାନ ପ୍ରକାଶ ସିଂହ ଉପସ୍ଥିତ ରହି କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ବିତରଣ କରିଥିଲେ। ଆଇଏସ୍‌ଏ ବ୍ରହ୍ମପୁର ଶାଖା ସଭାପତି ଏବଂ ସମ୍ପାଦକ ପଦବୀ ନିମନ୍ତେ ନିର୍ବାଚନ ଅନୁଷ୍ଠିତ ହୋଇଥିଲା। ଏଥିରେ ସଭାପତି ଡ. ଏସ୍ ସଞ୍ଜୀବ ପାତ୍ର ଏବଂ ସମ୍ପାଦକ ଭାବେ ଡା. ଜଗଦୀପ ନାୟକ ସର୍ବସମ୍ମତିକ୍ରମେ ମନୋନୀତ ହୋଇଥିଲେ।



ସୃଜନିକା
ସକାଳ
THE SAKALA
www.sakalaepaper.com



# ପ୍ରାଣ ପ୍ରତିଷ୍ଠା



ବିଚିତ୍ର ବିଶ୍ୱାଳ

ନୂଆ କରି ତିଆରି ହୋଇଥିବା ଏକ ଭବ୍ୟ ମନ୍ଦିରର ବିଗ୍ରହରେ ପ୍ରାଣ ପ୍ରତିଷ୍ଠା ପାଇଁ ଯାଉଥିଲେ ମନ୍ତ୍ରୀ ମହୋଦୟ ଓ ମୁଖ୍ୟ ପୁରୋହିତ। ପାଞ୍ଜି ଦେଖି ଓ ଗ୍ରହ ନକ୍ଷତ୍ରଙ୍କ ଚଳନକୁ ଆକଳନ କରି ବିଗ୍ରହରେ ପ୍ରାଣ ପ୍ରତିଷ୍ଠାର ସମୟ ନିର୍ଘଣ୍ଟ ହୋଇଥିଲା। ଆଉ ଅଳ୍ପ ସମୟ ଥିବାରୁ ଦ୍ରୁତ ଗତିରେ ଚାଲୁଥିଲା ମନ୍ତ୍ରୀଙ୍କ ଗାଡ଼ି।

ରାସ୍ତାରେ ଜଣେ ମା' ବିକଳ ହୋଇ ସାହାଯ୍ୟ ଭିକ୍ଷା କରୁଥିଲେ। ତାଙ୍କ ଛୋଟ ପୁଅଟି ଦୁର୍ଘଟଣାର ଶିକାର ହୋଇ ରାସ୍ତା କଡ଼ରେ ପଡ଼ିଥିଲା। ବହୁତ ରକ୍ତ ବୋହିଯାଇଥିଲା। ତାକୁ ତୁରନ୍ତ ଡାକ୍ତରଖାନା ନେବା ଦରକାର ଥିଲା। ତାହେଲେ ହୁଏତ ଛୋଟ ପିଲାଟିର ପ୍ରାଣ ବଞ୍ଚିଯାଇ ପାରେ। ମା' ଜଣକ ନିଜେ ଆହତ ହୋଇ ମଧ ହାତ ହଲେଇ ଚିତ୍କାର କରି ତା' ପୁଅର ପ୍ରାଣ ବଞ୍ଚାଇବା ପାଇଁ ଆକୁଳ ନିବେଦନ କରୁଥିଲେ।

ମନ୍ତ୍ରୀଙ୍କ ଗାଡ଼ି ଡ୍ରାଇଭର ଯନ୍ତ୍ରବତ୍ ଗାଡ଼ି ଅଟକାଇ ଦେଲା ମା' ଜଣକ ପାଖରେ। ମା'ର ଆଖିରେ ଆଶା ଜାଗି ଉଠିଲା। କିଛି ଚିନ୍ତା ନକରି ଡ୍ରାଇଭର ଜଣକ ଗାଡ଼ିରୁ ଓହ୍ଲେଇ ଗଲା। ପୁଅର ପ୍ରାଣ ବଞ୍ଚିଯିବ ବୋଲି ମା'ର ଆଶା ସଂଚାର ହେଲା।

ହଠାତ୍ ଗାଡ଼ି ଭିତରୁ ଏକା ସାଙ୍ଗରେ ଚିଲ୍ଲେଇ ଉଠିଲେ ମନ୍ତ୍ରୀ ଓ ପୁରୋହିତ। ଆରେ ଠାକୁରଙ୍କ ପ୍ରାଣ ପ୍ରତିଷ୍ଠା ସମୟ ଗଡ଼ି ଯାଉଛି। ଡେରି ହେଲେ ବିଘ୍ନ ହୋଇଯିବ। ଗାଡ଼ି ରଖି ସିଆଡ଼େ କୁଆଡ଼େ ଯାଉଛୁ? ଶୀଘ୍ର ଆସି ଷ୍ଟିଅରିଂ ଧର।

ମାଲିକଙ୍କ ଚିତ୍କାର ଶୁଣି ଡ୍ରାଇଭରର ପାଦ ଯୋଡ଼ିକ ଅଟକି ଗଲା। ମା' ଜଣକ କାନ୍ଦି କାନ୍ଦି କହୁଥିଲେ, "ମୋ ପୁଅକୁ ଟିକେ ଶୀଘ୍ର ଡାକ୍ତରଖାନାକୁ ନେଇ ତା' ପ୍ରାଣ ବଞ୍ଚେଇ ଦିଅନ୍ତୁ ଆଜ୍ଞା... ।"

ମା'ଟିର ବିକଳ ଚିତ୍କାର ମନ୍ତ୍ରୀ ଓ ପୁରୋହିତଙ୍କ ପ୍ରାଣକୁ ଭେଦି ପାରିଲା ନାହିଁ। ଗାଡ଼ି ଭିତରୁ ଡ୍ରାଇଭର ଉଦ୍ଦେଶ୍ୟରେ ମନ୍ତ୍ରୀ ଗର୍ଜ୍ଜନ କଲେ, ଏଇ ଶୀଘ୍ର ଆସି ଗାଡ଼ି ଚଲା। ପ୍ରାଣ ପ୍ରତିଷ୍ଠା ସମୟ ଗଡ଼ିଯାଉଛି। ହଜାର ହଜାର ଲୋକ ସେପଟେ ଅପେକ୍ଷା କରିଛନ୍ତି। ଶୀଘ୍ର ଆସ୍। ମନ୍ତ୍ରୀଙ୍କ ତାଗିଦରେ ବିଚରା ଡ୍ରାଇଭର ପଛକୁ ଫେରି ଗାଡ଼ି ଭିତରକୁ ଆସିଲା। ମା' ଜଣକ ଛାତିରେ ହାତ ବାଡ଼େଇ ବାଡ଼େଇ ତା' ପୁଅର ପ୍ରାଣ ରକ୍ଷା ପାଇଁ ବିକଳ ମିନତି କରୁଥିଲା। କିନ୍ତୁ ମନ୍ତ୍ରୀ ଓ ପୁରୋହିତ ମନ୍ଦିର ବିଗ୍ରହରେ ପ୍ରାଣ ପ୍ରତିଷ୍ଠା ପାଇଁ ଶୀଘ୍ର ଶୀଘ୍ର ଚାଲିଗଲେ।

ନୀରବରେ ଡ୍ରାଇଭର ଗାଡ଼ି ଚଳାଉଥିଲା। ତା' ମନ ଭିତରେ ଗୋଟିଏ କଥା ବାରମ୍ବାର ବାଡ଼େଇ ହେଉଥିଲା, ଗୋଟେ ଜୀବନ୍ତ ପିଲାର ପ୍ରାଣ ରକ୍ଷାକୁ ପଛ କରି ଏମାନେ କେଉଁ ପଥର ଦେହରେ ପ୍ରାଣ ପ୍ରତିଷ୍ଠା କରିବାକୁ ଯାଉଛନ୍ତି!

ବିଗ୍ରହ ଦେହରେ ପ୍ରାଣ ପ୍ରତିଷ୍ଠା ଉତ୍ସବ ସାରି ଫେରିଲେ ମନ୍ତ୍ରୀ। ଡ୍ରାଇଭର ଆଖିରେ କିନ୍ତୁ ନାଚି ଉଠୁଥିଲା ପ୍ରାଣ ରକ୍ଷା ପାଇଁ ସଂଘର୍ଷ କରୁଥିବା ଛୋଟ ପିଲାଟିର ରକ୍ତାକ୍ତ ଶରୀର ଓ ଶୁଖିଲା ମୁହଁ। ■

ଭିରଙ୍ଗ, ତିରଣ
ଜଗତସିଂହପୁର- ୭୫୪୧୩୮
ମୋ: ୯୪୩୮୪୬୮୪୭୪

# ପକ୍ଷହୀନ ଜଟାୟୁ ମୁଁ



କୁନଳତା ତ୍ରିପାଠୀ

ବୟୋବୃଦ୍ଧ ଜଟାୟୁ ମୁଁ
ସମୟ ସରସୀର ପ୍ରଭାବିତ ସ୍ରୋତେ ପକ୍ଷହୀନ
ଭାସି ଭାସି ଅଙ୍କା ବଙ୍କା ସର୍ପିଳ ପଥେ
ଝଡ଼ ଝଞ୍ଜା ସହି ସହି ଅରଣ୍ୟ ବାସରେ
ଅନେକ ଅନୁଭୂତିରେ ଜୀବନକୁ ପରଖିଛି ମୁଁ
କେତେ ବ୍ୟଥା ବେଦନାର ସ୍ୱର ଆଙ୍କି ହୋଇ
ସମୟ ପୃଷ୍ଠାରେ ଅଲିଭା ସ୍ୱାକ୍ଷରେ,,
କେତେ ଅବା ଧୋଇ ହୋଇ
ହିସାବ କି ଦେଇ ମୁଁ ପାରିବି?
ନିରେଖି ପାରିନି ତାହା ଆବଶ୍ୟକ ଅନାବଶ୍ୟକ ଭେଦେ
ମାତ୍ର ଇତିହାସ ମୂକସାକ୍ଷୀ ହୋଇ ରୂପରେଖ ଦେଇଥାଏ ତା'ର,
ଜାଣିଛି ମୁଁ ତାହା
ମୃତ୍ୟୁକୁ ଆପଣେଇ ପାରିନି ମୁଁ
ଭୀଷଣ ଏ ଚନ୍ଦ୍ରହାସ ଖଡ୍‌ଗର ଆଘାତେ,
ବଞ୍ଚିଛି ମୁଁ ବଞ୍ଚିଥିବି କର୍ମକ୍ଳାନ୍ତ ଜୀବନେ ମୋ ଅପାରଗ ହୋଇ,
ରାବଣର ବିଦ୍ରୂପ ହସରେ ଯଦିଓ ପ୍ରତାରିତ ମୁଁ - ମାତ୍ର ପ୍ରଚୋଦିତ
ଅପେକ୍ଷମାଣ ମୁଁ ସମ୍ବେଦନାର ସମ୍ମୋହନ ମନ୍ତ୍ରେ,
ହୁଏତ ଏ ହୋଇପାରେ ମୋର ଅନ୍ତିମ ପ୍ରତୀକ୍ଷା,
ମାତ୍ର ନୁହେଁ ଶେଷ ସ୍ୱର
ଅଥଚ ମୋ ଜୀବନର ସର୍ବମୂଲ୍ୟ ଶେଷ ଆଶା ଭରସାର
ଭୂମିକାଟିଏ ନିଭାଇବା ପାଇଁ।
ରାବଣର ଅଟ୍ଟହାସ୍ୟ,
ବିଚଳିତ କରିପାରିନି ମୋତେ
ମାରି ମରିବାର ପଣ ମୋ' ଭିତରେ
ଶୂନ୍ୟତାରେ ପୂର୍ଣ୍ଣତାର ଉପଲବ୍ଧି ଦେଇ।

ଅନ୍ତ ହେବ ଦୁରାଚାର
ଅବସାନ ଘଟିବ ଭ୍ରଷ୍ଟର
ଧର୍ମ ସଂସ୍ଥାପନ ପାଇଁ ଯୁଗେ ଯୁଗେ
ଅନ୍ତିମ ଅଭିଳାଷ ନେଇ
ଯୁଗେ ଯୁଗେ ଜନମେ ଜନମେ
ପକ୍ଷହୀନ ଜଟାୟୁ ମୁଁ ଏବେ ବି ବଞ୍ଚିଛି
ପ୍ରତୀକ୍ଷାର ଘଟିନାହିଁ ଅନ୍ତ। ■

କଟକ
ମୋ: ୮୩୩୯୦୫୧୧୭୩



# ରେ ଜୀବନ!



ପବିତ୍ର ମୋହନ ଦାଶ

ତୁ ନିମନ୍ତ୍ରଣ ଦେଇଯାଉ
ଆକାଶରେ ପହଁରିବା ପାଇଁ
ମୋର ଡେଣା ଗଜୁରେ ନାହିଁ,
ତୁ ପ୍ରେରଣା ଦେଉ
ନଦୀ ସହ ସ୍ୱର ସାଧନା ପାଇଁ
ଗଳାରେ କର୍କଟ ମୋର
କଣ୍ଠ ଫିଟେ ନାହିଁ,
ତୁ ଆଦେଶ ଦେଉ
ତୋଫାନ ସହ ମାତି ଉଠିବା ପାଇଁ
ରକ୍ତରେ ମୋ ନିଶା ମିଶେ ନାହିଁ,
ତୁ ଉତ୍ସାହିତ କରୁ
ସମୁଦ୍ର ସହ ନାଚିବା ପାଇଁ
ପକ୍ଷାଘାତ ଗ୍ରସ୍ତ ମୋର ଗୋଡ଼
ପାଦ ଚଳେ ନାହିଁ,
ରେ ଜୀବନ!
ତୁ କହୁ ଅଜ୍ଞାତ ସହିତ
ଘର ଛାଡ଼ି ଚାଲି ଯିବା ପାଇଁ
ମୁଁ ନାଚାର ଖୋଲେନା କବାଟ
କେଜାଣି କିମ୍ପାଇଁ? ■

ଇଂରାଜୀ ବିଭାଗ
ଶାସ୍ତ୍ରୀ ସ୍ମୃତି ଡିଗ୍ରୀ ମହାବିଦ୍ୟାଳୟ
ବାଲିପୁଟ, ପୁରୀ -୭୫୨୦୪୫

# ସୁରେନ୍ଦ୍ରଙ୍କ ଗଳ୍ପରେ ବୌଦ୍ଧ ଚେତନା



ଡକ୍ଟର ବାସନ୍ତୀ ମହାନ୍ତି

କଥାଶିଳ୍ପୀ ସୁରେନ୍ଦ୍ର ମହାନ୍ତିଙ୍କ ଗଭୀର ଜୀବନ ଜିଜ୍ଞାସା ଓ ତା'ର ଉପଲବ୍ଧି ହେଲା - "ଜୀବନ ପବିତ୍ର ଓ ଅନାବିଳ। ଜ୍ୟୋତ୍ସ୍ନାର ପ୍ରତିଫଳନ ଏଇ ଶିଶିର ବିନ୍ଦୁରେ ଯେତିକି ଲୋଭନୀୟ ନର୍ଦ୍ଦମାରେ ସୁଦ୍ଧା ସେତିକି ରମଣୀୟ । ପୁଣ୍ୟ ମଧ୍ୟରେ ଜୀବନ ଯେପରି ଶୁଭ୍ର, ସୁନ୍ଦର, ପାପ ମଧ୍ୟରେ ଜୀବନ ମଧ୍ୟ ସେହିପରି ସ୍ୱଚ୍ଛ ଓ ରମଣୀୟ । ଦେହର ଜାନ୍ତବ କ୍ଷୁଧା ମଧ୍ୟରେ ମଧ୍ୟ ଜୀବନର ପୁଣ୍ୟମୟ ଉପଲବ୍ଧି ଅଛି।" ଜୀବନର ଏ ଗୂଢ଼ ତତ୍ତ୍ୱକୁ ନିଷ୍କପଟ ଭାବରେ ସେ ତାଙ୍କ ବହୁ ସୃଷ୍ଟିରେ ଉପସ୍ଥାପନା କରିଛନ୍ତି। ଏହି ଚିନ୍ତାଧାରାକୁ ସମ୍ବଳିତ କରି ସୁରେନ୍ଦ୍ରଙ୍କର ବୌଦ୍ଧ ଯୁଗର ଗଳ୍ପଗୁଡ଼ିକ ସମୃଦ୍ଧ । ଏ ପ୍ରକାର ଗଳ୍ପଗୁଡ଼ିକ ସଂଖ୍ୟା ସର୍ବମୋଟ ଛଅଟି । ସେଗୁଡ଼ିକ ହେଉଛି – 'ସାରୀପୁତ୍ତ', 'ଅମ୍ବାପଲ୍ଲୀ', 'ମଧୁମତ୍ତାର ରାତ୍ରୀ', 'ପିତା ଓ ପୁତ୍ର', 'ମହାନିର୍ବାଣ' ଓ 'ଉଦ୍ରାମପୁତ୍ର'।

ଉଦ୍ରାମପୁତ୍ର ମହାଯୋଗୀ ବୌଦ୍ଧ ସନ୍ନ୍ୟାସୀ କଳିଙ୍ଗର ଅଧିବାସୀ ଥିଲେ। ତାଙ୍କ ସମ୍ପର୍କରେ "ଚୀନ୍ ପରିବ୍ରାଜକ ହୁଏନ୍‌ସାଂଙ୍କ ବିବରଣୀରେ (ଖ୍ରୀଷ୍ଟୀୟ ସପ୍ତମ ଶତାବ୍ଦୀ) ମହାନଦୀ (M.O.-HO-River) ତଟବର୍ତ୍ତୀ ମହାକାନ୍ତାରରେ ମହାଯୋଗୀ ଉଦ୍ର ରାମପୁତ୍ରଙ୍କ ବିବରଣୀ ବର୍ଣ୍ଣିତ ଅଛି।" ବୌଦ୍ଧଯୁଗର ଗୋଟିଏ ସତ୍ୟ ଆଧାରିତ ଚରିତ୍ରକୁ ନେଇ 'ଉଦ୍ର ରାମପୁତ୍ର' ଗଳ୍ପଟିର ପରିକଳ୍ପନା ହୋଇଛି । ଗଳ୍ପଟିର ବିଷୟବସ୍ତୁ କିନ୍ତୁ ରାମାୟଣ ଯୁଗର ରାଜା ଦଶରଥଙ୍କ ରାଜ୍ୟରେ ଅନାବୃଷ୍ଟିର ନିରାକରଣ ପାଇଁ ଆଜନ୍ମ ବ୍ରହ୍ମଚାରୀ ଋଷ୍ୟଶୃଙ୍ଗଙ୍କ ପଦସ୍ପର୍ଶ ଅଯୋଧ୍ୟା ରାଜ୍ୟରେ କରାଇବା ଓ ରାଜକନ୍ୟା ଶାନ୍ତାଙ୍କୁ ଅର୍ପଣ କରିବା ଉପାଖ୍ୟାନ ସହ ସାମଞ୍ଜସ୍ୟ ରଖେ । ଏ ଗଳ୍ପରେ କଥାବସ୍ତୁ ପ୍ରଧାନ ନୁହେଁ; କିନ୍ତୁ ଜଣେ ସଂସ୍କାରକ ସାଧନା-ନିଷ୍ଠ, ଜିତେନ୍ଦ୍ରୀୟ ନିର୍ବାଣ କାମୀ ବୌଦ୍ଧଭିକ୍ଷୁ ବିଶ୍ୱକଲ୍ୟାଣ ପାଇଁ ତାର ସକଳ ତପଃଫଳ ଉତ୍ସର୍ଗ କରିଦେଇ ପରିଶେଷରେ କିପରି ଜୀବନର ଚିରନ୍ତନ ମଧୁର ଅନୁଭବ ଜାନ୍ତବ କାମନା ନିକଟରେ ଆତ୍ମସମର୍ପଣ କରିଛି ସେହି ଭାବ ସମ୍ପଦ ଉପରେ ପ୍ରାଧାନ୍ୟ ଦିଆଯାଇଛି । ଜୀବନର ଏକ ଚିରନ୍ତନ ସତ୍ୟ ହିଁ ଗଳ୍ପଟିରେ ମାର୍ମିକ ଭାବରେ ବର୍ଣ୍ଣିତ ହୋଇଛି ।

ସୁରେନ୍ଦ୍ର ମହାନ୍ତିଙ୍କ 'ସାରୀପୁତ୍ତ' ଜୀବନକୁ ବନ୍ଦନା କରୁଥିବା ଅନ୍ୟ ଏକ ସାର୍ଥକ ବୌଦ୍ଧ ଗଳ୍ପ । ଗୌତମ ବୁଦ୍ଧ ଯନ୍ତ୍ରଣା କ୍ଲିଷ୍ଟ ଜୀବନର ଅସାରତା ଓ ନିର୍ବାଣ ତତ୍ତ୍ୱରେ ପ୍ରଭାବିତ ହୋଇ ସାରୀପୁତ୍ତ ଗୃହତ୍ୟାଗୀ ହୋଇ ସଂଘଭୁକ୍ତ ହୋଇଛି। ମା' ରୂପଶ୍ରୀର କୋମଳ ମାତୃ ହୃଦୟ ପୁତ୍ର ବିଚ୍ଛେଦରେ ଖଣ୍ଡବିଖଣ୍ଡିତ ହୋଇପଡ଼ିଛି । ଦିନ ଦିନ ଧରି ସେ ପୁତ୍ରର ଘର ବାହୁଡ଼ାକୁ ପ୍ରତୀକ୍ଷା କରି ଯନ୍ତ୍ରଣା ଜର୍ଜରିତ ମୁହୂର୍ତ୍ତମାନଙ୍କୁ ଅତିବାହିତ କରୁଛି । ପୁତ୍ର, ପୁତ୍ରବଧୂ, କଳତ୍ରମାନଙ୍କୁ ନେଇ ଏକ ଭରପୂର ସାଂସାରିକ ଜୀବନରେ କାଳ୍ପନିକ ମୋହରେ ସେ ମୋହଗ୍ରସ୍ତ ହୋଇ ପଡ଼ିଛି । ରିଷ୍ଟ ଖଣ୍ଡନ ପାଇଁ ବ୍ରାହ୍ମଣ ଦେବତାଙ୍କୁ ପୂଜା ଆରାଧନା ଅର୍ଘ୍ୟ ଦେଇଛି । ଅବଶେଷରେ ସାରୀପୁତ୍ତ ଫେରିଛି କିନ୍ତୁ ପୁତ୍ର ରୂପରେ ନୁହେଁ ଭିକ୍ଷୁ ରୂପରେ । ଗୌତମୀ ପ୍ରଜାପତିଙ୍କ ସହକର୍ମିଣୀ ପାଇଁ ସେ ମାତା ରୂପଶ୍ରୀଙ୍କୁ ଭିକ୍ଷା ରୂପରେ ଚାହିଁଛନ୍ତି । ସାରୀପୁତ୍ତଙ୍କର ଏ ଭିକ୍ଷାରେ ରୂପଶ୍ରୀର ମାତୃ ହୃଦୟ ଆର୍ତ୍ତନାଦ କରି ଉଠୁଛି । ସେ ନିର୍ବାଣ ନୁହେଁ ଜୀବନ ଚାହାନ୍ତି ବୋଲି ନିଷ୍ଠୁର ଭାବରେ ବହୁବାଞ୍ଛିତ ପୁତ୍ରକୁ ରିକ୍ତ ହସ୍ତରେ ଫେରେଇ ଦେଇଛନ୍ତି । ଜୀବନର ଏ ମହାର୍ଘ ଜୟଗାନ ଭିତରେ ବୁଦ୍ଧଙ୍କର ସକଳ ଧର୍ମୋପଦେଶ, ନିର୍ବାଣୋନ୍ମୁଖୀ କାମନା ଓ ଜୀବନକୁ ଯନ୍ତ୍ରଣାମୁକ୍ତ କରିବାର ପ୍ରଚେଷ୍ଟା ମ୍ଳାନ ହେଲା ଭଳି ଅନୁଭୂତ ହୁଏ, କାରଣ ଜୀବନ ଥିଲେ ଯନ୍ତ୍ରଣା ଅଛି, କାମନା ଅଛି ପୁଣି ଆନନ୍ଦବୋଧ ଅଛି ।

'ଅମ୍ବାପଲ୍ଲୀ' ଗଳ୍ପ ତତ୍କାଳୀନ ସାମାଜିକ ବିଧି ବ୍ୟବସ୍ଥା ନିକଟରେ ସମର୍ପିତା ଅସହାୟ ନାରୀତ୍ୱର ଆହତ ଆତ୍ମଲିପି। ବୌଦ୍ଧ ଧର୍ମଦର୍ଶନର ପୃଷ୍ଠପୀଠିକାରେ ଗଳ୍ପଟି ଅବସ୍ଥା ବାଧ୍ୟ ନାରୀତ୍ୱର ହାହାକାର ଗଳ୍ପର ଭାବସମ୍ପଦ। ରୂପଶ୍ରୀ ଭଳି ଗଣତନ୍ତ୍ରର ବର୍ବର ସାମୂହିକ ନିଷ୍ପତ୍ତି ତାର ନାରୀତ୍ୱକୁ ଅବମାନନା କରିଛି। ସେ ଗଣ ଭୋଗ୍ୟା ହୋଇଛି। ବୈଶାଳୀର ସ୍ୱାର୍ଥ ପାଇଁ ସେ ବ୍ୟକ୍ତିଗତ ସୁଖ ସ୍ୱାଚ୍ଛନ୍ଦ୍ୟ ସ୍ୱପ୍ନ ଓ ସମ୍ଭାବନାକୁ ବିସର୍ଜନ ଦେଇଛି। 'ଥେରୀ ଗାଥା'ରେ ଅମ୍ବାପଲ୍ଲୀର ସ୍ୱରଚିତ ଗୋଟିଏ ଆତ୍ମକାହାଣୀ ମୂଳକ କବିତାରେ ଏହିପରି ଗୋଟିଏ ଗଣିକାର ବ୍ୟର୍ଥ ନାରୀତ୍ୱର ଅଶ୍ରୁଳ ଚିତ୍ର ବର୍ଣ୍ଣିତ ହୋଇଛି। ଅମ୍ବାପଲ୍ଲୀ ଥିଲା ବିଦୂଷୀ। ଜୀବନର ବ୍ୟର୍ଥତା ଓ ହା'ହତାଶକୁ ତିଳତିଳ ଉପଲବ୍ଧି କରି ପ୍ରାଚୁର୍ଯ୍ୟ ଓ ସୌନ୍ଦର୍ଯ୍ୟର ବିଭୂତି ସତ୍ତ୍ୱେ ସେ ଜୀବନ ବିଦ୍ୱେଷୀ ହୋଇପଡ଼ିଛି । ତା'ର ବଞ୍ଚିତ ମାତୃତ୍ୱର ଆହତ ସ୍ୱାକ୍ଷର 'ଜୀବକ' ଯାହାକୁ ଦିନେ ସେ ଆହତ ଅଭିମାନରେ ପରିତ୍ୟାଗ କରିଦେଇଥିଲା, ତାକୁ ଅତି ନିକଟରେ ପାଇ ସୁଦ୍ଧା ମାତୃତ୍ୱର ଉତ୍ତାପ ପ୍ରଶମିତ କରିପାରୁ ନାହିଁ । ଦେହ ସର୍ବସ୍ୱ ହେବା ପାଇଁ ତତ୍କାଳୀନ ସମାଜ ତାକୁ ଅନୁବନ୍ଧିତ କରିଥିଲେ ସୁଦ୍ଧା ଆତ୍ମାର ତୀବ୍ର ଆହ୍ୱାନ ତାକୁ ଉନ୍ମନା କରିଛି । ଏକ ପକ୍ଷରେ ତା' ଶରୀରକୁ ବନ୍ଦନା କରୁଥିବା ବିମ୍ବିସାର ଓ ଅନ୍ୟ ପକ୍ଷରେ ଶରୀରର କାମନା ବାସନାକୁ ତୁଚ୍ଛ କରି ଆତ୍ମାର ଊର୍ଦ୍ଧ୍ୱଗତି ପାଇଁ ସନ୍ଦେଶ ପ୍ରଦାନ କରୁଥିବା ଗୌତମବୁଦ୍ଧ, ଭୁବନ ମୋହିନୀ ବେଶରେ ସଜ୍ଜିତା ଆମ୍ରପାଲ୍ଲୀ ଜୀବନର ବହୁବାଞ୍ଛିତ ନିଷ୍ପତ୍ତିକୁ ଗ୍ରହଣ କରିନେଇଛି ।

'ମଧୁମତ୍ତାର ରାତ୍ରୀ' କିନ୍ତୁ ନାରୀ ପ୍ରତି ଚିରାଚରିତ ବିଚାର ଧାରାର ଏକ ନୀରବ ବିଦ୍ରୋହ । ଏ ଜନ୍ମରେ ନହେଲେ ସୁଦ୍ଧା ନାରୀ ପ୍ରତି ସାମାଜିକ ବିଧି ବ୍ୟବସ୍ଥାକୁ ମୌନ ପ୍ରତିବାଦ କରି ପରଜନ୍ମରେ ନାରୀତ୍ୱର ମହନୀୟ ଆବେଦନକୁ ଗଣଭୋଗ୍ୟା ନାରୀଟିଏ ଅନୁଭବ କରିବା ପାଇଁ ବ୍ୟାକୁଳ ହୋଇପଡ଼ିଛି। ସେଥିପାଇଁ ସେ ନିର୍ବାଣ ତତ୍ତ୍ୱର ମହିମା ପ୍ରଚାର କରୁଥିବା ବୌଦ୍ଧ ସନ୍ନ୍ୟାସୀମାନଙ୍କୁ ବାରମ୍ବାର ପରଜନ୍ମ ସମ୍ପର୍କରେ ଉତ୍ପୀଡ଼କ ପ୍ରଶ୍ନ ପଚାରି ଅସ୍ଥିର କରିଦେଇଛି। ତପୋକ୍ଲିଷ୍ଟ ସଂଯମପିଣ୍ଡିତ ଏ ବୌଦ୍ଧ ଭିକ୍ଷୁମାନଙ୍କ ସାଧନାକୁ ନିଜର ମଧୁମତ୍ତ ଆକର୍ଷଣରେ ମୋହଗ୍ରସ୍ତ କରି ସେହି ବିଦ୍ରୋହ ବ୍ୟଞ୍ଜକ ପ୍ରଶ୍ନ କରିଛି । 'ଅନ୍ୟର ପାଦତଳେ କେବଳ ଅସହାୟ ଭାବରେ ନିବେଦିତ ହେବା ହିଁ କ'ଣ କୁସୁମର ଭବିତବ୍ୟ'? ଏ ଗଭୀର ଜିଜ୍ଞାସା ଅନ୍ତରାଳରେ ଐଶ୍ୱର୍ଯ୍ୟ ଓ ପ୍ରାଚୁର୍ଯ୍ୟରେ ଆଜୀବନ ପ୍ରତିପାଳିତା ଓ ନାରୀତ୍ୱକୁ ଅନ୍ୟର ପାଦତଳେ ନିବେଦିତ କରୁଥିବା ନାରୀଟିଏ 'ହୁଏତ କାମନା କରୁଥିଲା ଏକ ନାମହୀନ ଜନପଦର ଅଖ୍ୟାତ ଅଜ୍ଞାତ କୋଣରେ କେଉଁ ଏକ ସାମାନ୍ୟ ଗୃହସ୍ଥଳୀର ପରିଚ୍ଛନ୍ନ, ଶୁଭ୍ର ଅଙ୍ଗନ ।'

'ପିତା ଓ ପୁତ୍ର' ଗଳ୍ପ ସୁରେନ୍ଦ୍ର ମହାନ୍ତିଙ୍କ ଏକ ବହୁ ଚର୍ଚ୍ଚିତ ଗଳ୍ପ । ରୁଚିପୂର୍ଣ୍ଣ ସମ୍ଭ୍ରାନ୍ତ ଭାଷା ଶୈଳୀ ଓ ବିଷୟବସ୍ତୁର ନାଟକୀୟ ଉପସ୍ଥାପନାରେ ଉକ୍ତ ଗଳ୍ପଟି ତାଙ୍କ ସୃଷ୍ଟି ଅନ୍ୟ ସମସ୍ତ ଗଳ୍ପଠାରୁ ଅଗ୍ରଗଣ୍ୟ ମନେହୁଏ । ଗଳ୍ପଟିର କଥାବସ୍ତୁ ଅପେକ୍ଷା ଆଙ୍ଗିକ ଶୈଳୀ ବେଶ୍ ଆକର୍ଷଣୀୟ । ତାଙ୍କର ଅନ୍ୟାନ୍ୟ ବୌଦ୍ଧଯୁଗୀୟ ଗଳ୍ପ ଭଳି ଏଥିରେ ବୌଦ୍ଧ ଧର୍ମ ଦର୍ଶନର ବ୍ୟାଖ୍ୟା ନାହିଁ । ମଗଧର ରାଜା ଅଜାତଶତ୍ରୁଙ୍କର ପୁତ୍ର ଉଦାୟୀ ଓ ତାଙ୍କର ପରବର୍ତ୍ତୀ ତିନିଜଣ ବଂଶଧର ପିତୃହନ୍ତା ଥିଲେ । ପ୍ରଜାମାନେ ଏଥିରେ ଉତ୍ତେଜିତ ହୋଇ କାଶୀରାଜା ଶିଶୁନାଗଙ୍କୁ ମଗଧର ସିଂହାସନରେ ଅଭିଷିକ୍ତ କରିଥିଲେ । ଇତିହାସର ଏହି ସତ୍ୟକୁ ଆଧାର କରି ପିତା ଓ ପୁତ୍ର ଗଳ୍ପ ପରିକଳ୍ପିତ ହୋଇଛି । ସ୍ରଷ୍ଟା ଯେତେ ନିଷ୍ଠୁର ନିର୍ମମ ନିଷ୍କରୁଣ ହେଲେ ସୁଦ୍ଧା ନିଜ ସୃଷ୍ଟି ନିକଟରେ ସେ ସର୍ବଦା ଅସହାୟ, କ୍ଷମାସ୍ନିଗ୍ଧ ଓ କରୁଣାମୟ । କିନ୍ତୁ ପିତୃତ୍ୱର ଅନୁଭବ ନହେବା ପର୍ଯ୍ୟନ୍ତ ସ୍ରଷ୍ଟାର ଏ ଅମୃତମୟ ଉପଲବ୍ଧି ଆସେ ନାହିଁ । ଉକ୍ତ ଗଳ୍ପରେ ଏହି ସତ୍ୟ ଉପସ୍ଥାପିତ ହୋଇଛି ।

'ମହାନିର୍ବାଣ' ଗଳ୍ପ ନାୟକ ବୌଦ୍ଧଭିକ୍ଷୁ ନୀଳୋତ୍ପଳ ଶତ ସାଧନା ଓ ସଂଯମ ଭିତରେ ଯେଉଁ ଅନିର୍ବଚନୀୟ, ଅଦ୍ୱୟ ଶୂନ୍ୟତାର ଅନୁଭବ ପାଇ ନଥିଲେ ମଧୁବ୍ରତାର ପେଲବ କରତଳ ସ୍ପର୍ଶ କରି ତାହା ପାଇଛନ୍ତି ବୋଲି ସ୍ୱୀକାର କରନ୍ତି । ଦେହର କ୍ଷୁଧାରେ ଆତ୍ମାର ଅଭୀପ୍ସା ମଳିନ ହୋଇପଡ଼ିଛି । ଏ ମହାସୁଖର ଅନୁଭବ ଭିତରେ ସେ ନିର୍ବାଣର ମହାଶୂନ୍ୟତା ଉପଲବ୍ଧି କରିଛନ୍ତି । ପ୍ରବୃତ୍ତି ଓ ନିବୃତ୍ତିର ସଂଘର୍ଷ ଭିତରେ ପ୍ରବୃତ୍ତି ଜୟଲାଭ କରିଛି । ନିର୍ବାଣ ଅପେକ୍ଷା ଜୀବନ ହୋଇ ଉଠିଛି ଅଧିକ କାମ୍ୟ । ବୌଦ୍ଧ ଦର୍ଶନ ତତ୍ତ୍ୱରେ ଏସବୁ କିନ୍ତୁ ସ୍ଖଳନ । ସେଥିପାଇଁ ବ୍ରହ୍ମଦଣ୍ଡ ଭୋଗିବାକୁ ପଡ଼େ । ଜୀବନର କ୍ଷଣଭଙ୍ଗୁରତା ଉପଲବ୍ଧି ପାଇଁ ଘୋର ଶ୍ମଶାନରେ ଅଶୁଭ ଭାବନା ଅଭ୍ୟାସ କରିବାକୁ ହୁଏ । ନୀଳୋତ୍ପଳ ସେହି ଅଶୁଭ ଭାବନା ଅଭ୍ୟାସରେ ସମ୍ପୂର୍ଣ୍ଣ ସିଦ୍ଧି ପ୍ରାପ୍ତ ହୋଇସାରିବା ପରେ ସୁଦ୍ଧା ମଧୁବ୍ରତାର ଶବପିଣ୍ଡ ତାଙ୍କର ସକଳ ଶୀଳ ସଂଯମକୁ ଚୂର୍ଣ୍ଣୀଭୂତ କରିଦେଇଛି । ମଧୁବ୍ରତାର ଉଲଗ୍ନ ଶବ ପିଣ୍ଡକୁ ଆଲିଙ୍ଗନ କରି ସେ ଅଗଣିତ କ୍ଷୁଧିତ ଚୁମ୍ବନରେ ଆଚ୍ଛନ୍ନ କରିଦେଇଛନ୍ତି । ନିର୍ବାଣର ମହାସୁଖକୁ ଅସ୍ୱୀକାର କରି ଜୀବନର କ୍ଷଣଭଙ୍ଗୁରତା ଭିତରେ ସେ ଅମୃତର ସନ୍ଧାନ କରିଛନ୍ତି ।


ସୁରେନ୍ଦ୍ରଙ୍କ ବୌଦ୍ଧଯୁଗୀୟ ଗଳ୍ପଗୁଡ଼ିକରେ ତାଙ୍କର ଗଭୀର ଅଧ୍ୟବସାୟ ଓ ଅଧ୍ୟୟନର ଚିତ୍ର ସୁସ୍ପଷ୍ଟ । ଏ ଗଳ୍ପଗୁଡ଼ିକରେ "ଜୀବନ ସଂଭୋଗର ନହବତରେ ପୁଷ୍କଳ ହେବ କି ତ୍ୟାଗ, ସଂଯମ ଓ କୃଚ୍ଛ୍ର ସାଧନାର ନିରବିଚ୍ଛିନ୍ନ ଯନ୍ତ୍ରଣା ଜର୍ଜରିତ ହୋଇ ନିର୍ବାଣ ନିମନ୍ତେ ବୁଦ୍ଧସଂଘ ଓ ଧର୍ମ ଆଶ୍ରା କରିବ ।" ଏ ଉତ୍ପୀଡ଼କ ଜିଜ୍ଞାସାରେ ବ୍ୟକ୍ତି ଅସ୍ଥିର ହୋଇ ପଡ଼ିଛି । ଏ ଜୀବନ ଜିଜ୍ଞାସା ଓ ଜୀବନର ଅନ୍ୱେଷଣ ଭିତରେ ମନେହୁଏ ଜୀବନ ସଂଭୋଗୀ ସୁରେନ୍ଦ୍ର ମହାନ୍ତି ଜୀବନର ହିଁ ବନ୍ଦନା କରିଛନ୍ତି । ତାଙ୍କ ଚରିତ୍ରଗୁଡ଼ିକ ସାଧନା ପିଣ୍ଡିତ ଜୀବନ ଭିତରେ ଯେତିକି ମର୍ଯ୍ୟାଦାବନ୍ତ ଓ ଗୁରୁଗମ୍ଭୀର ତା'ଠାରୁ ଅଧିକ ରମଣୀୟ ହୋଇଛନ୍ତି । ସ୍ଖଳନ ଓ ପାପାଚାର ମଧ୍ୟରେ ଜୀବନ ହିଁ ତାଙ୍କର ପରମକାମ୍ୟ, ନିର୍ବାଣ ନୁହେଁ । ଏ ସତ୍ୟ ସ୍ପଷ୍ଟ ଓ ନିର୍ଭୀକ ଭାବରେ ବହୁ ଚରିତ୍ରଙ୍କ ମୁହଁରେ ସେ ଉଦ୍‌ଘୋଷଣା କରିଛନ୍ତି । ■

ଦି ଏମେରାଲ୍ଡ୍ ଆପାର୍ଟମେଣ୍ଟ
ବ୍ଲକ୍- ସି, ୨୧୩, ଲକ୍ଷ୍ମୀସାଗର, ଭୁବନେଶ୍ୱର-୬
ମୋ: ୯୪୩୭୦୩୩୦୭୪

## ପୂଜା ପତ୍ରିକା ପରିଚୟ

### ସୁଚିତ୍ରା

ସଂପାଦକ : କନ୍ଦର୍ପ ବେହେରା




ଡଇଁଚା, ରେଢ଼ାଖୋଲ
ଜି: ସମ୍ବଲପୁର-୭୬୮୧୦୬
ମୂଲ୍ୟ:୫୦ ଟଙ୍କା

ସୃଜନର ସ୍ପନ୍ଦନ 'ସୁଚିତ୍ରା'ର ଶାରଦୀୟ ସଂଖ୍ୟା ୨୦୨୫ ଆମର ହସ୍ତଗତ ହୋଇଛି । କନ୍ଦର୍ପ ବେହେରାଙ୍କ ସଂପାଦନାରେ ପ୍ରକାଶିତ 'ସୁଚିତ୍ରା'ର ଚଳିତ ସଂଖ୍ୟାଟି କେତେ ଜଣ ବରିଷ୍ଠ, ଯୁବ ଲେଖକଙ୍କ କବିତା, ଗପ, ପ୍ରବନ୍ଧ, ଶିଶୁ ସାହିତ୍ୟ, ସାକ୍ଷାତକାରରେ ସମୃଦ୍ଧ ହୋଇଛି । କବିତା ବିଭାଗରେ କ୍ଷମାନିଧି ଭୋଇଙ୍କ 'ତୁମେ', ରମାକାନ୍ତ ଜେନାଙ୍କ 'ଶବ୍ଦ ସହ ସାମ୍ନାସାମ୍ନି', ଦେବାଶିଷ ଚକ୍ରବର୍ତ୍ତୀଙ୍କ 'ନାକ୍‌ଟିଦେଉଳ', ଐଶ୍ୱର୍ଯ୍ୟା ମିଶ୍ରଙ୍କ 'ଶୂନ୍ୟା', ବିକାଶୀ ପ୍ରିୟଦର୍ଶିନୀ ରାଉତଙ୍କ 'ତୋ ଅମୃତ ପରଶରେ', ଇପ୍‌ସିତା ପ୍ରିୟଦର୍ଶନୀ ପରିଡ଼ାଙ୍କ 'ମୃତ୍ୟୁ ପରର ଆତ୍ମା', ସନ୍ତୋଷିନୀ ଦାଶ (ଗିରି)ଙ୍କ 'ଜୀବନ', ସନ୍ତୋଷ କୁମାର ରଥଙ୍କ 'ସେଲ୍‌ଫି ବ୍ୟାଧି', ଡକ୍ଟର ଅନୀଲ କୁମାର ସାହୁଙ୍କ 'ପ୍ରୀତିପର୍ଣ୍ଣା' ଆଦି କବିତାରେ ସାମାଜିକ ବାସ୍ତବତା, ମଣିଷ ଜୀବନ ନାନା ଦ୍ୱନ୍ଦ୍ୱ, ସଂଘର୍ଷ, ନାରୀ ମନର ଅକୁହା ବେଦନା ପ୍ରତିଫଳିତ ହୋଇଛି । ସେହିପରି ବିପିନ ମହାନନ୍ଦଙ୍କ 'ସେଇ ଝିଅଟିର ଦୁଇ ନୀଳ ଆଖି', ଗାୟତ୍ରୀ ସିଂହଙ୍କ 'ଡୋରି', ସ୍ରୋତସ୍ୱିନୀ ପରିଡ଼ାଙ୍କ 'ଆଖିର କଥା' ଆଦି ଗପଗୁଡ଼ିକ ମନଛୁଆଁ ହୋଇଛି । ତେବେ ପ୍ରବନ୍ଧ, ପ୍ରଥମ ବହିର ସ୍ମୃତି, ଧର୍ମ, ସାକ୍ଷାତକାର, କଥାବାର୍ତ୍ତା, ପର୍ଯ୍ୟଟନ, ପିଲାଙ୍କ ପୃଷ୍ଠା, ସମ୍ବଲପୁରୀ କବିତା ଆଦି ବିଭାଗର ଲେଖାଗୁଡ଼ିକ ମଧ ହୃଦୟସ୍ପର୍ଶୀ ହୋଇଛି । 'ସୁଚିତ୍ରା'ର ଶାରଦୀୟ ବିଶେଷାଙ୍କର ଲେଖାଗୁଡ଼ିକ ପାଠକମାନଙ୍କୁ ଭଲ ଲାଗିବ ବୋଲି ଆଶା କରାଯାଏ । ■

### ଆଗାମୀ ଶତାବ୍ଦୀ

ସଂପାଦକ : ସେକ୍ ମସୁଦ୍ ଅଲି



ଏମ୍-୬୮, ମଧୁସୂଦନ ନଗର
ୟୁନିଟ୍-୪, ଭୁବନେଶ୍ୱର- ୯
ମୂଲ୍ୟ:୫୦ ଟଙ୍କା

ସାହିତ୍ୟ ପତ୍ରିକା 'ଆଗାମୀ ଶତାବ୍ଦୀ'ର ଶାରଦୀୟ ବିଶେଷାଙ୍କ -୨୦୨୫ ସେକ୍ ମସୁଦ୍ ଅଲିଙ୍କ ସଂପାଦନାରେ ପ୍ରକାଶ ପାଇଛି । ଏହି ସଂଖ୍ୟାର ପ୍ରବନ୍ଧ ବିଭାଗରେ ଡକ୍ଟର ସତ୍ୟ ନାରାୟଣ ମିଶ୍ରଙ୍କ 'ଦୁର୍ଗତିନାଶିନୀ ଦୁର୍ଗତି', ଗୌରହରି ଦାସଙ୍କ 'ସୁରେନ୍ଦ୍ର ମହାନ୍ତିଙ୍କ ସ୍ପର୍ଶରେ ଶିଳା ଶାଳଗ୍ରାମ ପାଲଟୁଥିଲା', ଦାଶ ବେନହୁରଙ୍କ 'ଈଶ୍ୱର ତତ୍ତ୍ୱ', ଡକ୍ଟର ବିଜୟାନନ୍ଦ ସିଂହଙ୍କ 'ପୁଣ୍ୟତୋୟା ବିରୂପା-ଚିତ୍ରୋତ୍ପଳା ଭୂମିରେ ସ୍ୱାଧୀନତା ସଂଗ୍ରାମ', ଡକ୍ଟର ଶିଶିର ବେହେରାଙ୍କ 'ସଖୀତତ୍ତ୍ୱ ଓ ସନ୍ଥ ହାଡ଼ିବନ୍ଧୁ ଦାସ' ଆଦି ପ୍ରବନ୍ଧଗୁଡ଼ିକ ଉଚ୍ଚକୋଟୀର, ତଥ୍ୟ ଭିତ୍ତିକ ଓ ଚିନ୍ତନଶୀଳ ହୋଇଛି । ସେହିପରି ସଦାଶିବ ଦାଶଙ୍କ 'ଏଇତ ଜୀବନ', ପ୍ରୀତିଧାରା ସାମଲଙ୍କ 'ମାଟିର ସଂସାର', ତୁହିନାଂଶୁ ରଥଙ୍କ 'ମୁଁ ସମୟ ପାଲଟି ଯାଏ', ସୁଶାନ୍ତ କୁମାର ନାୟକଙ୍କ 'ବର୍ଷା ଭିଜା କୋହ', ବିରଜା ରାଉତରାୟଙ୍କ 'ମେଘବର୍ଣ୍ଣା ଅଶ୍ରୁ' ଆଦି କବିତାଗୁଡ଼ିକରେ ମଣିଷ ଜୀବନର ଯନ୍ତ୍ରଣା, ସାଂପ୍ରତିକ ସମୟର ଚିତ୍ର ଅତି ମାର୍ମିକ ଭାବେ ପ୍ରତିଫଳିତ ହୋଇଛି । ଗଳ୍ପ ବିଭାଗରେ ପଞ୍ଚାନନ କାନୁନ୍‌ଗୋଙ୍କ 'ଭଉଁରୀ', ସେକ୍ ମତଲୁବ ଅଲିଙ୍କ 'ଅନନ୍ତ ଅଭିସାର', ମାନସୀ ଦାସଙ୍କ 'ପୁତ୍ର କଳତ୍ର ଧନ ପାଇ', ସୁସ୍ମିତା ରଥଙ୍କ 'ଜୁଆର' ଆଦି ଗଳ୍ପ ହୃଦୟସ୍ପର୍ଶୀ ହୋଇଛି । 'ଆଗାମୀ ଶତାବ୍ଦୀ' ଏହି ସଂଖ୍ୟାର ପ୍ରତିଟି ଲେଖା ବେଶ୍ ଭାବଗର୍ଭକ ଓ ଆକର୍ଷଣୀୟ ହୋଇଛି । ■

### ସୁଗନ୍ଧ

ସଂପାଦକ : ଦୀପ୍ତି ଖଣ୍ଡୁଆଳ



ସିହା, ଏରସମା
ଜଗତସିଂହପୁର-୭୫୪୧୩୯
ମୂଲ୍ୟ:୧୦୦ ଟଙ୍କା

ଦୀପ୍ତି ଖଣ୍ଡୁଆଳଙ୍କ ସଂପାଦନାରେ ପ୍ରକାଶିତ 'ସୃଜନର ସୁଗନ୍ଧ'ର ଦ୍ୱିତୀୟ ବର୍ଷ ପ୍ରଥମ ସଂଖ୍ୟା ପାର୍ବଣ – ୨୦୨୫ ପ୍ରକାଶ ପାଇଛି । ଏହି ସଂଖ୍ୟାରେ 'ସ୍ମରଣୀୟ ଗଳ୍ପ'ରେ ଭଗବତୀ ଚରଣ ପାଣିଗ୍ରାହୀଙ୍କ 'ଶିକାର', ଅନ୍ନପୂର୍ଣ୍ଣା ମହାରଣାଙ୍କ 'ଦସ୍ୟୁ ହୃଦୟର ଦେବତା' ଦୁଇଟି ହୃଦୟସ୍ପର୍ଶୀ ଗପ ପ୍ରକାଶିତ ହୋଇଛି । 'କବିତା ବିଭାଗ'ରେ ସୀତାକାନ୍ତ ମହାପାତ୍ର, ବନଜ ଦେବୀ, ପ୍ରବାସିନୀ ମହାକୁଡ଼, ପୀତାମ୍ବର ତରାଇ, ସ୍ୱପ୍ନା ମିଶ୍ର, ପିନାକୀ ମିଶ୍ର ପ୍ରମୁଖଙ୍କ କବିତାଗୁଡ଼ିକର ଆତ୍ମିକ ଓ ଆଙ୍ଗିକ ଉଭୟ ବିଭବ ମନଛୁଆଁ ହୋଇଛି । ସେହିପରି ଆର୍ଯ୍ୟ ଯଜ୍ଞଦତ୍ତ, ସତ୍ୟ ମିଶ୍ର, ଗୌରହରି ଦାସ, ଅରବିନ୍ଦ ରାୟ, ଅଜୟ ସ୍ୱାଇଁ, କୃପାସାଗର ସାହୁ ପ୍ରମୁଖଙ୍କ ଗପଗୁଡ଼ିକରେ ସାଂପ୍ରତିକ ସମୟର ବାସ୍ତବ ଚିତ୍ର ପ୍ରତିଫଳିତ ହୋଇଛି । ପ୍ରବନ୍ଧ ବିଭାଗରେ ଡକ୍ଟର ସର୍ବେଶ୍ୱର ସେଣଙ୍କ 'ଚିହ୍ନା ମାଟି: ଅଚିହ୍ନା ମଣିଷ', ଦାଶରଥି ଜେନାଙ୍କ 'ବ୍ରହ୍ମ ଓ ବିଶର ମହାନ୍ତି', ଡ. ସାରଦା ପ୍ରସାଦ କରଙ୍କ 'ଜୀବନ ଜିଇଁବାର ବିକଳ୍ପ କଳା ହସଟିଏ' ଆଦି ପ୍ରବନ୍ଧଗୁଡ଼ିକ ଉଚ୍ଚକୋଟୀର ଓ ମନନଶୀଳ ହୋଇଛି । ସେଭଳି କାଶୀନାଥ ନନ୍ଦୀ ଓ ଗାୟତ୍ରୀ ଦାସଙ୍କ ମିନି ଗପ ଦୁଇଟି ମାର୍ମିକ ହୋଇଛି । ବଙ୍ଗାଳୀ ନନ୍ଦଙ୍କ ଦ୍ୱାରା ଅନୂଦିତ ହଦାତ୍ ହସନ୍ ମଣ୍ଟୋଙ୍କ 'ମିଷ୍ଟର୍ ଆଣ୍ଡ ମିସେସ୍'କୁ ଅନୁବାଦ ଗଳ୍ପ ଆକର୍ଷଣୀୟ ହୋଇଛି । 'ସୁଗନ୍ଧ'ର ଲେଖାଗୁଡ଼ିକ ପାଠକମାନଙ୍କୁ ଭଲ ଲାଗିବ ବୋଲି ଆଶା କରାଯାଏ । ■

# ବାଣ ବିସ୍ଫୋରଣରେ ଆହତ ଦୁଇ ଯୁବକଙ୍କ ମୃତ୍ୟୁ

ତିଗିରିଆ, ୧୮ ।୧୦ (ସମିସ): ତିଗିରିଆ ବାଣ ବିସ୍ଫୋରଣ ଘଟଣାରେ ଆହତ ଦୁଇ ଯୁବକଙ୍କ ଆଜି ଚିକିତ୍ସାଧିନ ଅବସ୍ଥାରେ ମୃତ୍ୟୁ ଘଟିଛି । ତିଗିରିଆ ଥାନା ଅନ୍ତର୍ଗତ ପୁରୁଣା ତିଗିରିଆ ଗ୍ରାମର ତେଲିସାହିର ଜୈନିକ ବ୍ୟକ୍ତି ଙ୍କ ଘରେ ଗତ ୧୪ ତାରିଖ ଦିନ ସକାଳେ ବେଆଇନ ଭାବେ ବାଣ ତିଆରି କରୁଥିବା ସମୟରେ ପୂର୍ବ ପ୍ରସ୍ତୁତ ବାରୁଦ ଗଦା ରେ ନିଆଁ ଲାଗି ଗ୍ରାମର ଗରିବ ଶ୍ରେଣୀର ହୋଇଥିବା ବେଳେ ପାପୁନ ଘରର ରୋଜଗାରିଆ ପୁଅ ଥିଲେ। ବିବାହ ପାଇଁ ତାଙ୍କର ନିର୍ବନ୍ଧ ସରିଥିବା ବେଳେ ଆଉ କିଛିଦିନ ପରେ ବିବାହ ହୋଇଥାନ୍ତା। ତାଙ୍କର ମୃତ୍ୟୁରେ ପରିବାର ଦୁଃଖରେ ଭାଙ୍ଗିପଡିଛି। ଆଜି ସକାଳେ ମୃତ୍ୟୁ ବରଣ କରିଥିବା ପାପୁନଙ୍କ ଶବ ବ୍ୟବଚ୍ଛେଦ ପରେ ଅପରାହ୍ନ ରେ ଗ୍ରାମରେ ପହଞ୍ଚିବା ପରେ ଶୋକାକୂଳ

■ ଦୁର୍ଘଟଣା ପରେ ବି ପ୍ରଶାସନ ନିରବ

■ ପୁଲିସ ଉପସ୍ଥିତିରେ ଚାଲିଛି ବାଣ ବ୍ୟବସାୟ

ଦୁଇ ଯୁବକ ପାପୁନ ବେହେରା ଓ ବିପ୍ଳବ ସାହୁ ଆହତ ହୋଇଥିଲେ। ପାପୁନଙ୍କ ଶରୀରର ୯୫ ଭାଗରୁ ଅଧିକ ଅଂଶ ପୋଡି ଯାଇଥିବା ବେଳେ ବିପ୍ଳବଙ୍କ ଶରୀରର ମଧ୍ୟ ଅର୍ଦ୍ଧାଧିକ ଅଂଶ ପୋଡି ଯାଇଥିଲା। ଉଭୟ ଆହତଙ୍କୁ ସଙ୍ଗେ ସଙ୍ଗେ ତିଗିରିଆ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର କୁ ଚିକିତ୍ସା ପାଇଁ ନିଆଯାଇଥିଲା। ସେଠାରେ ପ୍ରାଥମିକ ଚିକିତ୍ସା ପରେ ଅବସ୍ଥା ଗୁରୁତର ଥିବାରୁ ଉଭୟଙ୍କୁ କଟକ ବଡ଼ ମେଡ଼ିକାଲ କୁ ଚିକିତ୍ସା ପାଇଁ ପଠାଯାଇଥିଲା। ପରେ ସେଠାରୁ ଉଭୟଙ୍କୁ କଟକର ଏକ ଘରୋଇ ମେଡ଼ିକାଲ ରେ ଚିକିତ୍ସା କରାଯାଉଥିଲା। ଚିକିତ୍ସାଧୀନ ଅବସ୍ଥାରେ ଆଜି ଆହତ ଦୁଇ ଯୁବକଙ୍କର ମୃତ୍ୟୁ ହୋଇଛି।

ମୃତ୍ୟୁ ବରଣ କରିଥିବା ପାପୁନଙ୍କ ପରିବାର ପରିବେଶ ମଧ୍ୟରେ ଗ୍ରାମ ଶ୍ମଶାନ ରେ ଶେଷ କୃତ୍ୟ ସମ୍ପୂର୍ଣ୍ଣ ହୋଇଥିଲା। ଖବର ଲେଖା ହେବା ପର୍ଯ୍ୟନ୍ତ ବିପ୍ଳବଙ୍କ ଶବ ଗ୍ରାମରେ ପହଞ୍ଚି ନଥିବା ଜଣାପଡିଛି। ଉଭୟ ଯୁବକଙ୍କ ମୃତ୍ୟୁ ପରେ ସ୍ଥାନୀୟ ଜନସାଧାରଣଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ବାଣ ବିସ୍ଫୋରଣ କାରଣରୁ ଦୁଇଟି ମୂଲ୍ୟବାନ ଜୀବନ ଚାଲିଗଲାପରେ ମଧ୍ୟ ସ୍ଥାନୀୟ ପ୍ରଶାସନ କିମ୍ବା ପୁଲିସ ଉପରେ ଏହାର କୌଣସି ପ୍ରଭାବ ପଡିବା ଦେଖିବାକୁ ମିଳିନାହିଁ। ଘଟଣା ଘଟିବା ଦିନ ସ୍ଥାନୀୟ ପୁଲିସ ପ୍ରଶାସନ ଲୋକ ଦେଖାଣିଆ ପୁରୁଣା ତିଗିରିଆ ଗ୍ରାମରେ ଚଢ଼ାଉ କରି କିଛି ବାଣ ଜବତ କରିବା ସହିତ ୭ ଜଣଙ୍କୁ ଗିରଫ କରିଥିଲା । ତେବେ ବର୍ତ୍ତମାନ ଗ୍ରାମରେ ବେଧଡକ ବାଣ ବ୍ୟବସାୟ ହେଉଥିବା ଦେଖିବାକୁ ମିଳିଛି। ପୁଲିସର ଉପସ୍ଥିତି ରେ ଲୋକ କାର, ବାଇକ ସାହାଯ୍ୟରେ ଗ୍ରାମକୁ ଆସି ହଜାର ହଜାର ଟଙ୍କାର ବାଣ କିଣି ନେଉଥିବା ଦେଖିବାକୁ ମିଳିଛି। ସଂପୃକ୍ତ ଘଟଣା




ମୃତ ଦୁଇ ଯୁବକ ଓ ତାଙ୍କ ପରିବାର ଲୋକେ ଙ୍କୁ ଉପହାସ ସଦୃଶ ହୋଇଛି। ପୁଲିସ ବାଣ ବ୍ୟବସାୟୀଙ୍କ ଠାରୁ ମୋଟା ଅଙ୍କର ବଟି ନେଇ ଖୋଲାଖୋଲି ବେଆଇନ ବାଣ ବ୍ୟବସାୟକୁ ପ୍ରଶ୍ରୟ ଦେଉଥିବାର ସାଧାରଣ ରେ ଅଭିଯୋଗ ହୋଇଛି। ବିଭାଗୀୟ କର୍ତ୍ତୃପକ୍ଷ ଘଟଣାର ସତ୍ୟାସତ୍ୟ ଯାଞ୍ଚ କରି ଲାଞ୍ଚ ଖୋର ପୋଲିସ ଅଧିକାରୀ ଙ୍କ ଉପରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ ସହ ବେଆଇନ ବାଣ ବ୍ୟବସାୟ କୁ ଏହି ଥାନା ଅଧିନ ମାନପୁର ଗ୍ରାମ ପରି ସମ୍ପୂର୍ଣ ବନ୍ଦ କରିବା ପାଇଁ ପଦକ୍ଷେପ ଗ୍ରହଣ ପାଇଁ ସାଧାରଣ ରେ ଦାବି ହୋଇଛି।

■ ଚିକିତ୍ସା ସାରି ଡାକ୍ତରଖାନାରୁ ଫେରୁଥିଲେ

# ଦୁର୍ଘଟଣାରେ ୨ ମୃତ, ୬ ଗୁରୁତର

ବଲାଙ୍ଗିର, ୧୮ ।୧୦ (ସମିସ): ଚିକିତ୍ସା ପାଇଁ ସୁଦୂର ବୁର୍ଲା ଭିମସାର୍ ଡାକ୍ତରଖାନାକୁ ଏକ ବୋଲେରୋରେ ଯାଇଥିଲେ। ଡାକ୍ତର ଦେଖାଇବା ସହ ଔଷଧପତ୍ର କିଣି ଘରକୁ ଫେରୁଥିଲେ। ହେଲେ ବାଟ ଅଧରୁ ଟେକିନେଲା କାଳଯମ। ବଲାଙ୍ଗିର-ବରଗଡ଼ ୨୬ନଂ ଜାତୀୟ ରାଜପଥରେ ଶୁକ୍ରବାର ବିଳମ୍ବିତ ରାତିରେ ଏକ ମର୍ମନ୍ତୁଦ ଦୁର୍ଘଟଣା ୨ଜଣଙ୍କ ଜୀବନ ନେଇଛି। ମୃତକଦ୍ୱୟ ହେଲେ, ନୂଆପଡ଼ା ଜିଲ୍ଲା ସିନାପାଲି ଥାନା ଅଧୀନ ଗୋବିନ୍ଦପୁରର କବିରାଜ ଜଗତ (୫୦) ଏବଂ କଳାହାଣ୍ଡି ଜିଲ୍ଲା ତୁମୁରାର ମନିଜର ସେଠିଆ (୪୫)। ସେହିଭଳି, ଏହି





ଦୁର୍ଘଟଣାରେ ଅନ୍ୟ ୬ଜଣ ଗୁରୁତର ହୋଇଛନ୍ତି। ସେମାନେ ହେଲେ, ନୂଆପଡ଼ା ଜିଲ୍ଲା ଗୋବିନ୍ଦପାଲି ଗାଁର ମୋତିରାମ ତାଣ୍ଡି (୪୫), ମକରନ୍ଦ ତାଣ୍ଡି (୫୦), ଲମ୍ବୋଦର ଜଗତ (୬୫), ଚତୁର ତାଣ୍ଡି (୪୪) ଚାଳକ ଡିଙ୍ଗର ଜାଲ ଓ ମୃତ ମନିଜରଙ୍କ ସ୍ତ୍ରୀ ବିଳାସ ସେଠିଆ। ସମସ୍ତଙ୍କୁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ପୁଲିସ ଶବଦ୍ୱୟକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

ସମସ୍ତେ ଏକ ବୋଲେରୋରେ ଗୁରୁବାର ବୁର୍ଲା ଡାକ୍ତରଖାନା ଯାଇଥିଲେ। ସେଠାରେ ଡାକ୍ତରଙ୍କ ପରାମର୍ଶ ନେଇ ଶୁକ୍ରବାର ରାତିରେ ଘରକୁ ଫେରୁଥିଲେ। ରାତିରେ ଫେରିବା ବେଳେ ୨୬ନଂ ଜାତୀୟ ରାଜପଥର ଜାମସରଠାରେ ଏହି ଦୁର୍ଘଟଣା ଘଟିଥିଲା। ଘଟଣାସ୍ଥଳରେ ହିଁ କବିରାଜଙ୍କ ମୃତ୍ୟୁ ଘଟିଥିବା ବେଳେ ଡାକ୍ତରଖାନାରେ ଚିକିତ୍ସାଧୀନ ଅବସ୍ଥାରେ ମନିଜର ପ୍ରାଣ ହରାଇଥିଲେ। ଅନ୍ୟ ଗୁରୁତରମାନଙ୍କୁ ପୁଇଁନ୍ତଲା ପୁଲିସ ପହଞ୍ଚି ଡାକ୍ତରଖାନାରେ ଭର୍ତ୍ତି କରିଥିଲା। ତେବେ କିଭଳି ଏହି ଦୁର୍ଘଟଣା ଘଟିଲା, ତାହା ସ୍ପଷ୍ଟ ହୋଇନାହିଁ। ରାସ୍ତାରେ ଛିଡ଼ା ହୋଇଥିବା ଏକ ଟ୍ରକ୍‌କୁ ପଛପଟୁ ବୋଲେରୋ ଧକ୍କା ଦେଇଥିବା କୁହାଯାଉଛି। କିନ୍ତୁ ପୁଲିସ ଏ ସଂପର୍କରେ କିଛି ସ୍ପଷ୍ଟ କରିନାହିଁ।

■ ଅନୁକମ୍ପା ନିଯୁକ୍ତି ମାମଲାରେ ହାଇକୋର୍ଟଙ୍କ ଗୁରୁତ୍ୱପୂର୍ଣ୍ଣ ରାୟ

# ଆବେଦନ ସମୟସୀମାରୁ ଦସ୍ତାବିଜ୍ ଦାଖଲ ସମୟ ଅବଧି ବାଦ୍ ଦେବାକୁ ନିର୍ଦ୍ଦେଶ

କଟକ, ୧୮ ।୧୦ (ସମିସ): ଅନୁକମ୍ପାମୂଳକ ନିଯୁକ୍ତି ମାମଲାରେ ହାଇକୋର୍ଟ ଆଜି ଏକ ଗୁରୁତ୍ୱପୂର୍ଣ୍ଣ ରାୟ ଶୁଣାଇଛନ୍ତି। ମୃତ୍ୟୁ ପ୍ରମାଣପତ୍ର, ଆଇନଗତ ଉତ୍ତରାଧିକାରୀ ପ୍ରମାଣପତ୍ର ଇତ୍ୟାଦି ଦସ୍ତାବିଜ୍ ଦାଖଲ ପାଇଁ ଉତ୍ତରାଧିକାରୀ ନେଇଥିବା ସମୟକୁ ଅନୁକମ୍ପାମୂଳକ ଚାକିରି ପାଇଁ ଆବେଦନ କରିବାର ସମୟସୀମାରୁ ବାଦ୍ ଦେବାକୁ ହାଇକୋର୍ଟ କହିଛନ୍ତି। ଏଥିସହ, ଦସ୍ତାବିଜ୍ ଦାଖଲରେ ବିଳମ୍ବ ଆଧାରରେ ଆବେଦନକାରୀଙ୍କ ଆବେଦନକୁ ଖାରଜ କରାଯିବା ନେଇ ଜାରି ଆଦେଶକୁ ହାଇକୋର୍ଟ ରଦ୍ଦ କରିଦେଇଛନ୍ତି। ରଶ୍ମିତା ନାୟକଙ୍କ ଆବେଦନର ଶୁଣାଣି କରି ଜଷ୍ଟିସ୍ ଦୀକ୍ଷିତ କ୍ରିଷ୍ଣା ଶ୍ରୀପଦ ଏହି ରାୟ ଦେଇଛନ୍ତି। ଉକ୍ତ ଆବେଦନକୁ ୩ ମାସ ମଧ୍ୟରେ ବିଚାର କରାନଗଲେ ସମ୍ପୃକ୍ତ ବିଭାଗୀୟ ଅଧିକାରୀ ନିଜ ପକେଟରୁ ଦୈନିକ ୫୦୦ଟଙ୍କା ଲେଖାଁଏ ଆବେଦନକାରୀଙ୍କୁ ପ୍ରଦାନ କରିବେ ବୋଲି ହାଇକୋର୍ଟ କହିଛନ୍ତି।

ଆବେଦନକାରୀଙ୍କ ପିତା ଭଞ୍ଜନଗରର ଏକ କଲେଜରେ ପିଅନ ଭାବେ କାର୍ଯ୍ୟ କରୁଥିବା ବେଳେ ୨୦୧୦ ମସିହାରେ ମୃତ୍ୟୁ ହୋଇଥିଲା। ପରେ ଆବେଦନକାରୀ ଅନୁକମ୍ପା ନିଯୁକ୍ତି ପାଇଁ ଆବେଦନ କରିଥିଲେ। ହେଲେ ବିଭିନ୍ନ ପ୍ରମାଣପତ୍ର ହାସଲ ବିଳମ୍ବ ହେତୁ ସେ ଧାର୍ଯ୍ୟ ସମୟରେ ଏଗୁଡ଼ିକ ଦାଖଲ କରିପାରିନଥିଲେ। ଫଳରେ ତାଙ୍କର ଆବେଦନକୁ କର୍ତ୍ତୃପକ୍ଷ ଖାରଜ କରି ଦେଇଥିଲେ। ଏହା ବିରୋଧରେ ଆବେଦନକାରୀ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ତେବେ ନ୍ୟାୟିକ ମାମଲାରେ ଯେଉଁଭଳି ଲିମିଟେସନ୍ ଆକ୍ଟ ୧୯୬୩ରେ ସୀମା ଅବଧି ଗଣନା କରିବା ସମୟରେ ରାୟ, ଆଦେଶ ଏବଂ ଡିକ୍ରିର କପି ପାଇବା ପାଇଁ ଲାଗିଥିବା ସମୟକୁ ବାଦ୍ ଦେବା ପାଇଁ ବ୍ୟବସ୍ଥା ରହିଛି, ସେହିଭଳି ବ୍ୟବସ୍ଥା ଅନୁକମ୍ପା ନିଯୁକ୍ତି ପାଇଁ ପ୍ରଯୁଜ୍ୟ ନଥିଲେ ବି ଏଥିରୁ ସମାନ ଜ୍ଞାନ ଆହରଣ କରାଯାଇପାରିବ ବୋଲି ହାଇକୋର୍ଟ କହିଛନ୍ତି।

■ ଜୁଡିସିଆଲ ଏକାଡେମୀରେ ଦିନିକିଆ କର୍ମଶାଳା

# ମାନବଚାଲାଣ ଓ ଗୋଡି ଶ୍ରମିକ ସମସ୍ୟା ଦୂର ପାଇଁ ସୋସିଆଲ ଅଡିଟ୍ ହେଉ: ମୁଖ୍ୟ ବିଚାରପତି

କଟକ,୧୮ ।୧୦(ସମିସ): ସମ୍ପ୍ରତି ମାନବ ଚାଲାଣ ଓ ଗୋଡି ବା ବନ୍ଧକ ଶ୍ରମିକ ସମସ୍ୟା ଚିନ୍ତାର ବିଷୟ ହୋଇଛି। ଏହାର ଦୂରୀକରଣ ପାଇଁ ସୋସିଆଲ ଅଡିଟ୍‌ର ଆବଶ୍ୟକତା ରହିଛି। ବିଶେଷକରି ଏହା ସରକାରଙ୍କ କର୍ତ୍ତବ୍ୟ ହୋଇଥିବା ବେଳେ ଏହି ସମସ୍ୟାକୁ ସମ୍ପୂର୍ଣ୍ଣ ଦୂରୀକରଣ ପାଇଁ ନୀତି ପ୍ରଣୟନ ସହ ନିର୍ଦ୍ଦିଷ୍ଟ ଯୋଜନା କାର୍ଯ୍ୟକାରୀ କରିବା ଉଚିତ। ଓଡ଼ିଶା ଜୁଡିସିଆଲ ଏକାଡେମୀ ପକ୍ଷରୁ ଆୟୋଜିତ ଦିନିକିଆ କର୍ମଶାଳାରେ ମୁଖ୍ୟଅତିଥି ଭାବେ ଯୋଗଦେଇ ହାଇକୋର୍ଟର ମୁଖ୍ୟ ବିଚାରପତି

ଜଷ୍ଟିସ ହରୀଶ ଟଣ୍ଡନ ଆଜି ଏହା କହିଛନ୍ତି। କାମ ପାଇଁ ଦେଶାନ୍ତର ହେଉଥିବା ଆର୍ଥିକ ଅନଗ୍ରସର ବର୍ଗଙ୍କୁ ଚିହ୍ନଟ ସହ ସେମାନଙ୍କୁ ସଚେତନ କରିବା ସହ ନିଯୁକ୍ତି ସୁଯୋଗ ସୃଷ୍ଟି କରିବାକୁ ଜଷ୍ଟିସ ଟଣ୍ଡନ ଆହ୍ୱାନ ଦେଇଛନ୍ତି।

ସେ କହିଥିଲେ ଯେ ପ୍ରବାସନର ଜାତୀୟ ହାର ୨୧.୬ ପ୍ରତିଶତ ଥିବା ବେଳେ ସେଥିରୁ ଓଡ଼ିଶାର ଅବଦାନ ୭୮ ପ୍ରତିଶତ। ଏଣୁ ପ୍ରବାସନ ଏକ ଚିନ୍ତାଜନକ ବିଷୟ ହୋଇଥିବାରୁ ବାହାରକୁ ପ୍ରବାସନରେ ଯାଉଥିବା ବ୍ୟକ୍ତିଙ୍କ ସମ୍ପର୍କରେ ଅଡିଟ କରାଯିବା ଦରକାର। ମାନବଚାଲାଣ ଓ ବନ୍ଧକ ଶ୍ରମିକ ପଛରେ ଗରିବୀ, ସାମାଜିକ ବାଧବାଧକତା ଓ ଉନ୍ନତ ଜୀବନଯାପନ ଓ ଅଧିକ ଅର୍ଥ ଉପାର୍ଜନ କରିବାର ଆଶା ପ୍ରମୁଖ କାରଣ ବୋଲି ସେ କହିଥିଲେ।

କର୍ମଶାଳାରେ ସ୍ୱାଗତ ଭାଷଣ ପ୍ରଦାନ କରି ଜଷ୍ଟିସ୍ କେ.ଆର.ମହାପାତ୍ର ମାନବଚାଲାଣ ରୋକିବା ପାଇଁ ସମ୍ମିଳିତ ପ୍ରୟାସ ଉପରେ ଗୁରୁତ୍ୱାରୋପ କରିଥିଲେ। ସେହିଭଳି ଇଣ୍ଟରନ୍ୟାସନାଲ ଜଷ୍ଟିସ୍ ମିଶନର ଜାତୀୟ ଉପ-ସଭାପତି ଡାନିଏଲ ଅଜୟ ଭର୍ଗିସ ନିଜର ବକ୍ତବ୍ୟ ମାଧ୍ୟମରେ ରାଜ୍ୟର ମାନବ ଚାଲାଣ ନେଇ ଏନ୍‌ସିଆର୍‌ବିର ତଥ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ। ଶେଷରେ ଡ. ଜଷ୍ଟିସ୍ ସଂଜୀବ କୁମାର ପାଣିଗ୍ରାହୀ ଧନ୍ୟବାଦ ଦେଇଥିଲେ। ଉଦଘାଟନୀ ସଭା ପରେ ବୈଷୟିକ ଅଧିବେଶନମାନ ଅନୁଷ୍ଠିତ ହୋଇଥିଲା। ଏଥିରେ ଡ. ସଂଜୀବ କୁମାର ପାଣିଗ୍ରାହୀ, ଓଡ଼ିଶା ରାଜ୍ୟ ମାନବାଧିକାର କମିସନ ଅଧକ୍ଷ ଶତ୍ରୁଘ୍ନ ପୂଜାହାରୀ ପ୍ରମୁଖ ବିଷୟବସ୍ତୁ ଉପରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ।

# ଜଗନ୍ନାଥ କୋଇଲା ଖଣିରେ ହଜାର ହଜାର କୋଟି ଟଙ୍କାର ଦୁର୍ନୀତି

ତାଳଚେର,୧୮ ।୧୦(ସମିସ): ତାଳଚେର ଜଗନ୍ନାଥ କୋଇଲା ଖଣିରେ ବେଆଇନ କୋଇଲା ଗଚ୍ଛିତ ସହ କୋଇଲାକୁ ମାଟି ଓ ପଥର ଦର୍ଶାଇ ଲୁଟ୍ ହୋଇଛି। ହଜାର ହଜାର କୋଟି ଟଙ୍କାର କୋଇଲାକୁ ନିମ୍ନମାନର ଦର୍ଶାଇ ହଡ଼ପ କରାଯାଉଛି। ଷ୍ଟକ୍‌ରେ ମୁଣ୍ଡା କୋଇଲାକୁ ଗୁଣ୍ଡ କରି ଚାଲାଣ କରାଯାଉଛି।



ଭଲ କୋଇଲାକୁ ପଥର କୋଇଲା ଦର୍ଶାଇ ତା' ଉପରେ ମାଟି ଘୋଡ଼ାଇ ହଡ଼ପ ହେଉଛି। ଏପରି ସଙ୍ଗୀନ ଅଭିଯୋଗ ଆଣିଛନ୍ତି ତାଳଚେର ବିଧାୟକ ବ୍ରଜକିଶୋର ପ୍ରଧାନ। ତାଳଚେର ବଲଣ୍ଡାସ୍ଥିତ ବ୍ଲାକ୍ ଡାଇମଣ୍ଡ କ୍ଲବ୍‌ରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ସେ ଏପରି ଅଭିଯୋଗ କରିବା ସହ ଏଥିରେ ଖଣି କର୍ତ୍ତୃପକ୍ଷ ଓ ଅଧିକାରୀଙ୍କ ସମ୍ପୃକ୍ତି ଥିବା କହିଛନ୍ତି।

ଜଗନ୍ନାଥ କୋଇଲା ଖଣିର ୪ନମ୍ବର ଷ୍ଟକ୍‌ୟାର୍ଡରେ ଗୁରୁବାର ସନ୍ଧ୍ୟାରେ ଏସ୍‌ଏସ୍ ବିଏଲ୍‌ଏ ନାମକ ଠିକାସଂସ୍ଥା କୌଣସି ଅନୁମତି ନ ଥାଇ କୋଇଲା ଡମ୍ପ କରୁଥିଲା। ଖବର ପାଇ ବିଧାୟକ ଶ୍ରୀ ପ୍ରଧାନ ଘଟଣାସ୍ଥଳକୁ ଯାଇ ଅନୁସନ୍ଧାନ କରିଥିଲେ। ଜଗନ୍ନାଥ କୋଇଲା ଖଣିର ଷ୍ଟକ୍‌ୟାର୍ଡ ଗୋଟିଏ ସ୍ଥାନରେ ଥିବା ବେଳେ ଖଣି ପ୍ରକଳ୍ପ ଅଧିକାରୀଙ୍କ ନିର୍ଦ୍ଦେଶକ୍ରମେ ଖଣି ଭିତରେ ବିଭିନ୍ନ ସ୍ଥାନରେ କୋଇଲା ଗଦା କରାଯାଉଥିବା ଦେଖିବାକୁ ମିଳିଥିଲା। ପରବର୍ତ୍ତୀ ସମୟରେ ଜଗନ୍ନାଥ କୋଇଲା ଖଣିରେ ଏଭଳି ଘୋଟାଲାକୁ ନେଇ ସେ ଗୋପାଳପ୍ରସାଦ ଥନାର ଦ୍ୱାରସ୍ଥ ହୋଇଥିଲେ। କିନ୍ତୁ ତାଙ୍କ ଏତଲାକୁ ପଞ୍ଜିକୃତ କରାଯାଇନଥିଲା। ଉକ୍ତ ଘଟଣାକୁ ନେଇ ସେ ତାଳଚେର ଖଣି ଉପନିର୍ଦ୍ଦେଶକଙ୍କୁ ଅବଗତ କରିଥିଲେ। ଖଣି ଉପନିର୍ଦ୍ଦେଶକ ଶୁଭେନ୍ଦୁ ସାମଲ ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିବା ସହ କିଛି କୋଇଲା ଖଣ୍ଡକୁ ପରୀକ୍ଷା କରିବା ପାଇଁ ସାଙ୍ଗରେ ନେଇଥିଲେ। ତେବେ ଦୀର୍ଘ ମାସ ଧରି ଖଣି ଭିତରେ ଏପରି ଅନିୟମିତତା ହେଉଥିବା ବିଧାୟକ ଶ୍ରୀ ପ୍ରଧାନ ଅଭିଯୋଗ କରିଛନ୍ତି। ଏହି କାର୍ଯ୍ୟରେ ଜଗନ୍ନାଥ ଖଣିର ମହାପ୍ରବନ୍ଧକ, ପ୍ରକଳ୍ପ ଅଧିକାରୀ, ଖଣି ପରିଚାଳକ ଓ ଠିକାଦାରଙ୍କ ସହ କିଛି ବଡ଼ ଅଧିକାରୀଙ୍କ ହାତ ଥିବା ସେ ଅଭିଯୋଗ

**ସାମ୍ବାଦିକ ସମ୍ମିଳନୀରେ ଅଭିଯୋଗ କଲେ ତାଳଚେର ବିଧାୟକ**

କରିଛନ୍ତି। ବର୍ଷବର୍ଷ ଧରି ଏଭଳି ଅନିୟମିତତା ଯୋଗୁଁ ସରକାର ହଜାର ହଜାର କୋଟି ଟଙ୍କା ରାଜସ୍ୱ ହରାଉଥିବା ସେ କହିଛନ୍ତି।

ଏ ସଂପର୍କରେ ତାଳଚେର ଜଗନ୍ନାଥ କୋଇଲା ଖଣିର ପ୍ରକଳ୍ପ ଅଧିକାରୀ ଶ୍ରୀକାନ୍ତ କୁମାର ମାଣିକଙ୍କୁ ପଚାରିବାରୁ ସେ ଏହା ଉପରେ କୌଣସି ମନ୍ତବ୍ୟ ଦେବାକୁ ମନା କରିଥିଲେ। ଅନ୍ୟପକ୍ଷରେ ତାଳଚେର ଖଣି ଉପନିର୍ଦ୍ଦେଶକ ଶୁଭେନ୍ଦୁ ସାମଲ କହିଛନ୍ତି, ଜଗନ୍ନାଥ କୋଇଲା ଖଣିରେ ହୋଇଥିବା ଅନିୟମିତତା ନେଇ ତଦନ୍ତ ଆରମ୍ଭ ହୋଇଛି। ମାଟିରେ ପୋତାଯାଇଥିବା କୋଇଲାଗୁଡ଼ିକୁ ପରୀକ୍ଷା ପାଇଁ ଅଣାଯାଇଛି। ରିପୋର୍ଟ ଆସିବା ପରେ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଉପନିର୍ଦ୍ଦେଶକ ସାମଲ କହିଛନ୍ତି।


**VEHICLE FOR SALE**

Tata Ace EV , Model - 2023, Registration No-OD-02-CL-6834, in as is where is condition, Contact: M/S Sundaram Finance Limited, BHUBANESWAR RETAIL BRANCH, Ph:9437575689 within 7 days

**ସତ୍ୟପାଠ**

ସତ୍ୟପାଠ ନଂ ୧୩୫୫/୧୪.୧୦.୨୦୨୫ ମୁଁ ପ୍ରଶାନ୍ତ କୁମାର ମହାନ୍ତି , ପିତା- ବ୍ରଜକିଶୋର ମହାନ୍ତି, ସା - ପୁଣ୍ଡିଲୋ, ପୋ - ଇଙ୍କାପଡା, ଥାନା- କୁଦାନଗରୀ, ଜିଲ୍ଲା - କେନ୍ଦ୍ରାପଡା ଘୋଷଣା କରୁଛି କି, ଦେବବ୍ରତ ମହାନ୍ତି ଏବଂ ଓମ ମହାନ୍ତି ଜଣେ ଏବଂ ସମାନ ବ୍ୟକ୍ତିଙ୍କ ନାମ ଅଟେ, ଯିଏ କି ମୋର ପୁଅ। ସମସ୍ତ ଡକ୍ୟୁମେଣ୍ଟରେ ଦେବବ୍ରତ ମହାନ୍ତି ନାମ ରହିଥିବାବେଳେ ଆଧାରକାର୍ଡରେ ତାହା ଓମ ମହାନ୍ତି ହୋଇଛି। ଆଜିଠାରୁ ସମସ୍ତ ଡକ୍ୟୁମେଣ୍ଟରେ ଦେବବ୍ରତ ନାମ ବ୍ୟବହାର କରାଯିବାକୁ ମୁଁ ଘୋଷଣା କରୁଛି।

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**AFFIDAVIT**

By virtue of an affidavit sworn before the Notary Public, Bhubaneswar, dated 10/10/2025. I Prasanna Kumar Sahoo, S/o- Udayanath Sahoo, Aadhaar no- 8807 8625 1753 declare that I have changed my name from Prasanna Kumar Sahoo to Prasanna Sahoo. Henceforth I shall be known as **Prasanna Sahoo** for all purposes.

**AFFIDAVIT**

By virtue of an affidavit sworn before The Executive Magistrate, Nabarangpur vide no. 924 dated 16/10/2025, I, Jayakudi Jani D/o- Late Deba Jani, W/o- Late Dambaru Jani, resident of Vill.- New Hirli, Po.- Agnipur, Ps./Dist.- Nabarangpur, Odisha, PIN- 764059 state that, I have changed my name from **DAIKHUDI JANI** to **JAYAKUDI JANI**. Henceforth I shall be known as **JAYAKUDI JANI** for all future purposes.

**AFFIDAVIT**

I, Devaraj Tripathi, S/o- Late Ananda Chandra Tripathi, resident of plot no 1203/A, Nilakanthanagar, Nayapalli, P.s- Nayapalli, PIN-751012, Bhubaneswar, Odisha declare by this affidavit No. 848 dtd-17/10/2025 that for all purposes I shall be known and signed as Devaraj Tripathi according to my Matric Certificate and Aadhar Card, instead of Devraj Tripathi which reflects in some of my documents.

**AFFIDAVIT**

I, MONALISHA ROUT, Wife of Tarun Kumar Rout, R/o Subhadra, Apartment, Po: KIIT P.S.Infocity, Bhubaneswar, PIN:- 751024, Dist: Khordha, Odisha, declare by this affidavit No.70AA409213, Dtd:11.07.2025, that now onwards I shall be known as Monalisha Nayak for all future purposes.

**MONALISHA NAYAK**

**AFFIDAVIT**

By virtue of an affidavit CF No.9 sworn before Executive Magistrate, Bhubaneswar on Dtd.16.10.2025 I, Sudha Jerendina Lakra, W/o- Hemant Kujur, R/o Plot No.333, Jayadev Vihar, Nayapalli, Bhubaneswar, Dist.- Khordha- 751013 declare that I have changed the name of my daughter from rhia Elisha Kujur to Rhea Elisha Kujur. Henceforth, she will be known as **Rhea Elisha Kujur** for all future purposes.


# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ବାଂଲାଦେଶ ପୁଣି...

ତେଣୁ ସେମାନେ ଏହାକୁ କଦାପି ଗ୍ରହଣ କରିବେ ନାହିଁ ବୋଲି ରୋକଠୋକ ଭାବେ ଜଣାଇଦେଇଛନ୍ତି।

ତେଣୁ 'ଜୁଲାଇ ଚାର୍ଟର'ରେ ଦସ୍ତଖତ ପୂର୍ବରୁ ଆନ୍ଦୋଳନକାରୀ ଆଜି ରାଜଧାନୀରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ବିଭିନ୍ନ ସ୍ଲୋଗାନମାନ ଦେଇ ସେମାନେ ସଂସଦ ଭିତରେ ପଶି ଭଙ୍ଗାରୁଜା କରିବା ସହିତ ନିଆଁ ଲଗାଇଦେଇଥିଲେ। ପୁଲିସ ସେମାନଙ୍କୁ ଅଟକାଇବାରୁ ଆହୁରି ଉଗ୍ର ହୋଇପଡ଼ିଥିଲେ। ପୁଲିସ ସହିତ ମଧ୍ୟ ମୁହାଁମୁହିଁ ପରିସ୍ଥିତି ସୃଷ୍ଟି ହୋଇଥିଲା। ସେମାନଙ୍କୁ ଘଉଡ଼ାଇବା ଲାଗି ପୁଲିସ ଲାଠିମାଡ଼ କରିବା ସହିତ ଲୁହବୁହା ଗ୍ୟାସ ପ୍ରୟୋଗ କରିଥିଲା। ପୁଲିସକୁ ସାଉଣ୍ଡ ଗ୍ରେନେଡ ମଧ୍ୟ ବ୍ୟବହାର କରିବାକୁ ପଡ଼ିଥିଲା।। ଏଥିରେ ଉତକ୍ଷିପ୍ତ ହୋଇ ବିକ୍ଷୋଭକାରୀମାନେ ବିଭିନ୍ନ ସ୍ଥାନରେ ପୁଲିସ୍ ଗାଡ଼ି ଓ କଣ୍ଟ୍ରୋଲ ରୁମ୍‌ରେ ନିଆଁ ଲଗାଇ ଦେଇଥିଲେ। ଏହି ହିଂସା ପରେ ସାରା ଦେଶରେ ଉତ୍ତେଜନା ପ୍ରକାଶ ପାଇଛି।

## ଦିଲ୍ଲୀରେ ଲୁଚିଛି...

ଗିରଫ ଅଭିଯୁକ୍ତଙ୍କୁ ରିମାଣ୍ଡରେ ନେଇଥିଲା। ଗିରଫ ଦୁଇ ଦଲାଲ ବିଶ୍ୱଜିତ ହରିଚନ୍ଦନ ଓ ତପଦ୍ୟୁତି ବେହେରାଙ୍କ ସମେତ ୨୯ଜଣ ଚାକିରି ଆଶାୟୀଙ୍କୁ ଜେଲ ଭିତରେ ମୁହାଁମୁହିଁ ଜେରା କରିଥିଲେ ତଦନ୍ତକାରୀ କ୍ରାଇମବ୍ରାଞ୍ଚ ଡିଏସପି। ଅଭିଯୁକ୍ତ ପରୀକ୍ଷାର୍ଥୀଙ୍କୁ ଏହି ଜାଲିଆତିରେ ସାମିଲ କରିବାକୁ ଦଲାଲମାନେ କିଭଳି ଏବଂ କାହା ଜରିଆରେ ଯୋଗାଯୋଗ କରିଥିଲେ, କେଉଁମାନଙ୍କର ସମ୍ପୃକ୍ତି ରହିଛି, ସେମାନଙ୍କ ଠାରୁ କିଏ ସାର୍ଟିଫିକେଟ ସଂଗ୍ରହ କରିଥିଲା, ଟଙ୍କା କିଏ ଏବଂ କେଉଁ ଉପାୟରେ ନେଇଥିଲେ, ପରୀକ୍ଷାରେ କୃତକାର୍ଯ୍ୟ କରାଇବାକୁ କି ପ୍ରକାରର ପ୍ରତିଶ୍ରୁତି ମିଳିଥିଲା, କେବେ ଠାରୁ ଯୋଗସୂତ୍ର ସ୍ଥାପନ ହୋଇଥିଲା, ଏଭଳି ବିଭିନ୍ନ ପ୍ରଶ୍ନ ତଦନ୍ତକାରୀ ଅଧିକାରୀ ପଚାରିଥିବା ଜଣାପଡ଼ିଛି।

ଅନ୍ୟପକ୍ଷରେ କ୍ରାଇମ୍‌ବ୍ରାଞ୍ଚ ମୁନା ମହାନ୍ତିର କଟକ ଜିଲ୍ଲା ବାଙ୍କୀ କଳାପଥର ସ୍ଥିତ ଘରେ ଆଜି ଚଢ଼ଉ କରିଛି। ଚଢ଼ଉ ସମୟରେ ଏକାଧିକ ଦସ୍ତାବିଜ୍ ଏବଂ କିଛି ସାର୍ଟିଫିକେଟ ଜବତ କରାଯାଇଥିବା ସୂଚନା ମିଳିଛି। ଜବତ ସାର୍ଟିଫିକେଟ ଏସ୍‌ଆଇ ଚାକିରି ପାଇଁ ଟଙ୍କା ଦେଇଥିବା ପରୀକ୍ଷାର୍ଥୀଙ୍କ ହୋଇଥିବା କ୍ରାଇମ୍‌ବ୍ରାଞ୍ଚ ସନ୍ଦେହ କରୁଛି। ଏଥିସହ ମୁନା ସମ୍ପର୍କରେ ତା'ର ପରିବାର ଲୋକଙ୍କୁ ମଧ୍ୟ ପଚରାଉଚରା କରୁଛି। ଘରକୁ ସେ ମାସକରେ କେତେ ଥର ଆସେ ଏବଂ ଅନ୍ୟ କେଉଁ ସ୍ଥାନରେ ରହୁଥିବା ନେଇ ମଧ୍ୟ ପଚରାଉଚରା କରିଛି।। ଏହି ଚଢ଼ଉ ସମୟରେ ବୈଦେଶ୍ୱର ପୁଲିସ ମଧ୍ୟ କ୍ରାଇମ୍‌ବ୍ରାଞ୍ଚକୁ ସହଯୋଗ କରିଥିଲା।

କ୍ରାଇମ୍‌ବ୍ରାଞ୍ଚର ତଦନ୍ତ ଅଧିକାରୀ ରତ୍ନବାଳା ଶତପଥୀ କହିଛନ୍ତି ଯେ ଚାକିରି ପାଇଁ ପିଲା ଯୋଗାଡ଼ କରିବା ଏବଂ ବସ୍ ରାଜ୍ୟ ବାହାରକୁ ପଠାଇବାରେ ମୁନା ମହାନ୍ତି ଓ ଶ୍ରୀକାନ୍ତ ମହାରାଣାଙ୍କ ସମ୍ପୃକ୍ତି ଥିବା ଅଭିଯୋଗ ରହିଛି। ଅଭିମନ୍ୟୁ ଦୋରା ତାଙ୍କର ଦଶପଲ୍ଲା ଘରେ ମୁନା ଓ ଶ୍ରୀକାନ୍ତଙ୍କୁ ଲୁଚାଇ ରଖିଥିବା ଅଭିଯୋଗ ହୋଇଥିଲା। ଗତ ସେପ୍ଟେମ୍ବର ୩୦ରେ ତିନୋଟି ବସ୍ ଯାଉଥିବା ୧୧୪ ପ୍ରାର୍ଥୀଙ୍କୁ ମୁନା ହିଁ ଯୋଗାଡ଼ କରିନେଇଥିବା ଅଭିଯୋଗ ରହିଥିବା ସେ କହିଛନ୍ତି।

## ରାଜଧାନୀରେ ଦେହ...

ପହଞ୍ଚିବା ପରେ ସେକ୍ସ ରାକେଟ ଜାଲରେ ଫସାଇ ଦେହ ବେପାର କରିବାକୁ ବାଧ କରୁଥିଲେ। ଗତ ୧୬ ତାରିଖ ସନ୍ଧ୍ୟାରେ ପୀଡ଼ିତା ଝାଡ଼ଖଣ୍ଡୀ ନାବାଳିକାକୁ ଚାକିରି କରାଇଦେବାକୁ କହି ଏହି ଘରକୁ ଡାକିଥିଲେ। ଏପରିକି ଏଠାକୁ ଆସିବା ପାଇଁ ଦୁଇ ମହିଳା ନାବାଳିକା ପାଇଁ ରାପିଡୋ ବୁକ୍ କରିଦେଇଥିଲେ। ନାବାଳିକା ଜଣକ ଏଠାରେ ପହଞ୍ଚିବା ପରେ ନୟାଗଡ଼, ବସନ୍ତପୁରର ଅବିନାଷ ମୁଦୁଲି ନାମକ ଜଣେ ଯୁବକ ନାବାଳିକା ସହ ଦୁଷ୍କର୍ମ କରିଥିଲା। ହେଲେ ଅତ୍ୟଧିକ ରକ୍ତସ୍ରାବ ହୋଇ ଅସୁସ୍ଥ ହୋଇପଡ଼ିବାରୁ ନାବାଳିକାକୁ ଜଣେ ମହିଳା ଅଟୋରେ ବସାଇ କ୍ୟାପିଟାଲ ହସ୍ପିଟାଲ ନେଇଥିଲେ। ସେଠାରେ ସେ କେବଳ ନିଜ ଫୋନ୍ ନମ୍ବର ଦେଇଥିଲେ। ଡାକ୍ତର ନାବାଳିକାଙ୍କୁ ଚିକିତ୍ସା କରିବା ପରେ ଦୁଷ୍କର୍ମ କରାଯାଇଥିବା ଜାଣି ପୁଲିସକୁ ଖବର ଦେଇଥିଲେ। ମହିଳା ଜଣଙ୍କ ପୁଲିସ ମାମଲା ହୋଇଥିବା ଜାଣିବା ପରେ ସେଠାରୁ ଫେରାର୍ ହୋଇଯାଇଥିଲେ।

ପୁଲିସ ଡାକ୍ତରଖାନାରେ ପହଞ୍ଚି ନିଜ ଆଡୁ ମାମଲା ରୁଜୁ କରି ନାବାଳିକାକୁ ନେଇ 'ସଖୀ' କେନ୍ଦ୍ରରେ ରଖି ଚିକିତ୍ସା କରାଇଥିଲେ। ମହିଳାଙ୍କ ଫୋନ୍ ନମ୍ବରକୁ ଟ୍ରେସ୍ କରି ପୁଲିସ ତାଙ୍କୁ ପଚରାଉଚରା କରିବା ସହ ତାଙ୍କୁ ଆଣି ନାବାଳିକାଙ୍କୁ ଚିହ୍ନଟ କରାଇଥିଲା। ନାବାଳିକା ଜଣଙ୍କ ତାଙ୍କୁ ଚିହ୍ନିବା ସହ ଅନ୍ୟ ସମସ୍ତଙ୍କୁ ଜାଣିଥିବା କହିଥିଲେ। ନାବାଳିକାଙ୍କୁ ମେଡିକାଲ ଆଣିଥିବା ଅଟୋକୁ ଚିହ୍ନଟ କରିବା ପରେ ପୁଲିସ ସେକ୍ସ ରାକେଟ୍ ଚାଲିଥିବା ଉକ୍ତ ଘରେ ପହଞ୍ଚିଥିଲା। ସେକ୍ସ ରାକେଟ୍ ଚଳାଉଥିବା ଦୁଇ ମହିଳାଙ୍କୁ ଅଟକ ରଖି ପୁଲିସ ପଚରାଉଚରା କରିବା ପରେ ସବୁ ସତ ପଦାକୁ ଆସିଥିଲା। ପୁଲିସ ନାବାଳିକାର ବୟାନ ରେକର୍ଡ କରିଛି। ସେ ନିଜ ଘର ଝାଡ଼ଖଣ୍ଡ କହୁଥିବା ବେଳେ ତାକୁ ଆଶ୍ରମରେ ଛାଡ଼ି ଦେବାକୁ କହୁଛି। ତେଣୁ ସେ କେଉଁ ଏକ ଆଶ୍ରମରେ ରହୁଥିଲା ବୋଲି ପୁଲିସ ସନ୍ଦେହ କରୁଛି। ନାବାଳିକାକୁ ତାଙ୍କ ଘରକୁ ପଠାଇବା ପାଇଁ ପୁଲିସ ଝାଡ଼ଖଣ୍ଡ ପୁଲିସ ସହ ଯୋଗାଯୋଗ କରୁଛି। ସେକ୍ସ ରାକେଟ ଠାବ ହୋଇଥିବା ଉକ୍ତ ଘରକୁ ସିଲ୍ କରାଯିବ ବୋଲି ପୁଲିସ କମିସନର ସୁରେଶ ଦେବଦତ୍ତ ସିଂହ ସୂଚନା ଦେଇଛନ୍ତି। ଏହି ଘଟଣାରେ ପୁଲିସ ଦୁଇଟି ମାମଲା ରୁଜୁ କରିଛି। କ୍ୟାପିଟାଲ ଥାନାରେ ନାବାଳିକା ଦୁଷ୍କର୍ମ ମାମଲା ରୁଜୁ ହୋଇଥିବା ବେଳେ ଲକ୍ଷ୍ମୀସାଗର ଥାନାରେ ମାନବ ଚାଲାଣ ନେଇ ଏକ ମାମଲା ରୁଜୁ ହୋଇଛି।

ଦୀର୍ଘ ଦିନ ଧରି ରାଜଧାନୀରେ ସେକ୍ସ ରାକେଟ ଚାଲିଥିବା ବେଳେ ପୁଲିସ କେମିତି ଜାଣିପାରିଲା ନାହିଁ ବୋଲି ଏବେ ସାଧାରଣରେ ପ୍ରଶ୍ନ ଉଠିଲାଣି।

## ଏଥର ଦୁଇଦିନ...

କୋର୍ଟ ବନ୍ଦ ରହିବ। ଅନ୍ୟପକ୍ଷରେ, ନୂଆପଡ଼ାରେ ନିର୍ବାଚନ ଆଚରଣ ସଂହିତା ଲାଗୁ ହୋଇଥିବାରୁ ଏଠାରେ ସରକାରୀ କାର୍ଯ୍ୟାଳୟ ତଥା କୋର୍ଟ ଖୋଲା ରହିବ।

ସେହିପରି ନୂଆପଡ଼ା ଜିଲ୍ଲାକୁ ଛାଡ଼ିଦେଲେ ରାଜ୍ୟର ସମସ୍ତ ଜିଲ୍ଲାରେ ଉଚ୍ଚଶିକ୍ଷା ଏବଂ ଗଣଶିକ୍ଷା ବିଭାଗ ଅଧୀନରେ ଥିବା ସମସ୍ତ ସରକାରୀ ଓ ସରକାରୀ ଅନୁଦାନପ୍ରାପ୍ତ ଶିକ୍ଷାନୁଷ୍ଠାନ ବନ୍ଦ ରହିବ। ଏନେଇ ଉଭୟ ଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି।

■ ଭୁବନେଶ୍ୱର ଇସ୍କନ ପକ୍ଷରୁ ସ୍ପଷ୍ଟୀକରଣ

# ମଧୁବନ ରଥଯାତ୍ରା ସହ ଇସ୍କନ୍‌ର ସମ୍ପର୍କ ନାହିଁ

ଭୁବନେଶ୍ୱର, ୧୮ ।୧୦(ସମିସ): ଉତ୍ତରାଖଣ୍ଡର ଋଷିକେଶ ମଧୁବନ ଆଶ୍ରମରେ ହୋଇଥିବା ରଥଯାତ୍ରା ସହ ଇସ୍କନ୍‌ର କୌଣସି ସମ୍ପର୍କ ନାହିଁ। ସେ ସଂସ୍ଥା ଅଲଗା ବୋଲି ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଇସ୍କନ୍ ଭୁବନେଶ୍ୱରର ମୁଖପାତ୍ର ପ୍ରଣେଶ୍ୱର କ୍ରିଷ୍ଣଦାସ କହିଛନ୍ତି। ୨୦୧୯ରୁ ଦେଶରେ ଗଜପତି ଅଦିନିଆ ରଥଯାତ୍ରା ମନା କରିବା ପରେ ଭାରତରେ କୌଣସି ସ୍ଥାନରେ ଇସ୍କନ ରଥଯାତ୍ରା କରୁନାହିଁ। ଗଣମାଧ୍ୟମରେ ଇସ୍କନ୍ ନା ନେଇ ବାରମ୍ବାର ଖବର ପ୍ରସାରଣ କରାଗଲା। ଋଷିକେଶ ମଧୁବନ ଆଶ୍ରମ ଓ ଇସ୍କନ ଅଲଗା। ଜଗନ୍ନାଥ ସଂସ୍କୃତି ସହ ଆମେ ଜଡ଼ିତ। ଭାରତ ବାହାରେ ଅଦିନିଆ ରଥଯାତ୍ରାର ଉପରେ ଆମର କୌଣସି ହସ୍ତକ୍ଷେପ ନାହିଁ ବୋଲି ସେ କହିଛନ୍ତି। ସୂଚନାନୁସାରେ, ଅକ୍ଟୋବର ୭ ତାରିଖରେ ଋଷିକେଶର ମଧୁବନ ଆଶ୍ରମ ପକ୍ଷରୁ ଶ୍ରୀଜଗନ୍ନାଥଙ୍କ ୨୮ ତମ ରଥଯାତ୍ରା ଅନୁଷ୍ଠିତ ହୋଇଥିଲା। ଅଦିନରେ ରଥଯାତ୍ରାକୁ ନେଇ ଗଜପତି ମହାରାଜା ବାରମ୍ବାର କ୍ଷୋଭ ପ୍ରକାଶ କରିବା ସହ ଗତ ସେପ୍ଟେମ୍ବର ୬ ତାରିଖରେ ବସିଥିବା ବୈଠକର ନିଷ୍ପତ୍ତି ମୁତାବକ ନୀତିବିରୋଧୀ ସ୍ନାନଯାତ୍ରା ଓ ରଥଯାତ୍ରା ପାଇଁ ୧୦୦ପୃଷ୍ଠା ସମ୍ବଳିତ ଚିଠି ଇସ୍କନ୍ କର୍ତ୍ତୃପକ୍ଷଙ୍କୁ ପ୍ରଦାନ କରିଥିଲେ। ନୀତି ଓ ପରମ୍ପରା ନ ମାନିଲେ ଆଇନର ଆଶ୍ରୟ ନିଆଯିବ ବୋଲି ଗଜପତି ଇସ୍କନ୍‌କୁ ଦେଇଥିବା ଚିଠିରେ ଉଲ୍ଲେଖ କରିଥିଲେ।

# ୨୧ରୁ ଓମ୍‌ସାର ଆନ୍ଦୋଳନ

ଭୁବନେଶ୍ୱର, ୧୮ ।୧୦ (ସମିସ): ବିଭିନ୍ନ ଦାବି ନେଇ ଆସନ୍ତା ୨୧ ତାରିଖରୁ ଓଡ଼ିଶା ମେଡିକାଲ ସେବା ସଂଘ (ଓମ୍‌ସା) ପକ୍ଷରୁ କଳା ପୋଷାକ ଆନ୍ଦୋଳନ ଡକରା ଦିଆଯାଇଛି। ଏହି ପ୍ରରିପେକ୍ଷୀରେ ଶନିବାର ରାଜ୍ୟ ସ୍ୱାସ୍ଥ୍ୟ ସଚିବଙ୍କ ସହ ଓମ୍‌ସା ନେତୃବୃନ୍ଦଙ୍କ ଆଲୋଚନା ହୋଇଥିଲା। ତେବେ ମୁଖ୍ୟମନ୍ତ୍ରୀ ଲିଖିତ ପ୍ରତିଶ୍ରୁତି ଦେଲେ ହିଁ ଡାକ୍ତରମାନେ ପ୍ରତୀକାତ୍ମକ ଆନ୍ଦୋଳନରୁ ଓହରିବେ ବୋଲି ଓମ୍‌ସା ସଭାପତି ଡା. କିଶୋର ଚନ୍ଦ୍ର ମିଶ୍ର ସୂଚନା ଦେଇଛନ୍ତି। ଡା. ମିଶ୍ର କହିଛନ୍ତି ଯେ ଆଜି ସ୍ୱାସ୍ଥ୍ୟ ସଚିବଙ୍କ ସହ ଏ ସମ୍ପର୍କରେ ଆଲୋଚନା ହୋଇଛି। ପୂର୍ବଭଳି ଏଥର ମଧ୍ୟ ସମାନ ପ୍ରତିଶ୍ରୁତି ମିଳିଛି। ଯେହେତୁ ରାଜ୍ୟ ସରକାର ପୂର୍ବଥର ପ୍ରତିଶ୍ରୁତି ଦେଇ ମଧ୍ୟ କୌଣସି ପଦକ୍ଷେପ ନେଇନାହାନ୍ତି, ତେଣୁ ମୁଖ୍ୟମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ାଯାଇଛି। ଅପରପକ୍ଷେ, ସ୍ୱାସ୍ଥ୍ୟ ସଚିବ ଏ ସମ୍ପର୍କରେ ମୁଖ୍ୟମନ୍ତ୍ରୀଙ୍କୁ ଅବଗତ କରିବେ ବୋଲି କହିଛନ୍ତି। ତେଣୁ ମୁଖ୍ୟମନ୍ତ୍ରୀଙ୍କ ଲିଖିତ ପ୍ରତିଶ୍ରୁତି ମିଳିଲେ ଓମ୍‌ସା ଆନ୍ଦୋଳନରୁ ଓହରିବ। ତେଣୁ ସଂଘ ପକ୍ଷରୁ ପୂର୍ବରୁ ଯେଉଁ ପ୍ରତୀକାତ୍ମକ ଆନ୍ଦୋଳନ ଡକରା ଦିଆଯାଇଛି, ତାହା ଏବେ କାଏମ ରହିଥିବା ସେ କହିଛନ୍ତି।


**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ. ETELCONBBST-377E, ତା.11.10.2025ରିଖ

କାର୍ଯ୍ୟର ନାମ : ପୂର୍ବ ତଟ ରେଳପଥର ଭୁବନେଶ୍ୱର, ସମ୍ବଲପୁର ଓ ଅନୁଗୁଳ ୟୁନିଟ୍ ଠାରେ ଏବଂ ଶାସନ-ସରଲା (3ୟ ଓ 4ର୍ଥ ଲାଇନ), କଟପଡ଼ା-ବୁଢ଼ାପଙ୍କ (3ୟ ଓ 4ର୍ଥ ଲାଇନ), ଶାଳଗାଁ-ବୁଢ଼ାପଙ୍କ (3ୟ ଓ 4ର୍ଥ ଲାଇନ)ର ଅବଶିଷ୍ଟ ଷ୍ଟେସନ / ସ୍ଥାନ ସମ୍ବନ୍ଧୀୟ ସେବା ଭବନ, ସଙ୍କେତ ଏବଂ ଦୂରସଂଚାର ରୁମ୍‌ଗୁଡ଼ିକରେ 2TR କ୍ଷମତା ବିଶିଷ୍ଟ ପ୍ରିସିଜନ (Precision) AC ଏବଂ 2TR ସ୍ପ୍ଲିଟ୍ ACର ଯୋଗାଣ, ସଂସ୍ଥାପନ, ପରୀକ୍ଷଣ ଓ ପ୍ରଚଳନ ବ୍ୟବସ୍ଥା।

କାର୍ଯ୍ୟର ଆନୁମାନିକ ମୂଲ୍ୟ : ₹ 119.23 ଲକ୍ଷ, EMD : ₹ 2,09,600/-, କାର୍ଯ୍ୟ ଶେଷ ହେବା ଅବଧି : 12 ମାସ।

ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ : ତା.11.11.2025ରିଖ 1500 ଘଡ଼ିକାରେ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ହାର୍ଡକପିଗୁଡ଼ିକୁ କୁରିଅରରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ମାନୁଆଲ ପ୍ରସ୍ତାବ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ସଦାପି ଏଗୁଡ଼ିକ ଫର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ଦସ୍ତାବିଜ ସହିତ ୱେବ୍‌ସାଇଟ୍ www.ireps.gov.inରେ ଉପଲବ୍ଧ ଅଟେ।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ / ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15 (ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟ୍‌କୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଛି। ଟେଣ୍ଡରଦାତା/ ବିଡ୍‌ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ। କେବଳ ପଞ୍ଜୀକୃତ ଟେଣ୍ଡରଦାତା/ବିଡ୍‌ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ।

ଟେଣ୍ଡରଦାତାମାନେ ଟେଣ୍ଡରଦାତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସମସ୍ତ ନିର୍ଦ୍ଦେଶାବଳୀକୁ ସତର୍କତାର ସହିତ ପଢ଼ିବା ଉଚିତ ଏବଂ ଗଜେଟ୍ଡ ଅଧିକାରୀଙ୍କ ଦ୍ୱାରା ବିଧିବଦ୍ଧ ଭାବେ ଯାଞ୍ଚ ଏବଂ ସ୍ୱାକ୍ଷର ହୋଇଥିବା ଅନୁଲଗ୍ନକ-B,G ଏବଂ G1ର ଦାଖଲ ସହିତ, ଟେଣ୍ଡର ଦସ୍ତାବିଜ ଉପରେ 2ର ଅନୁଲଗ୍ନକ-I, ଟେଣ୍ଡର ଫର୍ମ (ଦ୍ୱିତୀୟ ସିଟ୍)ର ଯାଞ୍ଚ ସୂଚୀ, ପାରା 3.1 (ଯାଞ୍ଚ ସୂଚୀ) ସହିତ ସମସ୍ତ ନିର୍ଦ୍ଦେଶାବଳୀଗୁଡ଼ିକୁ ଅନୁପାଳନ କରିବା ଆବଶ୍ୟକ।

ଉପ ମୁଖ୍ୟ ବିଦ୍ୟୁତ୍ ଯନ୍ତ୍ରୀ (ନିର୍ମାଣ-I)/ ଭୁବନେଶ୍ୱର

PR-137/CI/25-26

**AFFIDAVIT**

By virtue of an Affidavit (SL No. 01, date- 18.10.2025) Sworn Before the Executive Magistrate, Padampur. I, **Pooja Budek** (new name), D/o Banamali Budek, permanent & current resident of At- Bubuda, Po- Dahigaon, Ps- Buden, Dist- Bargarh, PIN- 768036, Odisha declare that I have changed my name from **Kumari Pooja Budek** (old name) to **Pooja Budek** (new name). Henceforth, I shall be known as **Pooja Budek** (new name) for all purposes.

**Pooja Budek**

**AFFIDAVIT**

By virtue of an Affidavit (SL No. 04, date- 16.10.2025) Sworn Before the Executive Magistrate, Padampur. I, **Shibashrita Panda** (new name), S/o- Kallola Kumar Panda, permanent & current resident of AT- Padampur (Kapsila), Po- Rajborasambar, Ps- Padampur, Dist- Bargarh, PIN- 768036, Odisha declare that I have changed my name from **Sibashrita Panda** (old name) to **Shibashrita Panda** (new name). Henceforth, I shall be known as **Shibashrita Panda** (new name) for all purposes.

**Shibashrita Panda**

ସକାଳ
THE SAKALA



# ବନପାଳ ତାଲିମ ଶିବିରର ସମାବର୍ତ୍ତନ ଉତ୍ସବ




ଜି.ଉଦୟଗିରି,୧୮।୧୦(ସମିସ): ଜି.ଉଦୟଗିରି ବନତାଲିମ୍ କେନ୍ଦ୍ରରେ ୫୯ତମ ଦୀକ୍ଷାନ୍ତ ପରେଡ୍ ଏବଂ ସମାବର୍ତ୍ତନ ଉତ୍ସବ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟଅତିଥି ଭାବେ କଟକସ୍ଥିତ ମୁଖ୍ୟ ବନ ସଂରକ୍ଷକ ବିକାଶ ରଞ୍ଜନ ଦାସ, ସମ୍ମାନିତ ଅତିଥି ଭାବେ ବ୍ରହ୍ମପୁର ମଣ୍ଡଳ ଆଞ୍ଚଳିକ ମୁଖ୍ୟ ବନସଂରକ୍ଷକ ବ୍ରହ୍ମପୁର ମଣ୍ଡଳ ବିଶ୍ୱନାଥ ନିଲାନବର, ସମ୍ମାନୀତ ଅତିଥି ଭାବେ ଫୁଲବାଣୀ ବନଖଣ୍ଡର ବନଖଣ୍ଡ ଅଧିକାରୀ ପ୍ରତାପ କୋଟପଲ୍ଲୀ, ବାଲିଗୁଡ଼ା ବନଖଣ୍ଡର ବନଖଣ୍ଡ ଅଧିକାରୀ ଘନଶ୍ୟାମ ମହନ୍ତ ଏବଂ କଟକସ୍ଥିତ ମୁଖ୍ୟ ବନସଂରକ୍ଷକ (ତାଲିମ ଏବଂ ଉନ୍ନତି)ର ଅଧକ୍ଷ ବିକାଶ ରଞ୍ଜନ ଦାସ ଯୋଗ ଦେଇଥିଲେ। ରାଜ୍ୟର ବିଭିନ୍ନ ସ୍ଥାନରୁ ୫୦ ଜଣ ଫରେଷ୍ଟର ପ୍ରଶିକ୍ଷଣ ନେଇଥିଲେ। ମିଳିତ ପରେଡ ସହ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସମସ୍ତଙ୍କୁ ମାନପତ୍ର ସହ କୃତିତ୍ୱ ହାସଲ କରିଥିବା ଫରେଷ୍ଟରଙ୍କୁ ପଦକ ପ୍ରଦାନ କରାଯାଇଥିଲା। ଶେଷରେ ଜି.ଉଦୟଗିରି ଉପ ବନସଂରକ୍ଷକ ଆଶିଷ କୁମାର ବେହେରା ଧନ୍ୟବାଦ୍ ଅର୍ପଣ କରିଥିଲେ।

# ଟିକାବାଲି ବଜାରରେ ପନିପରିବା ଦର ଆକାଶଛୁଆଁ



ଟିକାବାଲି,୧୮।୧୦(ସମିସ): ଟିକାବାଲି ବଜାରରେ ବର୍ତ୍ତମାନ ପନିପରିବା ଦର ଆକାଶ ଛୁଆଁ ହୋଇଛି। ବନ୍ଧାକୋବି, ଫୁଲକୋବି, ବିଲାତି ବାଇଗଣ, ବାଇଗଣ ସମେତ ଅନ୍ୟାନ୍ୟ ପନିପରିବା କ୍ରୟ କରିବା ଏବେ ଆଉ ସହଜ ହେଉନାହିଁ। ସ୍ଥାନୀୟ ଅଞ୍ଚଳରେ ପନିପରିବା ଚାଷ ହେଉ ନଥିବା ଓ ଅନ୍ୟ ସ୍ଥାନରୁ ଆସୁଥିବା ଯୋଗୁ ଦର ବୃଦ୍ଧି ପାଉଥିବା କୁହାଯାଇଛି। ଅଞ୍ଚଳରେ ଜଳସେଚନର ଅସୁବିଧା, ପାଣିପାଗର ପ୍ରଭାବ କିମ୍ବା ଚାଷୀଙ୍କୁ ଉତ୍ସାହିତ କରିବାରେ ସରକାରୀ ଉଦ୍ୟମର ଅଭାବ ହେତୁ ସ୍ଥାନୀୟ ଉତ୍ପାଦନ ନଜରକୁ ଆସୁନାହିଁ। ଫଳରେ ଟିକାବାଲି ବଜାର ବର୍ତ୍ତମାନ ସମ୍ପୂର୍ଣ୍ଣ ରୂପେ ପଡ଼ୋଶୀ ଜିଲ୍ଲା ଗଞ୍ଜାମ, ନୟାଗଡ଼, ବୌଦ୍ଧ ଇତ୍ୟାଦି ଉପରେ ନିର୍ଭରଶୀଳ। ପରିବାକୁ ଅନ୍ୟ ଜିଲ୍ଲାରୁ ଆମଦାନୀ କରିବାକୁ ପଡୁଥିବାରୁ ପରିବହନ ଖର୍ଚ୍ଚ ଏବଂ ମଧ୍ୟସ୍ଥ ବ୍ୟବସାୟୀଙ୍କ ଲାଭ ହେତୁ ବଜାର ଦର ଆକାଶ ଛୁଆଁ ହେଉଛି। ବର୍ତ୍ତମାନ ଟିକାବାଲି ବଜାରରେ ସବୁ ପନିପରିବା ୬୦ ଟଙ୍କାରୁ ଅଧିକ ରହିଛି। ଦର ନିୟନ୍ତ୍ରଣ ରଖିବାକୁ ଜିଲ୍ଲା ପ୍ରଶାସନ କିମ୍ବା ବିଭାଗୀୟ ଅଧିକାରୀମାନଙ୍କର ଦୃଷ୍ଟି ପଡୁ ନଥିବା ଅଭିଯୋଗ ହେଉଛି।

# ପିତୃପୁରୁଷଙ୍କ ଉଦ୍ଦେଶ୍ୟରେ ଶ୍ମଶାନ ସଫେଇ

ପାରଳାଖେମୁଣ୍ଡି,୧୮ ।୧୦(ସମିସ): ଦୀପାବଳି ପାଖେଇ ଆସୁଥିବାରୁ ଦୋକାନ ବଜାର ଚଳଚଞ୍ଚଳ ହୋଇଉଠିଛି। ଦୀପାବଳି ରାତିରେ ସମସ୍ତେ ବଡ଼ବଡୁଆ ଡାକିଥାନ୍ତି। କିନ୍ତୁ ପରିତ୍ୟକ୍ତ ଶ୍ମଶାନ ଭୂମି କଥା ଭୁଲି ଯାଇଥାନ୍ତି। ଆଜି ସେହି ଶ୍ମଶାନ ଭୂମିର ସୁରକ୍ଷା ତଥା ପରିଷ୍କାର ପରିଚ୍ଛନ୍ନ ପାଇଁ ଜିଲ୍ଲା ନ୍ୟାୟାଳୟର କ୍ୟାଡ଼ର ପବ୍ଲିକ ପ୍ରସିକ୍ୟୁଟର



ରାଜେଶ କୁମାର ମିଶ୍ରଙ୍କ ଡ଼ାକରାରେ ତଥା ପାରଳାଖେମୁଣ୍ଡି ଆଇଆଇସି ପ୍ରଶାନ୍ତ ଭୂପତିଙ୍କ ସହାୟତାରେ ଓ ଜିଲ୍ଲା ଖଣି ଅଧିକାରୀ ଦୀପେନ ପରିଡ଼ା, ସହକାରୀ ଖଣି ଅଧିକାରୀ ଚିଣ୍ଟୁ ଦେହୁରୀ, ଗଜପତି ଓକିଲ ସଂଘ ସଭାପତି ଜିତୁ ପଟ୍ଟନାୟକ, ସମ୍ପାଦକ ଏମ୍ ପୃଥ୍ୱୀରାଜ, ସହସମ୍ପାଦକ ରାଜା ପଟ୍ଟନାୟକ, ପାରଳାଖେମୁଣ୍ଡି ଥାନା ସବଇନ୍ସପେକ୍ଟର ପ୍ରଫୁଲ୍ଲ ଜଗାରଙ୍ଗ, ହାବିଲଦାର ବିପିନ ବେହେରା ତଥା ଗାୟତ୍ରୀ ଶକ୍ତିପୀଠର ସନ୍ତୋଷ କୁମାର ଗନ୍ତାୟତ, ସମାଜସେବୀ ମନୋଜ କୁମାର ଦାଶଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ୫୦ରୁ ଉର୍ଦ୍ଧ୍ୱ ବ୍ୟକ୍ତି ମହେନ୍ଦ୍ରତନୟା ନଦୀ ନିକଟସ୍ଥ ଶ୍ମଶାନକୁ ସଫେଇ କରିଥିଲେ। ସେହିପରି ସମାନ ସମୟରେ ଅନୁଗୁଳର ଛେଳିଆପଡ଼ା ଭାଲୁଖାଇ ନାଳ ନିକଟସ୍ଥ ଶ୍ମଶାନକୁ ଶ୍ରୀ ମିଶ୍ରଙ୍କ ଡ଼ାକରାରେ ସେବା ପ୍ରତିନିଧି ସଙ୍ଗଠନର ସଂଗ୍ରାମ ପ୍ରଧାନ, କହ୍ନେଇ ପ୍ରଧାନ ଓ ପ୍ରଦୀପ ସାହୁଙ୍କ ତତ୍ତ୍ୱାବଧାନରେ ସଫା କରାଯାଇଥିଲା। ଆଜିର ଏହି ସଫେଇ କାର୍ଯ୍ୟରେ ଅନ୍ୟମାନଙ୍କ ମଧ୍ୟରେ ଅତୁଲ ପାଣିଗ୍ରାହୀ, ରାଜେଶ ନାହାକ, ଶଶୀଭୂଷଣ ପଟ୍ଟନାୟକ ଓ ଓକିଲ ପ୍ରଶାନ୍ତ ପ୍ରଧାନ ଉପସ୍ଥିତ ରହି ସହଯୋଗ କରିଥିଲେ।

# ବାପାଙ୍କ ମୃତ୍ୟୁ ପରେ ୨ ନାବାଳକ ପୁଅ ଅନାଥ

ଫିରିଙ୍ଗିଆ,୧୮।୧୦(ସମିସ):

ଫିରିଙ୍ଗିଆ ବ୍ଲକ ପଲାବୃଡ଼ି ପଞ୍ଚାୟତ ଉପର ଶ୍ରୀଗୁଣୀ ଗାଁରେ ସାପ କାମୁଡ଼ାରେ ମା'ର ମୃତ୍ୟୁ ହେବାର ଦୁଇ ମାସ ପରେ ବାପାଙ୍କର ଅଚାନକ ମୃତ୍ୟୁ ଘଟିବାରୁ ୨ ନାବାଳକ ପୁଅ ଅନାଥ ହୋଇ

- ୨ମାସ ତଳେ ସାପ କାମୁଡ଼ାରେ ମରିଥିଲେ ମା'
- ସରକାରୀ ସହାୟତା ସହ ଥଇଥାନ ପାଇଁ ଗ୍ରାମବାସୀଙ୍କ ଦାବି

ପର ଘରେ ଆଶ୍ରୟ ନେଇଛନ୍ତି। ସରକାରୀ ସହାୟତା ସହ ୨ ନାବାଳକଙ୍କୁ ଥଇଥାନ ପାଇଁ ଗ୍ରାମବାସୀ ଦାବି କରିଛନ୍ତି।

ସୂଚନା ଅନୁସାରେ, ପଲାବୃଡ଼ି ପଞ୍ଚାୟତ ୧୪ ନମ୍ବର ୱାର୍ଡ ଉପର ଶ୍ରୀଗୁଣୀ ଗାଁରେ ଚଳିତ ବର୍ଷ ଜୁଲାଇରେ ଘରେ ଶୋଇଥିବା ବେଳେ ରାତିରେ ସାପ କାମୁଡ଼ାରେ ଲକ୍ଷଣ ବିନ୍ଧାଣିଙ୍କ ସ୍ତ୍ରୀ ମଲି ବିନ୍ଧାଣିଙ୍କ ମୃତ୍ୟୁ ଘଟିଥିଲା। ସ୍ତ୍ରୀଙ୍କ ମୃତ୍ୟୁ ପରେ



ଲକ୍ଷଣ ୯ ବର୍ଷର ପୁଅ ଶିବୁ ଓ ୫ ବର୍ଷର ପୁଅ ଆଦର୍ଶ ସହ ରହୁଥିଲେ। ହେଲେ ସ୍ତ୍ରୀଙ୍କୁ ଝୁରି ଝୁରି ଦୁଇ ମାସ ପରେ ଗତ ୧୫ ତାରିଖରେ ଲକ୍ଷଣ ମଧ୍ୟ ଆରପାରିକୁ ଚାଲିଗଲେ। ଦୁଇ ନାବାଳକ ପୁଅ ବାପା-ମା'ଙ୍କୁ ହରାଇ ଏବେ ଅନାଥ ହୋଇ ପଡ଼ିଛନ୍ତି। ବଡ଼ବାପା ଗୁମ୍ଫରୀ ବିନ୍ଧାଣିଙ୍କ ଘରେ ସେମାନେ ଆଶ୍ରୟ ନେଇଛନ୍ତି। ଗୁମ୍ଫରୀ କୁଲି ମଜୁରୀ, ଲୁହା ଶାଳ କାମ କରି ନିଜର ଚାରି ପୁଅଝିଅ ଏବଂ ସ୍ତ୍ରୀଙ୍କୁ ନେଇ ବଡ଼ କଷ୍ଟରେ ଚଳୁଛନ୍ତି। ବର୍ତ୍ତମାନ ସମସ୍ତଙ୍କୁ ଚଳାଇବା ତାଙ୍କ ପକ୍ଷେ କଷ୍ଟକର। ଏହି ଅନାଥ ଶିଶୁଙ୍କୁ ବର୍ତ୍ତମାନ ପର୍ଯ୍ୟନ୍ତ ସରକାରଙ୍କ ତରଫରୁ କୌଣସି ସହାୟତା ମିଳି ପାରିନାହିଁ। ତୁରନ୍ତ ସରକାର ଦୁଇ ନାବାଳକ ପୁଅ ଶିବୁ ଓ ଆଦର୍ଶଙ୍କୁ ହଷ୍ଟେଲରେ ରହି ପାଠ ପଢିବା ପାଇଁ ପ୍ରଶାସନ ପକ୍ଷରୁ ବ୍ୟବସ୍ଥା କରିବାକୁ ଦାବି ହେଉଛି। ଦୁଇ ନାବାଳକ ପିଲାର ଭାର ସରକାର ବହନ କରିବାକୁ ବଡ଼ ବାପା ଗୁମ୍ଫରୀ, ଦେବେନ୍ଦ୍ର କହଁର, ପାଲୁ କହଁର, ମାଡ଼ିଆ ବିନ୍ଧାଣି, ବେନ୍ଦ୍ର କହଁରଙ୍କ ସହ ବହୁ ଗ୍ରାମବାସୀ ଦାବି କରିଛନ୍ତି। ଏନେଇ ଫିରିଙ୍ଗିଆ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଅନୁପ ଅଭିଷେକ ବେହେରାଙ୍କୁ ପଚାରିବାରୁ ଉପରିସ୍ଥ ଅଧିକାରୀଙ୍କ ସହ ଆଲୋଚନା କରି ତୁରନ୍ତ ଦୁଇ ପିଲାଙ୍କ ଥଇଥାନ ଓ ପାଠ ପଢ଼ିବା ବ୍ୟବସ୍ଥା କିଭଳି ହୋଇପାରିବ କରିବେ ବୋଲି କହିଛନ୍ତି। ସ୍ଥାନୀୟ ତହସିଲଦାର ଜ୍ୟୋତି ପ୍ରକାଶ ସେଠୀଙ୍କୁ ପଚାରିବାରୁ ନାବାଳକଙ୍କ ମା' ମଲିଙ୍କ ସାପ କାମୁଡ଼ାରେ ମୃତ୍ୟୁ ହୋଇଥିବାରୁ ତାଙ୍କ ଘରକୁ ଯାଇ ତଦନ୍ତ କରି ଆସିଛୁ। ତୁରନ୍ତ ସରକାରଙ୍କ ଦ୍ୱାରା ମିଳୁଥିବା ସହାୟତା ଯୋଗାଇ ଦିଆଯିବାକୁ ବ୍ୟବସ୍ଥା କରାଯିବ ବୋଲି କହିଛନ୍ତି।

■ ବିଧାୟକଙ୍କ ବଦାନ୍ୟତା

# ତିରୁପତିରେ ଗଜପତି ଯୁବକଙ୍କ ଚିକିତ୍ସା ବ୍ୟବସ୍ଥା କଲେ



ପାରଳାଖେମୁଣ୍ଡି,୧୮ ।୧୦(ସମିସ): ଗଜପତି ଜିଲ୍ଲା ଗୋଷାଣି ବ୍ଲକ ବଡ଼କତୁରୁ ପଞ୍ଚାୟତ ଆଡାଗାଁର ଏସ୍. କାମାରାଜୁ ବେଙ୍ଗଲୁରୁ ନିକଟସ୍ଥ ଏକ ସ୍ଥାନକୁ ଦାଦନ ଖଟିବାକୁ ଯାଇଥିଲେ। ତେବେ ସେ ଗତକାଲି ଗାଁକୁ ଫେରୁଥିବା ବେଳେ ଚିତ୍ତୁରରେ ହଠାତ ଅସୁସ୍ଥ ଅନୁଭବ କରିଥିଲେ। ପରବର୍ତ୍ତୀ ଷ୍ଟେସନ ତିରୁପତି ରହିଥିଲା। ତାଙ୍କ ଅସୁସ୍ଥତା ଖବର ପରିବାର ସଦସ୍ୟଙ୍କ ପାଖରେ ପହଞ୍ଚିବା ପରେ ବଡ଼ଭାଇ ଗୋଷାଣି ବ୍ଲକ ଅଧକ୍ଷ ଏନ୍. ବୀରରାଜୁଙ୍କୁ ସୂଚନା ଦେଇଥିଲେ। ଅଧକ୍ଷ ସଙ୍ଗେ ସଙ୍ଗେ ପାରଳାଖେମୁଣ୍ଡି ବିଧାୟକ ଇଂ.ରୂପେଶ ପାଣିଗ୍ରାହୀଙ୍କୁ ଜଣାଇଥିଲେ। ବିଧାୟକ ତିରୁପତି ଗସ୍ତରେ ଥିବାରୁ ଅସୁସ୍ଥ କାମାରାଜୁଙ୍କୁ ତିରୁପତି ଷ୍ଟେସନରେ ଓହ୍ଲାଇବାକୁ କହିବା ସହ ସେଠାରୁ ଆମ୍ବୁଲାନ୍ସ ଯୋଗେ ବାଲାଜୀ ମେଡ଼ିକାଲ କଲେଜକୁ ଆଣି ଭର୍ତ୍ତି କରାଇ ଚିକିତ୍ସା ବ୍ୟବସ୍ଥା କରାଇଥିଲେ। ବର୍ତ୍ତମାନ କାମାରାଜୁଙ୍କ ସ୍ୱାସ୍ଥ୍ୟ ଅବସ୍ଥା ସ୍ଥିର ରହିଥିବା ତାଙ୍କ ବଡ଼ଭାଇ ସୂଚନା ଦେବା ସହ ବିଧାୟକଙ୍କ ଏପରି ବଦାନ୍ୟତାକୁ ସେ ଓ ଅଞ୍ଚଳବାସୀ ପ୍ରଶଂସା କରିଛନ୍ତି।

# କାମରେ ଲାଗୁନି ସୌରଚାଳିତ ପାନୀୟ ଜଳପ୍ରକଳ୍ପ

କାଶୀନଗର, ୧୮।୧୦(ସମିସ): ଗଜପତି ଜିଲ୍ଲା କାଶୀନଗର ଏନ୍ଏସିରେ ଦିନକୁ ଦିନ ବଢ଼ି ଚାଲିଛି ବିଭିନ୍ନ ସମସ୍ୟା। ୨ ବର୍ଷ ହେଲା ସୌରଚାଳିତ ପାନୀୟ ଜଳ ପ୍ରକଳ୍ପ ଅଚଳ ହୋଇ ପଡ଼ିରହିଛି। ଅଭିଯୋଗ କଲେ ବି କୌଣସି ସମାଧାନ ହେଉନାହିଁ। ବିଭିନ୍ନ ସମସ୍ୟାକୁ ନେଇ ବିଭିନ୍ନ ସମୟରେ ସ୍ଥାନୀୟ ଲୋକେ ଏନ୍ଏସି ଅଧିକାରୀଙ୍କୁ ଅଭିଯୋଗ କରୁଛନ୍ତି ଓ ଗଣମାଧ୍ୟମରେ ପ୍ରକାଶ ମଧ୍ୟ ହେଉଛି। ହେଲେ ଅଧିକାରୀଙ୍କ ନିଘା ନାହିଁ, ଫଳରେ ଜନଅସନ୍ତୋଷ ବଢୁଛି। ସମସ୍ୟା ନେଇ ବାରମ୍ବାର ଏନ୍ଏସି ଅଧିକାରୀଙ୍କୁ ଅବଗତ କରାଯାଉଥିଲେ ବି ଅଧିକାରୀ ଜଣକ ଅଣଦେଖା କରୁଥିବା ଅଭିଯୋଗ ହୋଇଛି। ଦୁଇ ବର୍ଷ ପୂର୍ବେ କାଶୀନଗର ଫରେଷ୍ଟ ଛକ ଓ ମାର୍କେଟ ଛକରେ ଦୁଇଟି ସୌରଚାଳିତ ପାନୀୟ ଜଳ ପ୍ରକଳ୍ପ ହୋଇଥିଲା। ହେଲେ ତାହା ବର୍ତ୍ତମାନ ଲୋକଙ୍କ କାମରେ ଲାଗୁନି। ଲୋକଙ୍କ ପାନୀୟ ଜଳ କଷ୍ଟ ଲାଘବ ପାଇଁ ଉକ୍ତ ପ୍ରକଳ୍ପ କରାଯାଇଥିବାବେଳେ ଅଧିକାରୀଙ୍କ ଅବହେଳା ଯୋଗୁ ଟୋପାଏ ପାଣି ପାଉନାହାନ୍ତି ଲୋକେ।

ଉକ୍ତ ପ୍ରକଳ୍ପ ପାଇଁ ଦୁଇବର୍ଷ ପୂର୍ବେ ଅଞ୍ଚଳର ଜନପ୍ରତିନିଧିଙ୍କ ପ୍ରସ୍ତାବକୁ ଗ୍ରହଣ କରି ପୂର୍ବତନ ସାଂସଦ ଚନ୍ଦ୍ରଶେଖର ସାହୁ ନିଜ ପାଣ୍ଠିରୁ ଅନୁଦାନ ରାଶି ପ୍ରଦାନ କରିଥିବା ଏନ୍ଏସି ଅଧକ୍ଷା ଏମ୍. ସୁଧାରାଣୀ କହିଛନ୍ତି। କିନ୍ତୁ ତାହା କାହିଁକି କାମରେ ଲାଗୁନି ବୋଲି ସେ କାର୍ଯ୍ୟନିର୍ବାହୀ ଅଧିକାରୀଙ୍କୁ ବାରମ୍ବାର କହିବା ପରେ ବି ସେଥିପ୍ରତି କୌଣସି ପଦକ୍ଷେପ ଗ୍ରହଣ କରିନାହାନ୍ତି ଅଧିକାରୀ ଜଣକ। ଉକ୍ତ ପ୍ରକଳ୍ପ ପାଇଁ ସାଂସଦ ପକ୍ଷରୁ



## ନିଘୋଡ଼ ନିଦ୍ରାରେ ଏନ୍ଏସି କର୍ତ୍ତୃପକ୍ଷ

କାର୍ଯ୍ୟାଦେଶ ଆସିଥିଲା। କିନ୍ତୁ ଉକ୍ତ ପ୍ରକଳ୍ପର କୌଣସି ଫାଇଲ ତାଙ୍କୁ ପାଖକୁ ଆସିନାହିଁ କି ତାଙ୍କୁ ଅବଗତ କରାଯାଇ ନାହିଁ ବୋଲି ସେ କହିଛନ୍ତି। ସମସ୍ୟାକୁ ନେଇ ଏନ୍ଏସି କାର୍ଯ୍ୟନିର୍ବାହୀ ଅଧିକାରୀଙ୍କୁ ପଚାରିବାରୁ ଉକ୍ତ ପ୍ରକଳ୍ପ ପୂର୍ବତନ ସାଂସଦଙ୍କ କାର୍ଯ୍ୟାଦେଶ ଅନୁଯାୟୀ ଏକ ଏଜେନ୍ସି ପକ୍ଷରୁ ସଂସ୍ଥାପନ କରାଯାଇଛି। କିନ୍ତୁ କିଛି ଟେକ୍ନିକାଲ ଅସୁବିଧା ଯୋଗୁ ତାହା ସଚଳ ହୋଇନଥିବା କହିଛନ୍ତି। ସେ ଏମଇଙ୍କୁ ଅବଗତ କରିଛନ୍ତି। ଖୁବଶୀଘ୍ର ଉକ୍ତ ପ୍ରକଳ୍ପ କାର୍ଯ୍ୟକାରୀ ହେବ ବୋଲି କହିଛନ୍ତି। ଏନ୍ଏସି କାର୍ଯ୍ୟାଳୟରେ ବହୁ ବର୍ଷ ହେଲା ସ୍ଥାୟୀ ଏମଇ ଓ ଜେଇ ନଥିବା ଯୋଗୁ ବ୍ଲକ କାର୍ଯ୍ୟାଳୟର ଏଇ ଓ ଜେଇ ଉକ୍ତ ପଦ ଡେପୁଟେସନରେ ସମ୍ଭାଳିଛନ୍ତି। ଦୁଇଟି କାର୍ଯ୍ୟାଳୟ ଦାୟିତ୍ୱ ହେତୁ ବହୁ ସମୟରେ ଏମଇ ଓ ଜେଇ ଅନୁପସ୍ଥିତ ରହୁଥିବା ଯୋଗୁ ପ୍ରକଳ୍ପ ଗୁଡ଼ିକ ସକ୍ରିୟ ହୋଇ ପାରୁନଥିବା ନେଇ କାର୍ଯ୍ୟନିର୍ବାହୀ ଅଧିକାରୀ କହିଛନ୍ତି। ଅନ୍ୟ ପକ୍ଷରେ ଏମଇ କହିଛନ୍ତି ଉକ୍ତ ପ୍ରକଳ୍ପ ବିଷୟରେ ସେ ଜାଣିନାହାନ୍ତି କି ପ୍ରକଳ୍ପକୁ ନେଇ କାର୍ଯ୍ୟନିର୍ବାହୀ ଅଧିକାରୀ ତାଙ୍କୁ ଅବଗତ କରିନାହାନ୍ତି। ଉକ୍ତ ପ୍ରକଳ୍ପର କାର୍ଯ୍ୟାଦେଶ ଦିଆଯାଇଥିଲା। କିନ୍ତୁ କୌଣସି ଆକଳନ କରାଯାଇ ନ ଥିବା କହିଛନ୍ତି। ଯଦି ଏମଇ ଓ ଜେଇ ଅନୁପସ୍ଥିତ ରହୁଛନ୍ତି ତେବେ ଏନ୍ଏସିର ବହୁ ବିକାଶମୂଳକ କାର୍ଯ୍ୟ ଗୁଡ଼ିକ କିପରି ହେଉଛି ବୋଲି ସେ କହିଛନ୍ତି। ବ୍ଲକ କାର୍ଯ୍ୟାଳୟ ଏନ୍ଏସି କାର୍ଯ୍ୟାଳୟ ଠାରୁ ମାତ୍ର ୨୦୦ମିଟର ପାଖରେ ରହିଛି। ସେମାନେ କାର୍ଯ୍ୟାଳୟରେ ଉପସ୍ଥିତ ରହି ସମସ୍ତ କାର୍ଯ୍ୟ କରୁଥିବା କହିଛନ୍ତି। ହେଲେ ବର୍ତ୍ତମାନ ଲୋକଙ୍କ ମନରେ ଉକ୍ତ ପ୍ରକଳ୍ପ ବିନା ଆକଳନରେ କିପରି ସଂସ୍ଥାପନ କରାଗଲା ବୋଲି ପ୍ରଶ୍ନ ଉଠିଛି। ଅଧିକାରୀଙ୍କ ଭୁଲ୍ ଲୁଚାଇବା ପାଇଁ ଦୋଷ ଅନ୍ୟ ଉପରେ ଲଦି ଦେଉଥିବା ନେଇ ସାଧାରଣରେ ଚର୍ଚ୍ଚା ଚାଲିଛି। ଅଧିକାରୀଙ୍କ ନିଜ ସ୍ୱାର୍ଥ ବା ଅବହେଳା ଯୋଗୁ ଉକ୍ତ ପ୍ରକଳ୍ପରୁ ବଞ୍ଚିତ ହୋଇଛନ୍ତି ଜନସାଧାରଣ।

କିଛିଦିନ ପୂର୍ବେ ମିଶନ ଶକ୍ତି ଗୃହ ଗୁଡ଼ିକ ଅସାମାଜିକ ଆଡ୍ଡାସ୍ଥଳୀ ପାଲଟିଥିବା ଓ କିଛି ବ୍ୟବସାୟୀଙ୍କ ଅକ୍ତିଆରରେ ରହିଥିବା ଅଭିଯୋଗ ପରେ ବି ବର୍ତ୍ତମାନ ପର୍ଯ୍ୟନ୍ତ କୌଣସି ପଦକ୍ଷେପ ଗ୍ରହଣ କରାଯାଇନଥିବା ଜଣାପଡିଛି। ଏନେଇ ଜିଲ୍ଲା ପ୍ରଶାସନ ଏହିପରି ଅବହେଳା ଅବସ୍ଥା ଓ ସମସ୍ୟାର ସମାଧାନ ଅତିଶୀଘ୍ର କରିବା ସହ ଅଧିକାରୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାକୁ ଦାବି ହେଉଛି।

# ଚାନ୍ଦା ଆଦାୟ କରି ଖେଳପଡ଼ିଆ ସଜାଡିଲେ ଯୁବକ



ବାଲିଗୁଡ଼ା,୧୮।୧୦(ସମିସ): ଶୁଣିଲାନି ପ୍ରଶାସନ, ଚାନ୍ଦା ଆଦାୟ କରି ନିଜ ଖେଳ ପଡ଼ିଆ ସଜାଡ଼ିଲେ ସାକାରପଡି ଯୁବକ ଦଳ। ବାଲିଗୁଡ଼ା ବ୍ଲକ ବାରଖମା ପଞ୍ଚାୟତର ୪ ନଂ ୱାର୍ଡର ୩୦ରୁ ଉର୍ଦ୍ଧ୍ୱ ଯୁବକ ଆଜି ସ୍ୱେଚ୍ଛାକୃତ ଭାବେ ବ୍ୟକ୍ତିଗତ ଚାନ୍ଦା ଆଦାୟ କରି ଜେସିବି, ଟ୍ରାକ୍ଟର ଲଗାଇ ଖେଳ ପଡ଼ିଆ ସମତଳ କରିଛନ୍ତି। ଅନେକ ଥର ସ୍ଥାନୀୟ ପ୍ରଶାସନକୁ ଜଣାଇବା ପରେ କୋ÷ଣସୁ ସୁଫଳ ନମିଳିବାରୁ ବାଧ ହୋଇ ଅଞ୍ଚଳର ଯୁବକ ମେଳି ବାନ୍ଧି ଚାନ୍ଦା ଆଦାୟ କରି ଖେଳ ପଡ଼ିଆକୁ ସମତଳ କରିଛନ୍ତି। ସୂଚନା ପ୍ରକାରେ ଏହି ଖେଳ ପଡ଼ିଆ ବହୁ ପୁରାତନ। ଏଠାରେ ଅଭ୍ୟାସ କରି ଅନେକ ଯୁବକ ସିଆରପିଏଫ୍, ବିଏସ୍ଏଫ୍, ଓଡ଼ିଶା ପୁଲିସରେ ଆଦିରେ ସ୍ଥାନ ପାଇଛନ୍ତି। ହେଲେ ଆଜି ବି ଏହି ଖେଳ ପଡ଼ିଆ ଅବହେଳିତ। ସରକାର ଓ ସ୍ଥାନୀୟ ପ୍ରଶାସନ ଖେଳ ପଡ଼ିଆ ଉପରେ ଅଧିକ ଦୃଷ୍ଟି ଦେଇ ଆନୁଷଙ୍ଗିକ ବ୍ୟବସ୍ଥା କରିବାକୁ ସେମାନେ ନିବେଦନ କରିଛନ୍ତି।

# ପହେଲଗାମ୍ ମୃତକଙ୍କୁ ଶ୍ରଦ୍ଧାଞ୍ଜଳି ଜଣାଇ ଦୀପଦାନ

ପାରଳାଖେମୁଣ୍ଡି,୧୮।୧୦ (ସମିସ): ପାରଳାଖେମୁଣ୍ଡି ସ୍ଥିତ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଦୀପାବଳି ଉତ୍ସବ ପାଳିତ ହୋଇଛି। ଏଥିରେ ସ୍ଥାନୀୟ ଦେବୀମଠର



ମହନ୍ତ ରାମାନନ୍ଦ ଦାଶ ଓ ବିଦ୍ୟାଳୟର ପରିଚାଳନା କମିଟି ସମ୍ପାଦକ ଚନ୍ଦ୍ରଶେଖର ପଟ୍ଟନାୟକ ଯୋଗ ଦେଇ ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମ ଆରମ୍ଭ କରିଥିଲେ। ଭାରତୀୟ ସେନାର 'ଅପରେସନ୍ ସିନ୍ଦୁର'ର ସଫଳତା ଓ ପହେଲ୍‌ଗାମ୍ ଆତଙ୍କବାଦୀ ଆକ୍ରମଣରେ ପ୍ରାଣ ହରାଇଥିବା ମୃତକଙ୍କୁ ଶ୍ରଦ୍ଧାଞ୍ଜଳି ପୂର୍ବକ ବିଦ୍ୟାଳୟର ଛାତ୍ରଛାତ୍ରୀ ୨ହଜାର ଦୀପ ପ୍ରଜ୍ୱଳନ କରିଥିଲେ। ଶେଷରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ସମସ୍ତ କାର୍ଯ୍ୟକ୍ରମ ପ୍ରଧାନାଚାର୍ଯ୍ୟ ସରୋଜ କୁମାର ପଣ୍ଡାଙ୍କ ତତ୍ତ୍ୱାବଧାନରେ ହୋଇଥିବା ବେଳେ ସମସ୍ତ ଆଚାର୍ଯ୍ୟ ସହଯୋଗ କରିଥିଲେ।

## ମୌଳିକ ସୁବିଧାରୁ ବଞ୍ଚିତ ତାଞ୍ଜିମ୍ରିକା ସହ ତିନିରୁ ଉର୍ଦ୍ଧ୍ୱ ଗାଁ

# ରାସ୍ତା, ବିଜୁଳି ସାତ ସପନ; ଚୁଆ ପାଣି ଭରସା







ଫିରିଙ୍ଗିଆ,୧୮।୧୦(ସମିସ):

ଫିରିଙ୍ଗିଆ ବ୍ଲକର ଉପାନ୍ତ ଅଞ୍ଚଳର ଅଧିକାଂଶ ଗ୍ରାମବାସୀ ମୌଳିକ ସୁବିଧାରୁ ବଞ୍ଚିତ ହୋଇ ଅଭିଶପ୍ତ ଜୀବନ ବିତାଉଛନ୍ତି। କେଉଁଠି ରାସ୍ତା ନାହିଁ ତ କେଉଁଠି ପାନୀୟ ଜଳ ସୁବିଧା ନାହିଁ ଓ ଆଉ କେଉଁଠି ଗାଁକୁ ବିଦ୍ୟୁତ ସଂଯୋଗ ବି ହୋଇପାରିନାହିଁ। ଏଭଳି ଏକ ଗାଁ ଫିରିଙ୍ଗିଆ ବ୍ଲକ ପକାରୀ ପଞ୍ଚାୟତର ତାଞ୍ଜିମ୍ରିକା ଗାଁ ସହ କ୍ଲିଉ ଏବଂ ବିଜାମାରି। ଏହି ଗାଁ ଗୁଡିକୁ ଆଜି ପର୍ଯ୍ୟନ୍ତ ସାଧାରଣ ଭାବରେ ରାସ୍ତା ନାହିଁ। ଅନ୍ୟାନ୍ୟ ସୁବିଧା ପିଇବା ପାଣି ଓ ବିଦ୍ୟୁତ ସଂଯୋଗ ମଧ୍ୟ ହୋଇନାହିଁ। କୌଣସି ସରକାରୀ ସୁବିଧା ପହଞ୍ଚି ପାରିନାହିଁ। ତାଞ୍ଜିମ୍ରିକା ଗାଁକୁ ରାସ୍ତା ନଥିବା ବେଳେ ଉପାନ୍ତ ଅଞ୍ଚଳରେ କାହିଁ କେଉଁ କାଳରୁ ବସବାସ କରୁଥିଲେ ମଧ୍ୟ ଏବେ ବି ଚୁଆ କିମ୍ବା କୂଅଟିଏ ବି ନଥିବାରୁ ବିଲ ମଝିରେ ଥିବା ଚୁଆ ପାଣି ବର୍ଷ ତମାମ ପିଇବା ସହ ଅନ୍ୟାନ୍ୟ କାମ ପାଇଁ ବ୍ୟବହାର କରୁଛନ୍ତି। ତାହା ପୁଣି ଗାଁ ଠାରୁ ପ୍ରାୟ ଅଧା କିଲୋମିଟର ଦୂରରେ ରହିଥିବାବେଳେ ବର୍ଷା ଦିନେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ରାସ୍ତା ନଥିବାରୁ ଯାତାୟତ ପାଇଁ ବହୁ ଅସୁବିଧା ହେଉଥିବା କହିଛନ୍ତି ଗ୍ରାମବାସୀ। ଦେହ ଅସୁସ୍ଥ ହେଲେ ବହୁ କଷ୍ଟରେ ପକାରୀ ପର୍ଯ୍ୟନ୍ତ ପ୍ରାୟ ୧୫ରୁ ୧୬ କିଲୋମିଟର ଯାଇ ସେଠାରୁ ଗାଡ଼ିରେ ଗୋଛାପଡ଼ା କିମ୍ବା ବାଲନ୍ଦାପଡ଼ା ସ୍ୱାସ୍ଥ୍ୟକେନ୍ଦ୍ରକୁ ଯିବାକୁ ପଡୁଛି। ବାରମ୍ବାର ଅଭିଯୋଗ ପରେ ମଧ୍ୟ ଆଜି ପର୍ଯ୍ୟନ୍ତ ଏହି ତିନି ଗାଁକୁ ବିଦ୍ୟୁତ ସଂଯୋଗ ହୋଇପାରିନାହିଁ। ଗ୍ରାମବାସୀ ବ୍ଲକ କାର୍ଯ୍ୟାଳୟ ଠାରୁ ବିଧାୟକ ଏମିତି କି ଜିଲ୍ଲାପାଳଙ୍କୁ ଲିଖିତ ଭାବରେ ଜଣାଇଥିଲେ ମଧ୍ୟ କୌଣସି ସୁଫଳ ମିଳିପାରିନାହିଁ। ବେଲାଡଲି ଗାଁ ନିକଟରେ ଥିବା ମୋବାଇଲ ଟାୱାରକୁ ବିଦ୍ୟୁତ ସଂଯୋଗ ହୋଇଛି କିନ୍ତୁ ଗାଁକୁ ବିଦ୍ୟୁତ ସଂଯୋଗ କରାଯିବ ବୋଲି କହି ଠିକାଦାର ବିଦ୍ୟୁତ ଖୁଣ୍ଟ ପୋତି ତାର ମଧ୍ୟ ଟାଣିଥିଲେ। କିନ୍ତୁ ପୁଣି ଥରେ ନିଜେ ଠିକାଦାର ସବୁ ତାର ଖୋଲି ନେଇ ଯାଇଥିବା କହିଛନ୍ତି ଅଞ୍ଚଳବାସୀ। ମୋବାଇଲ ଟାୱାର କାମ କରୁଛି, ଜିଓ ନେଟ୍‌ୱର୍କ ମଧ୍ୟ ଆସୁଛି, କିନ୍ତୁ ଅନ୍ୟାନ୍ୟ ସୁବିଧା ନାହିଁ। ପ୍ରାୟ ୪୦ ଘର ପାଖାପାଖି ବିଦ୍ୟୁତ ସଂଯୋଗ ପାଇଁ ରହିଥିବା ବେଳେ ସବୁଠାରୁ ତାଞ୍ଜିମ୍ରିକା ଗ୍ରାମବାସୀ ବିଶେଷ ଅସୁବିଧା ଭୋଗୁଛନ୍ତି। ସଞ୍ଜ ହେଲେ ଡିବିରି ଆଲୁଅରେ ଛୋଟ ପିଲାମାନେ ପାଠ ପଢୁଥିବା ବେଳେ ୭ରୁ ୮ କିଲୋମିଟର ଦୂରରେ ଥିବା ବେଲାଡଲି ପ୍ରାଥମିକ ବିଦ୍ୟାଳୟ ମଧ୍ୟ ବନ୍ଦ ହୋଇଯିବାରୁ ପିଲାଙ୍କ ପାଠ ପଢ଼ାରେ ଡୋରି ବାନ୍ଧି ହୋଇଛି। ଗାଁରେ ଅଙ୍ଗନବାଡ଼ି କେନ୍ଦ୍ର ନ ଥିବାରୁ ତାଞ୍ଜିମ୍ରିକା ଗାଁ ସହ ତିନି ଗାଁର ଛୋଟ ଛୋଟ ପିଲାମାନେ ପ୍ରାକ୍ ଶିକ୍ଷାରୁ ବଞ୍ଚିତ। ସାର୍ତ୍ତାପାଜୁ ଅଙ୍ଗନବାଡି କେନ୍ଦ୍ର ପ୍ରାୟ ୬ କିଲୋମିଟର ଦୂର ହେଉଥିବାରୁ ପିଲାମାନେ ଯିବା ସମ୍ଭବ ହେଉନାହିଁ। ସାର୍ତାପାଜୁ ଅଙ୍ଗନବାଡ଼ି କର୍ମୀ ମଧ୍ୟ ଶୁଖିଲା ଓ ମିଳୁଥିବା ପୁଷ୍ଟିକର ଖାଦ୍ୟ ମଧ୍ୟ ଦେଉନଥିବା ବେଳେ ତିନିରୁ ଚାରି ମାସରେ ଥରେ ଦେଲେ ଦେଉଛନ୍ତି ନ ହେଲେ ନାହିଁ ବୋଲି ଅଭିଯୋଗ କରିଛନ୍ତି ଗ୍ରାମବାସୀ। ଫିରିଙ୍ଗିଆ ବ୍ଲକ ମୁଖ୍ୟ କାର୍ଯ୍ୟାଳୟ ପ୍ରାୟ ୫୦ କିଲୋମିଟର ଓ ପଞ୍ଚାୟତ କାର୍ଯ୍ୟାଳୟ ୧୫ ରୁ ୧୬ କିଲୋମିଟର ଦୂର। ବିପିଏଲ ଚାଉଳ ହେଉ କି ବାର୍ଦ୍ଧକ୍ୟ ଭତ୍ତା ପାଇଁ ଗାଁ ଲୋକେ ଯାତାୟତରେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଗାଁରେ ଏକ ମିନି ଅଙ୍ଗନବାଡି କେନ୍ଦ୍ର ଖୋଲିବା ସହ ରାସ୍ତା ନିର୍ମାଣ, ତାଞ୍ଜିମ୍ରିକା ଗାଁରେ ସୋଲାର ପାଣି ପାନୀୟଜଳ ବ୍ୟବସ୍ଥା ସହ ଗାଁର ପ୍ରତ୍ୟେକ ଘରକୁ ବିଦ୍ୟୁତ ସଂଯୋଗ କରିବାକୁ ଦାବି କରିଛନ୍ତି ଗ୍ରାମବାସୀ। କେବଳ ଏତିକି ନୁହେଁ କ୍ଲିଉ, ବିଜାମାରି ଏବଂ ବେଲାଡଲି ଗାଁରେ ଘର ଗୁଡିକୁ ବିଦ୍ୟୁତ ସଂଯୋଗ ସହ ତୁରନ୍ତ ବ୍ୟବସ୍ଥା କରି ଯୋଗାଇ ଦେବାକୁ ଦାବି କରିଛନ୍ତି ବିଜେପି ପକାରୀ ପଞ୍ଚାୟତ ସଭାପତି ବାବୁଲା କହଁର, ୱଦା କହଁର, ସାରବା କହଁର, ତୁର କହଁର, ନର କହଁର, ଜନେକ କହଁର, ମଇନା କହଁର, କାଇନା କହଁର ତେନୁରି କହଁରଙ୍କ ସହ ଅନ୍ୟ ଗ୍ରାମବାସୀ।

# ଭ୍ରମରପୁର ପଞ୍ଚାୟତ ଗଠନ ନିମନ୍ତେ ଜିଲ୍ଲାପାଳଙ୍କୁ ଦାବିପତ୍ର



ପାରଳାଖେମୁଣ୍ଡି,୧୮।୧୦(ସମିସ): ଗଜପତି ଜିଲ୍ଲା ନୂଆଗଡ ବ୍ଲକ ଭ୍ରମରପୁରକୁ ନୂତନ ପଞ୍ଚାୟତ ଗଠନ କରିବା ପାଇଁ ଜିଲ୍ଲାପାଳଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ଅଞ୍ଚଳବାସୀ ପ୍ରଦାନ କରିଛନ୍ତି। ଜିଲ୍ଲା ପ୍ରଶାସନ ତରଫରୁ ଅତିରିକ୍ତ ଜିଲ୍ଲାପାଳ ଫାଲଗୁନୀ ମାଝୀ ଏହି ଦାବିପତ୍ର ଗ୍ରହଣ କରିଛନ୍ତି। ନୂଆଗଡ ପଞ୍ଚାୟତରେ ଭ୍ରମରପୁର ରହିଥିଲେ ସୁଦ୍ଧା ଏହି ଅଞ୍ଚଳର ସେଭଳି କିଛି ଉନ୍ନତି ହୋଇପାରି ନାହିଁ। ତେଣୁ ନୂଆଗଡ ପଞ୍ଚାୟତର ଭ୍ରମରପୁର, କେ.ରୁଗେଇସିଂ, ଲୁହାଙ୍ଗର ପଞ୍ଚାୟତର ରେବିଡ଼ି, ପାଛୋଡ଼ା ଏବଂ ପି. ଅନ୍ତରଡା ପଞ୍ଚାୟତର ଗୁଆର ଗ୍ରାମକୁ ନେଇ ଭ୍ରମରପୁରକୁ ନୂତନ ପଞ୍ଚାୟତ ଗଠନ କରିବା ନିମନ୍ତେ ଦାବିପତ୍ରରେ ଉଲ୍ଲେଖ ରହିଛି। ଭୌଗଳିକ ଦୃଷ୍ଟି କୋଣରୁ ଏହି ୫ ଗ୍ରାମର କେନ୍ଦ୍ରସ୍ଥଳୀ ଏବଂ ଭ୍ରମରପୁର ଏକ ରାଜସ୍ୱ ଗ୍ରାମ ହୋଇଥିବାରୁ ନୂତନ ଭାବେ ଗ୍ରାମ ପଞ୍ଚାୟତ ଗଠନ କରିବା ନିମନ୍ତେ ଦାବି କରାଯାଇଛି। ଦାବିପତ୍ର ପ୍ରଦାନ ବେଳେ ୫ ଗ୍ରାମର ମୁଖିଆ ମୀନ ମଣ୍ଡଳ, ନହ ଦଳବେହେରା, ଜିରିମିୟ ଲିମା, ପିଦୟ ମଣ୍ଡଳ, ଜନାଥନ ପାଣି ଓ ପାଉଲ ଦଳବେହେରା ଉପସ୍ଥିତ ଥିଲେ।

# ଅଠରନଳା ପୋଲରୁ ବାଇକ୍ ଖସି ଜଣେ ମୃତ, ଦୁଇ ଗୁରୁତର

ମୋହନା,୧୭।୧୦(ସମିସ): ଗଜପତି ଜିଲ୍ଲା ମୋହନା ଥାନା ଅଠରନଳା ପୋଲ ଉପରୁ ଏକ ବାଇକ୍ ଶୁକ୍ରବାର ସନ୍ଧ୍ୟାରେ ପ୍ରାୟ ୨୦ ଫୁଟ ତଳକୁ ଖସିପଡ଼ି ଜଣଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଅଡ଼ବା ଥାନା କେଶରୀଗୁଡ଼ା ପଞ୍ଚାୟତ ଜାଡ଼ାଗୁଡା ଗ୍ରାମର କାଳେଶ୍ୱର ମାଝୀ। ବାଇକ୍‌ରେ ଥିବା ଅନ୍ୟ ଦୁଇଜଣ ଗୁରୁତର ଆହତ ହୋଇଛନ୍ତି। ସେମାନେ ହେଲେ ସେହି ଗ୍ରାମର ଅବିଏସ୍ ରଇତ ଏବଂ ସାଗର ଶବର। ସେମାନଙ୍କୁ ଗୁରୁତର ଅବସ୍ଥାରେ ବ୍ରହ୍ମପୁର ବଡ଼ ମେଡିକାଲ ସ୍ଥାନାନ୍ତର କରାଯାଇଛି। ଏମାନେ ବାଇକ ଯୋଗେ ମୋହନାରୁ ନିଜ ଗ୍ରାମକୁ ଫେରୁଥିବା ବେଳେ ଅଠରନଳା ପୋଲ ନିକଟ ବୁଲାଣି ରାସ୍ତାରେ ଭାରସାମ୍ୟ ହରାଇ ବାଇକ୍ ସହ ପୋଲ ତଳକୁ ଖସି ପଡ଼ିଥିଲେ। ସ୍ଥାନୀୟ ଲୋକେ ଆହତଙ୍କୁ ଉଦ୍ଧାର କରି ମୋହନା ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିବାବେଳେ ସେଠାରେ କାଳେଶ୍ୱରଙ୍କୁ ଡାକ୍ତର ମୃତ ଘୋଷଣା କରିଛନ୍ତି। ମୋହନା ପୁଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ନିମନ୍ତେ ବ୍ରହ୍ମପୁର ବଡ଼ମେଡ଼ିକାଲ ପଠାଇ ତଦନ୍ତ ଆରମ୍ଭ କରିଛି।

### ସରକାରୀ ପ୍ରୋତ୍ସାହନ ଅଭାବ

# ହଜିବାକୁ ବସିଲାଣି ନଳିତା ଚାଷ; ଆଗକୁ ମିଳିବନି କାଉଁରିଆ

ଭଞ୍ଜନଗର,୧୮ ।୧୦(ସମିସ): ଧୀରେ ଧୀରେ ଲୋପ ପାଇବାକୁ ବସିଲାଣି ଅନ୍ୟତମ ଅର୍ଥକାରୀ ଫସଲ ନଳିତା ଚାଷ। ଦୀର୍ଘବର୍ଷ ଧରି ଭଞ୍ଜନଗରର ବିଭିନ୍ନ ଅଞ୍ଚଳରେ ଚାଷୀମାନେ ନଳିତା ଚାଷ କରି ସେଥିରୁ ଉତ୍ପାଦିତ ଝୋଟ ବିକି ପ୍ରଚୁର ଲାଭ ପାଉଥିଲେ। ଏବେ ପ୍ରୋତ୍ସାହନ ଅଭାବରୁ ନଳିତା ଚାଷରୁ ମୁହଁ ଫେରାଉଛନ୍ତି ଚାଷୀ। ପୂର୍ବରୁ ହଜାର ହଜାର ଏକର ଜମିରେ ଚାଷୀ ନଳିତା ଚାଷ କରୁଥିଲା। ଗଛ ବଡ଼ ହେଲାପରେ ତାକୁ କାଟି ବିଡ଼ା କରି ଜଳାଶୟରେ କିଛିଦିନ ପୋତି ଦେଉଥିଲା। ପଚିଗଲା ପରେ ଏହାକୁ ପାଣିରୁ ବାହାର କରି ସେଥିରୁ ଝୋଟ ବାହାର କରିବା ସହ କାଉଁରିଆ କାଠି ବାହାର କରାଯାଉଥିଲା। ସଂଗୃହିତ ଝୋଟକୁ ଶୁଖାଇ ବିକିବା ସହ କାଉଁରିଆକୁ ଜାଳେଣି ଓ ଦୀପାବଳିରେ ବଡ଼ବଡୁଆ ଡାକିବାକୁ ବ୍ୟବହାର କରାଯାଉଥିଲା। ସରକାର ଝୋଟ ନନେବାରୁ ଚାଷୀ ଆଉ ଏହି ଚାଷ କରୁନାହାନ୍ତି।



ପୂର୍ବରୁ ଚାଷୀମାନେ ଗୋଟିଏ କ୍ଷେତରେ ୩ଟି ଫସଲ ଯଥା ଖରିଫ ଋତୁରେ ଧାନ ଚାଷ, ରବି ଋତୁରେ ମୁଗବିରି ଚାଷ ଓ ପରେ ନଳିତା ଚାଷ କରି ବେଶ୍ ରୋଜଗାର କରୁଥିଲେ। ଏବେ ଘୁମୁସର ଉପଖଣ୍ଡର ଚାଷୀ କେବଳ ଧାନ ଏବଂ କେଉଁଠି କେଉଁଠି ଧାନ ପରେ ମୁଗ ବିରି ଆଦି ଫସଲ କରୁଛନ୍ତି। ଆଗଭଳି ଆଉ ନଳିତା ଚାଷ ହେଉନାହିଁ। ଏବେ କେବଳ ଦୀପାବଳି ବେଳେ ଘରେ ଘରେ କାଉଁରିଆ କାଠି ଆବଶ୍ୟକ ପଡୁଥିବାରୁ କିଛି ହାତ ଗଣତି ଚାଷୀ ଏହି ଚାଷ କରୁଛନ୍ତି।

ଭଞ୍ଜନଗର ଉପଖଣ୍ଡ ବେଲଗୁଣ୍ଠା ବ୍ଲକର ଧୁମୁଛାଇ ଓ ଇଙ୍ଗିନାଠି ପଞ୍ଚାୟତର ଧୁମୁଛାଇ, ସାରିଆ ପଲ୍ଲୀ, ତରଙ୍ଗ, ବଲାଡି, ମନ୍ଦାର ଆଦି ଗ୍ରାମ ସମେତ ଜିଲୁଣ୍ଡି ପଞ୍ଚାୟତର ମଳାସପଦର, ମୁଦୁଲି, ବୁଡିଆମ୍ବା, ପୁରୁଣା ପାଣି ଓ ମୁଦୁଲି ପଲ୍ଲୀ ପଞ୍ଚାୟତ ର ମୁଦୁଲି ପଲ୍ଲୀ, ଭାଲିଆଖାଇ ଆଦି କିଛି ଇଲାକାରେ ଚାଷୀମାନେ ଏବେ ନଦୀହିଡ, ପଦର ଜମିରେ ଅଳ୍ପ ପରିମାଣର ନଳିତା ଚାଷ କରୁଛନ୍ତି। ଧୁମୁଛାଇର ଚାଷୀ ମନୋଜ କୁମାର ଡାକୁଆ, କାଳିଆ ସ୍ୱାଇଁ, ପଦ୍ମ ରାଉତ ଓ ଦଣ୍ଡପାଣି ସ୍ୱାଇଁ ଚଳିତ ବର୍ଷ ନଳିତା ଚାଷ କରିଥିଲେ। ମନୋଜ କୁହନ୍ତି ଚଳିତ ବର୍ଷ ସେ ୧୨ ଶହ ଗଛ ଲଗାଇଥିଲେ। ଏବେ ଅମଳ ସରିଛି। ତେବେ ପୂର୍ବ ଭଳି ନଳିତା ଚାଷରୁ ଲାଭ ମିଳୁନି। ଝୋଟ ପ୍ରସ୍ତୁତ କରି ଘରେ ସାଇତି ରଖୁଥିବାବେଳେ ଶାଗମାଛ ଦରରେ ଏହାକୁ ବେଲଗୁଣ୍ଠାର କିଛି ବ୍ୟବସାୟୀଙ୍କୁ ଦେବାକୁ ସେମାନେ ବାଧ ହେଉଛନ୍ତି।

# ପ୍ରଶାସନର ଜବରଦଖଲ ଉଚ୍ଛେଦ ଅଭିଯାନ ଆରମ୍ଭ



ପୋଲସରା,୧୮ ।୧୦(ସମିସ): ପୋଲସରା ଏନ୍ଏସିର କିଛି ପ୍ରମୁଖ ଛକରୁ ଜବରଦଖଲକାରୀ ବ୍ୟବସାୟୀଙ୍କୁ ହଟାଇଛି ଏନ୍ଏସି ପ୍ରଶାସନ। ଏନ୍ଏସି କାର୍ଯ୍ୟନିର୍ବାହୀ ଅଧିକାରୀ କୈଳାଶ ଚନ୍ଦ୍ର ଜେନା ଓ ଥାନା ଅଧିକାରୀ କୌଶିକ ମାଝିଙ୍କ ମିଳିତ ଉଦ୍ୟମରେ ଜବରଦଖଲ ଉଚ୍ଛେଦ ଆରମ୍ଭ ହୋଇଥିଲା। ଆଇନ ଶୃଙ୍ଖଳା ପରିସ୍ଥିତିକୁ ନଜରରେ ରଖି ପୁଲିସ ମୁତୟନ କରାଯାଇଥିଲା। ଅନ୍ୟପଟେ ଉଚ୍ଛେଦ ହୋଇଥିବା ବ୍ୟବସାୟୀ ତୁରନ୍ତ ଥଇଥାନ ଦାବି କରି ହୋହାଲ୍ଲା କରିଥିଲେ। ପୋଲସରା ସହର ଗୋପବନ୍ଧୁ ହାଇସ୍କୁଲ ଛକଠାରୁ ଷଣ୍ଡସାହି ଛକ ପର୍ଯ୍ୟନ୍ତ ହାଇସ୍କୁଲ ପାଚେରିକୁ ଲାଗି ଦୁଇ ଦଶନ୍ଧି ଧରି ପ୍ରାୟ ୫୦ରୁ ଊର୍ଦ୍ଧ୍ୱ ଦୋକାନୀ ବ୍ୟବସାୟ କରି ଆସୁଥିଲେ। ଅନ୍ୟପଟେ ସ୍କୁଲ ପାଚେରିକୁ ଲାଗି କିଛି ଦୋକାନରେ ମଦ ବିକ୍ରି ହେଉଥିବା ଓ ବେଆଇନ ଭାବେ ଅସ୍ଥାୟୀ ଦୋକାନ ଗୃହ ରାସ୍ତାକୁ କବ୍ଜା କରି ଦୋକାନ ଖୋଲିଥିଲେ ଯାହା ଫଳରେ ନିକଟରେ ଥିବା ଶିକ୍ଷାନୁଷ୍ଠାନକୁ ଦୈନିକ ଶହଶହ ଛାତ୍ରଛାତ୍ରୀ ଏହି ରାସ୍ତାଦେଇ ଯିବାଆସିବା ବେଳେ ଟ୍ରାଫିକ୍ ସମସ୍ୟା ସୃଷ୍ଟି ହେଉଥିଲା। ଅନ୍ୟପକ୍ଷରେ ମୁଖ୍ୟ ରାସ୍ତାକୁ ପ୍ରଶସ୍ତ କରିବା ସହ ସହରକୁ ସୌନ୍ଦର୍ଯ୍ୟକରଣ କରିବା ପାଇଁ ଜବରଦଖଲ ଉଚ୍ଛେଦ ତ୍ୱରାନ୍ୱିତ କରିବାକୁ ପ୍ରଶାସନ ଅଣ୍ଟା ଭିଡ଼ିଥିଲା। ସେହିପରି ଉଠା ବ୍ୟବସାୟୀଙ୍କ ସ୍ୱାର୍ଥକୁ ଦୃଷ୍ଟିରେ ରଖି ସେମାନଙ୍କ ପାଇଁ 'ଭେଣ୍ଡିଂଜୋନ'ର ବ୍ୟବସ୍ଥା ଆରମ୍ଭ ହେବ ଏବଂ ଉଚ୍ଛେଦ ହୋଇଥିବା ସ୍ଥାନରେ ସହରବାସୀଙ୍କ ପାଇଁ ସୌନ୍ଦର୍ଯ୍ୟକରଣ ବ୍ୟବସ୍ଥା କରାଯିବ ବୋଲି କାର୍ଯ୍ୟନିର୍ବାହୀ ଅଧିକାରୀ ଶ୍ରୀ ବେହେରା କହିଛନ୍ତି।

### ପ୍ରଶିକ୍ଷଣ ଶିବିରକୁ ନେଇ ଅସନ୍ତୋଷ

# ଧାନ ପୁଡ଼ା ଧରିବାବେଳେ କୃଷକଙ୍କୁ ଧାଡ଼ିରୁଆ ତାଲିମ

କୋଦଳା,୧୮ ।୧୦(ସମିସ): ବେଗୁନିଆପଡା ସ୍ଥିତ କୃଷି କାର୍ଯ୍ୟାଳୟ ପରିସରରେ କୃଷି ଓ କୃଷକ ସଶକ୍ତିକରଣ କାର୍ଯ୍ୟକ୍ରମ ଆନୁକୂଲ୍ୟରେ କୃଷକମାନଙ୍କୁ ନେଇ ଏକ ତାଲିମ ଶିବିର ଅନୁଷ୍ଠିତ ହୋଇଯାଇଛି। ହାତଗଣତି ଚାଷୀଙ୍କୁ ନେଇ ଏହି ତାଲିମ କରାଯାଉଥିବାରୁ ଚାଷୀଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ଧାନ ଧାଡ଼ିରୁଆ ଉପରେ ଚାଷୀଙ୍କୁ ତାଲିମ ପ୍ରଦାନ କରାଯାଇଥିବା ବେଳେ ଏହି କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲା କୃଷି ଅଧିକାରୀ ଶରତ ଚନ୍ଦ୍ର ଦାଶ, ବେଗୁନିଆପଡା ବ୍ଲକ କୃଷି ଅଧିକାରୀ ରାମଲାଲ ସମଦ, କବିସୂର୍ଯ୍ୟନଗର ବ୍ଲକ କୃଷି ଅଧିକାରୀ ରାଜ କୁମାର ମିଶ୍ର, ପୁରୁଷୋତ୍ତମପୁର କୃଷି ଅଧିକାରୀ ତୁଷାର କାନ୍ତ ସାମଲ ଯୋଗଦେଇ କୃଷି କ୍ଷେତ୍ରରେ ଉନ୍ନତ ଜ୍ଞାନ କୌଶଳ ବ୍ୟବହାର କରି ଅମଳ ଅଧିକ କରିବା ପ୍ରକ୍ରିୟା ଉପରେ ତାଲିମ ପ୍ରଦାନ କରିଥିଲେ। ଧାନ ଚାଷ ପୂର୍ବରୁ ଧାଡିରୁଆ ପଦ୍ଧତି ଉପରେ ତାଲିମ ପ୍ରଦାନ ଉପରେ ଗୁରୁତ୍ୱ ନଦେଇ ଧାନଗଛ ରୁଆ ପରେ ପୁଡା ଧରିବା ପରେ ବିଳମ୍ବରେ କାହିଁକି ଏହି ଅଳ୍ପ ଚାଷୀଙ୍କୁ ନେଇ ତାଲିମ କରାଯାଉଛି ବୋଲି ବିଭିନ୍ନ ଚାଷୀ ଅସନ୍ତୋଷ ବ୍ୟକ୍ତ କରିଛନ୍ତି।

# 'ନିଷ୍ଟ' ବିଶ୍ୱବିଦ୍ୟାଳୟରେ 'ଆଇଇଇଇ' ଦିବସ

ରଙ୍ଗେଇଲୁଣ୍ଡା, ୧୮ ।୧୦ (ସମିସ): ନିଷ୍ଟ ବିଶ୍ୱବିଦ୍ୟାଳୟରେ ଆଇଇଇଇ ଦିବସ ପାଳିତ ହୋଇଯାଇଛି। ଏହା ଆଇଇଇଇ ଭୁବନେଶ୍ୱର ସେକ୍ସନଙ୍କ ସହଯୋଗରେ ଆୟୋଜିତ ହୋଇଥିଲା। ପ୍ରମୁଖ ଶିକ୍ଷାବିତ୍, ଆଇଇଇଇ ଅଧିକାରୀ, ଶିକ୍ଷକ ଏବଂ ଛାତ୍ରଛାତ୍ରୀ ଯୋଗଦେଇ ଟେକ୍ନୋଲୋଜି ଓ ନୂତନତାର ଜାତୀୟ ଉତ୍ସବକୁ ଅର୍ପିତ କରିଥିଲେ। ନିଷ୍ଟ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ପ୍ରିୟଦର୍ଶନ ପାତ୍ର, ରେଜିଷ୍ଟ୍ରାର ଡ଼. ବିଷ୍ଣୁକର ନାୟକ ଓ ଆସୋସିଏଟ୍ ଡିନ (ଷ୍ଟୁଡେଣ୍ଟ ଅଫେୟର୍ସ) ଡ଼. ପ୍ରୀତି ରଞ୍ଜନ ସାହୁ ଅତିଥିମାନଙ୍କୁ ଅଭିନନ୍ଦନ ଜଣାଇଥିଲେ।



କାର୍ଯ୍ୟକ୍ରମର ଆରମ୍ଭ ହୋଇଥିଲା ଆଡଭାଇଜର, ଆଇଇଇଇ ଭୁବନେଶ୍ୱର ସେକ୍ସନ ପ୍ରଫେସର ଏ. କେ. ତ୍ରିପାଠୀଙ୍କ ଉଦ୍‌ବୋଧନ ସହିତ। ପରେ ପ୍ରଫେସର ଏସ. ଆର. ସାମନ୍ତରାୟ, ଚେୟାର, ଆଇଇଇଇ ଭୁବନେଶ୍ୱର ସେକ୍ସନ, ଆଇଇଇଇର ଉଦ୍ଦେଶ୍ୟ, ସଦସ୍ୟତାର ଲାଭ ଏବଂ ସେକ୍ସନର ବିଭିନ୍ନ କାର୍ଯ୍ୟକଳାପ ବିଷୟରେ ଆଲୋକପାତ କରିଥିଲେ। ପ୍ରଫେସର ଚିନ୍ମୟ ପାଣିଗ୍ରାହୀ, ଭାଇସ୍-ଚେୟାର ଓ ଡ଼. ଶ୍ରୀନିବାସ ଭାସ୍କର କରଣ୍ଣି, ସେକ୍ରେଟାରୀ, ଆଇଇଇଇ ଭୁବନେଶ୍ୱର ସେକ୍ସନ, ଛାତ୍ରଛାତ୍ରୀ ମାନଙ୍କ ପାଇଁ ଆଇଇଇଇ ସଦସ୍ୟତାର ଅବସର ଓ ଗୁରୁତ୍ୱ ଉପରେ ଆଲୋଚନା କରିଥିଲେ। ସେପଟେ ଡ଼. ସୁଜାତା ଚକ୍ରବର୍ତ୍ତୀ, ଟେକ୍ନିକାଲ ଓ ଏଡୁକେସନାଲ ଆକ୍ଟିଭିଟି କମିଟିର ସଦସ୍ୟା, ମହିଳା ଛାତ୍ରୀମାନଙ୍କୁ ସଦସ୍ୟ ଭାବେ ଯୋଗଦେବାକୁ ପ୍ରେରିତ କରିଥିଲେ। କାର୍ଯ୍ୟକ୍ରମକୁ ସୁସମ୍ପନ୍ନ କରିବାରେ ଡ଼. ବ୍ରଜ କିଶୋର ମିଶ୍ର, କମ୍ପ୍ୟୁଟର ସାଇନ୍ସ ବିଭାଗ ଅଧ୍ୟକ୍ଷ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେଇଥିଲେ। କାର୍ଯ୍ୟକ୍ରମର ଶେଷରେ ଡ଼. ସନ୍ଦୀପନ ମଲ୍ଲିକ, କାଉନ୍‌ସିଲର, ଷ୍ଟୁଡେଣ୍ଟ ବ୍ରାଞ୍ଚ, ନିଷ୍ଟ ବିଶ୍ୱବିଦ୍ୟାଳୟଙ୍କ ପକ୍ଷରୁ ଧନ୍ୟବାଦ ଜଣାଇଥିଲେ।

# ସ୍ୱେଚ୍ଛାକୃତ ରକ୍ତଦାନ ଶିବିର



ଚିକିଟି,୧୮ ।୧୦(ସମିସ): ଯୁବ ସମାଜସେବୀ ଶିବ ସାହୁଙ୍କ ଜନ୍ମଦିନ ଅବସରରେ ଚିକିଟି ବ୍ଲକ ଭୋଲାସିଙ୍ଗି ଗ୍ରାମରେ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିର "ସୁଧାଂଶୁ ଫାଉଣ୍ଡେସନ' ଏବଂ "ଚିକିଟି ବ୍ଲଡ୍ ଲାଇନ'ର ମିଳିତ ଉଦ୍ୟମରେ ଆୟୋଜିତ ହୋଇଥିଲା। ଏଥିରୁ ମୋଟ ୭୦ ୟୁନିଟ ରକ୍ତ ସଂଗ୍ରହ ହୋଇଥିଲା। ସାନଖେମୁଣ୍ଡି ବିଧାୟକ ରମେଶ ଚନ୍ଦ୍ର ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇ ଶିବ ସାହୁଙ୍କ ଉତ୍ସର୍ଗୀକୃତ ସମାଜସେବା ପାଇଁ ଅଭିନନ୍ଦନ ଜଣାଇଥିଲେ। ସମ୍ମାନିତ ଅତିଥି ଭାବେ ସୁଧାଂଶୁ ଫାଉଣ୍ଡେସନର ମୁଖ୍ୟ ସୁଧାଂଶୁ ଶେଖର ରାଉତ, ସମାଜସେବୀ ଅଜିତ କୁମାର ପାତ୍ର, ଦେବାଶିଷ ମହାନ୍ତି, ରଞ୍ଜନ ମହାନ୍ତି ମଞ୍ଚାସିନ ରହିଥିଲେ। ବ୍ରହ୍ମପୁର ରକ୍ତଭଣ୍ଡାରରୁ ଡା. ଟୁନୁ, ସୁଶାନ୍ତ କୁମାର ପାଣିଗ୍ରାହୀ, ପ୍ରଦୀପ କୁମାର ସୁବୁଦ୍ଧି, ଆଲୋକ ମହାନ୍ତି, ଶ୍ରୀକାନ୍ତ ବସ୍ତିଆ, ଅତୁଲ୍ୟ ଦଳେଇ, ଲଳିତ ବେହେରା, ଗୋପାଳ ସାହୁ, ଡମ୍ବୁରୁ କାର୍କୀ, ବସନ୍ତ ବେହେରା ପ୍ରମୁଖ ସହଯୋଗ କରିଥିଲେ। ମହେଶ ପ୍ରଧାନ, ବାପି ପ୍ରଧାନ, ସମୀର ପ୍ରଧାନ, ଶିବରାମ ଗୌଡ଼, ଶିବ ମହାରଣା, ଲକି ପାଢ଼ୀ, ସାର୍ଥକ ମାଝୀ, ରାଧେଶ୍ୟାମ ସାହୁ, ବିକ୍ରମ ପାଢ଼ୀ, ସୁମନ ପାଢ଼ୀ, ଅମିତ ସାହୁ, ସରୋଜ ସେଠି, ସାଗର ବେହେରା, ଅଜିତ କୁମାର ପାଢ଼ୀ, ଭଗବାନ ସାହୁ, ରଞ୍ଜନ ସାହୁ ପ୍ରମୁଖ ସହଯୋଗ କରିଥିଲେ।

# ବିଜ୍ଞାନ ବିଭାଗରେ ପାଠଚକ୍ର

କୋଦଳା,୧୮ ।୧୦(ସମିସ): କୋଦଳା ସ୍ଥିତ ଲକ୍ଷ୍ମୀନାରାୟଣ ସ୍ନାତକ ମହାବିଦ୍ୟାଳୟରେ ବିଜ୍ଞାନ ବିଭାଗ ତରଫରୁ ପାଠଚକ୍ର ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷ ରଘୁନାଥ ମୁଦୁଲି ସଭାପତିତ୍ୱ କରି ବିଜ୍ଞାନ ପାଠଚକ୍ରର ଉପାଦେୟତା ବିଷୟରେ ଆଲୋଚନା କରିଥିଲେ। ପଦାର୍ଥ ବିଜ୍ଞାନ ବିଭାଗ ନିମନ୍ତେ ତାରାତାରିଣୀ ଡ଼ିଗ୍ରୀ ମହାବିଦ୍ୟାଳୟ, ପୁରୁଷୋତମପୁରର ବିଭାଗୀୟ ମୁଖ୍ୟ ଡ଼କ୍ଟର ସୁବ୍ରତ କୁମାର ଷଡ଼ଙ୍ଗୀ ସାଧନା କର୍ମୀ ଭାବେ ଯୋଗଦେଇ "ବ୍ଲାକ ହୋଲ ଦି ଫେଟ ଅଫ ୟୁନିଭର୍ସ' ଶୀର୍ଷକ ପାଠଚକ୍ର ବିଷୟରେ ଆଲୋକପାତ କରିଥିଲେ। ରାମଚନ୍ଦ୍ର ମର୍ଦ୍ଦରାଜ ବିଜ୍ଞାନ ମହାବିଦ୍ୟାଳୟର ପ୍ରାଣୀ ବିଜ୍ଞାନର ବିଭାଗ ମୁଖ୍ୟ ଡ଼କ୍ଟର ପ୍ରଦୀପ କୁମାର ବେହେରା, ଅଧ୍ୟାପକ ସପନ କୁମାର ଦାଶ, ରତ୍ନାକର ପ୍ରଧାନ, ଅଧ୍ୟାପିକା ଅପରାଜିତା ପାତ୍ର ରହିଥିଲେ। ରସାୟନ ବିଜ୍ଞାନ ବିଭାଗୀୟ ମୁଖ୍ୟ ମନୀଷା ପଟ୍ଟନାୟକ, ଗଣିତ ବିଭାଗ ମୁଖ୍ୟ ପ୍ରିୟଦର୍ଶିନୀ ସାହୁ, ଉଦ୍ଭିଦ ବିଜ୍ଞାନ ବିଭାଗ ମୁଖ୍ୟ ବର୍ଷାରାଣୀ ମହାନ୍ତି, ଉଦ୍ଭିଦ ବିଜ୍ଞାନ ଅଧ୍ୟାପକ ଭବାନୀ ଶଙ୍କର ଆଚାର୍ଯ୍ୟ, ଗଣିତ ଅଧ୍ୟାପିକା ଭୁବନେଶ୍ୱରୀ ରାୟ ସାମନ୍ତ, ରସାୟନ ବିଜ୍ଞାନ ଅଧ୍ୟାପକ କେଶବ ଚନ୍ଦ୍ର ପାଳ ଓ ପ୍ରାଣୀ ବିଜ୍ଞାନ ଅଧ୍ୟାପକ କାହ୍ନୁ ଚରଣ ପାଳ ସହଯୋଗ କରିଥିଲେ ଗଣିତ ବିଭାଗ ମୁଖ୍ୟ ପ୍ରିୟଦର୍ଶିନୀ ସାହୁ ଧନ୍ୟବାଦ ଦେଇଥିଲେ।

# 'କ୍ରାନ୍ତି' ପକ୍ଷରୁ ସ୍ତନ କର୍କଟ ସଚେତନତା



ବ୍ରହ୍ମପୁର,୧୮ ।୧୦(ସମିସ): ସ୍ଥାନୀୟ ବ୍ରହ୍ମା ନଗର ସ୍ଥିତ 'କ୍ରାନ୍ତି' ଅନୁଷ୍ଠାନ, ଆଇଏସଆରଡି ୱାନ ଷ୍ଟପ୍ ସେଣ୍ଟର୍ ଓ ସରକାରୀ ଆଇଟିଆଇର ମିଳିତ ସହଯୋଗରେ ସ୍ତନ କର୍କଟ ରୋଗର ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। 'କ୍ରାନ୍ତି'ର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଡ. ଦେବାନନ୍ଦ ଦାଶଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅତିଥି ଭାବେ ଆଇଟିଆଇ ଅଧ୍ୟକ୍ଷ ଇଂ. ରଞ୍ଜନ କୁମାର ପରିଡ଼ା, ଆଇଏସଆରଡି ନିର୍ଦ୍ଦେଶକ ସୁଧୀର ସାବତ, ୱାନ ଷ୍ଟପ ସେଣ୍ଟର ବ୍ରହ୍ମପୁର ଶାଖାର ପ୍ରଶାସିକା ମହେଶ୍ୱତା ପାଢୀ ଓ ଏମକେସିଜି ମେଡିକାଲର ଡ଼ା. ଶୁଭ୍ରା ପାଳ ଯୋଗଦେଇ "ସ୍ତନ୍ୟପାନ ଏବଂ କର୍କଟ ରୋଗର ବିପଦ' ଉପରେ ଆଲୋଚନା କରିଥିଲେ। ସେହିପରି ବିଶାଖାପାଟଣା ସ୍ଥିତ ମହାତ୍ମାଗାନ୍ଧୀ କ୍ୟାନ୍‌ସର ହସ୍ପିଟାଲ ଓ ରିସର୍ଚ୍ଚ ସେଣ୍ଟରର ରେଡିଏସନ ଆଙ୍କୋଲୋଜି ମୁଖ୍ୟ ଡା. କାହ୍ନୁଚରଣ ପାତ୍ର ଯୋଗଦେଇ କର୍କଟ ରୋଗର କାରଣ, ନିରାକରଣ, ଚିକିତ୍ସା ପ୍ରଣାଳୀ ଓ ସମାଜରେ ସଚେତନତା ସୃଷ୍ଟି କରିବାକୁ ଆହ୍ୱାନ ଦେଇଥିଲେ। ଏଥିରେ ଅନ୍ୟମାନଙ୍କ ମଧ୍ୟରେ କ୍ରାନ୍ତିର ନିର୍ମଳା ଦାଶ, ଅନିଲ ସେଠୀ, ଆଇଆରଏସଡି ୱାନ ଷ୍ଟପ ସେଣ୍ଟରର ପ୍ରଭାତ ପାଢୀ, ଗୋପାଳକୃଷ୍ଣ ଦଳବେହେରା, ସ୍ନେହମୟୀ ପାଢୀ, ସାବିତ୍ରୀ ଦଳବେହେରା ଓ ସରକାରୀ ଆଇଟିଆଇର ରଞ୍ଜନ ମଲ୍ଲିକ, ସରୋଜ ରଥ, ସ୍ୱପ୍ନା ସ୍ୱାଇଁ ଓ ଅଳକା ଶତପଥୀ ପ୍ରମୁଖ ଉପସ୍ଥିତ ଥିଲେ।

## ସ୍ତନକର୍କଟ ରୋଗ ସଚେତନତା

ରମ୍ଭା,୧୮ ।୧୦(ସମିସ): ମିଞ୍ଚିନି ପାଟଣା ସ୍ଥିତ ଜ୍ଞାନାଲୋକ କୋଚିଂ ସେଣ୍ଟର ଓ ଅଖିଳ ଭାରତୀୟ ମାର୍‌ୱାଡି ମହିଳା ସମିତିଙ୍କ ମିଳିତ ଆନୁକୂଲ୍ୟରେ ସ୍ତନକର୍କଟ ରୋଗ ସଚେତନତା ରାଲି ଅନୁଷ୍ଠିତ ହୋଇଯାଇଛି। ଜ୍ଞାନାଲୋକ କୋଚିଂ ସେଣ୍ଟରର ସମସ୍ତ ଛାତ୍ରଛାତ୍ରୀ ଯୋଗଦେଇ ରମ୍ଭା ସହର ପରିକ୍ରମା ସହ ପ୍ରଚାରପତ୍ର ଦେଇ ଲୋକଙ୍କୁ ସଚେତନ କରାଇଥିଲେ।

କାର୍ଯ୍ୟକ୍ରମରେ କର୍କଟ ରୋଗ ବିଶେଷଜ୍ଞ ଡ଼.ସରୋଜ କୁମାର ଦାସ ଅଧ୍ୟକ୍ଷତା କରିଥିବା ବେଳେ ଶ୍ରୀଜଗନ୍ନାଥ ମହାବିଦ୍ୟାଳୟର ପ୍ରାକ୍ତନ ଓଡ଼ିଆ ପ୍ରାଧ୍ୟାପକ ଡ଼. ବିଜୟାନନ୍ଦ ମହାପାତ୍ର, ଅଖିଳ ଭାରତୀୟ ମାରବାଡି ମହିଳା ସମିତିର ସଦସ୍ୟା ଆଶା ବାଜାଜ, ରଜତ କୁମାର ବେହେରା, ବିଭୁତି ସାହୁ, ଶତ୍ରୁଞ୍ଜୟ ଦାସ, ଧର୍ମେନ୍ଦ୍ର ଗୌଡ଼ ପ୍ରମୁଖ ସାମିଲ ହୋଇଥିଲେ।

# ଖଲ୍ଲିକୋଟ ବିଶ୍ୱବିଦ୍ୟାଳୟରେ ପ୍ରାକ୍ ଦୀପାବଳି ଉତ୍ସବ



ବ୍ରହ୍ମପୁର,୧୮ ।୧୦(ସମିସ): ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟ ପରିସରରେ ଥିବା ମୁକ୍ତାକାଶ ରଙ୍ଗମଞ୍ଚରେ ପ୍ରାକ୍ ଦୀପାବଳି ଉତ୍ସବ ପାଳିତ ହୋଇଯାଇଛି। ବିଶ୍ୱବିଦ୍ୟାଳୟ ଛାତ୍ର କଲ୍ୟାଣ ଅଧିକାରୀ ଡ. ଉଷାରାଣୀ ରଥଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ କୁଳପତି ପ୍ରଫେସର ଗୀତାଞ୍ଜଳି ଦାଶ ଯୋଗଦେଇ ଦୀପ ପ୍ରଜ୍ୱଳନ କରି ଉତ୍ସବକୁ ଉଦ୍‌ଘାଟନ କରି ଭାରତୀୟ ସଂସ୍କୃତିରେ ଦୀପାବଳି ପର୍ବ ପାଳନର ମହତ୍ତ୍ୱ ଉପରେ ଆଲୋକପାତ କରିଥିଲେ। ଛାତ୍ରଛାତ୍ରୀମାନେ ଚିତ୍ତାକର୍ଷକ ରଙ୍ଗୋଲି ଓ ଦୀପମାଳାରେ ସୁସଜ୍ଜିତ କରିବା ସହ ଏକତ୍ର ଭାବେ ସମସ୍ତ ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ ସମେତ ଛାତ୍ରଛାତ୍ରୀ ଦୀପ ଲଗାଇ ସମସ୍ତଙ୍କ ମଙ୍ଗଳ କାମନା କରିଥିଲେ। ସେହିପରି ସ୍ନାତକୋତ୍ତର ପରିଷଦ ଅଧ୍ୟକ୍ଷ ଡ. ମନୋଜ କୁମାର ପଟ୍ଟନାୟକ ଓ କୁଳସଚିବ ପାର୍ବତୀ ମଞ୍ଜରୀ ମହାଳିକ ବକ୍ତବ୍ୟରେ ସମସ୍ତଙ୍କ ସୁଖ ଓ ସମୃଦ୍ଧି କାମନା କରିଥିଲେ। କାର୍ଯ୍ୟକ୍ରମକୁ ଅଧ୍ୟାପକ ଡ. ମନୋରଞ୍ଜନ ବିଷୋୟୀ ସଂଯୋଜନା କରିଥିବା ବେଳେ ଛାତ୍ରକଲ୍ୟାଣ ଅଧିକାରୀ ଡ. ଉଷାରାଣୀ ରଥ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଅବସରରେ ବିଶ୍ୱବିଦ୍ୟାଳୟ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ନାଟକ ପରିବେଷଣ ହୋଇଥିଲା।

# ଭିନ୍ନକ୍ଷମଙ୍କ ଭତ୍ତା ଟଙ୍କା ଲୁଟିନେଲେ ସାଇବର୍ ଠକ

ବ୍ରହ୍ମପୁର,୧୮ ।୧୦(ସମିସ): ଭିନ୍ନକ୍ଷମଙ୍କ ୯ ମାସର ଭତ୍ତା ପ୍ରାୟ ୪୦ ହଜାର ଟଙ୍କା ଲୁଟିନେଲେ ସାଇବର୍ ଠକ। ଏଭଳି ଏକ ଘଟଣା ସାମ୍ନାକୁ ଆସିଛି ବ୍ରହ୍ମପୁର ଆଇନବନ୍ଧ ସାହିରୁ। ଆଇନବନ୍ଧ ସାହିର ଭିନ୍ନକ୍ଷମ ଦୀପକ କୁମାର ତ୍ରିପାଠୀ ଗତ ଜାନୁଆରୀରୁ ଭିନ୍ନକ୍ଷମ ଭତ୍ତା ପାଉନାହାନ୍ତି। ଏନେଇ ଆଜି ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ଓ ବିଏମସି କମିଶନରଙ୍କୁ ଜଣାଇଥିଲେ। ଘଟଣାକୁ ନେଇ କମିଶନର ତଦନ୍ତ କରିବା ପରେ ସାଇବର ଥାନାକୁ ଦୀପକ ଠକେଇର ଶୀକାର ହୋଇଥିବା ନେଇ ଜଣାଇଥିଲେ। ଖବର ପାଇ ସାଇବର ଥାନା ପୁଲିସ ବିଏମ୍‌ସିରେ ପହଞ୍ଚି ଘଟଣାର ତଦନ୍ତ ଆରମ୍ଭ କରିଛି।

ବ୍ରହ୍ମପୁର ଆଇନବନ୍ଧ ସାହିର ଦୀପକ କୁମାର ତ୍ରିପାଠୀ ୮୦ ପ୍ରତିଶତ ଭିନ୍ନକ୍ଷମ। ୨୦୨୪ ମସିହା ପୂର୍ବରୁ ତାଙ୍କୁ ମାସିକ ଭିନ୍ନକ୍ଷମ ଭତ୍ତା ୧୨୦୦ ଟଙ୍କା ମିଳୁଥିଲା। ଏହି ୧୨୦୦ ଟଙ୍କା ଭତ୍ତା ଅଫଲାଇନ ଜରିଆରେ ଦୀପକଙ୍କ ଦସ୍ତଖତ ନେଇ ବିଏମସିର ବିଭାଗୀୟ ଅଧିକାରୀ ମାନେ ତାଙ୍କୁ ପ୍ରଦାନ କରୁଥିଲେ। କିନ୍ତୁ ୨୦୨୪ ପରଠାରୁ ୩୫୦୦ ଟଙ୍କା ପାଇବା ପାଇଁ ଯୋଗ୍ୟ ବିବେଚିତ ହୋଇଥିଲେ। ପରବର୍ତ୍ତୀ ସମୟରେ ଦୀପକ ବ୍ୟାଙ୍କ ଓ ବିଏମସିକୁ ନିଜର ସମସ୍ତ ତଥ୍ୟ ଦେଇଥିଲେ ଆକାଉଣ୍ଟକୁ ଟଙ୍କା ଡାଇରେକ୍ଟ ଉଠାଣ ପାଇଁ। ୨୦୨୪ ଜାନୁଆରୀରୁ ଦୀପକଙ୍କ ନାମରେ ଆଇସିଆଇସିଆଇ ବ୍ୟାଙ୍କରେ ବିଏମସି ପକ୍ଷରୁ ଆକାଉଣ୍ଟ ଖୋଲା ଯାଇଥିଲା। କିନ୍ତୁ ଦୀପକଙ୍କ ପାଖରେ ନା ଆକାଉଣ୍ଟ ଡିଟେଲ୍ସ ଥିଲା ନା ଆକାଉଣ୍ଟ ନମ୍ବର ତଥା ଆଇଏଫଏସସି କୋଡ୍। ତଥାପି ମଧ୍ୟ ପ୍ରତି ମାସରେ ଦୀପକଙ୍କ ଆକାଉଣ୍ଟକୁ ୩୫୦୦ ଟଙ୍କା ଆସୁଥିଲା। କିନ୍ତୁ ଦୀପକ ବ୍ୟାଙ୍କରୁ ଟଙ୍କା ଉଠାଣ କରିବା ନେଇ ଜାଣିନଥିବାରୁ ଉଠାଇ ପାରୁନଥିଲେ। ତେବେ ଗତ ୯ ମାସରୁ ଟଙ୍କା ଉଠାଣ କରିପାରୁନଥିବା ନେଇ ନିଜର ସହଯୋଗୀ କାହ୍ନୁ ମହାପାତ୍ରଙ୍କୁ ଜଣାଇଥିଲେ। ଏହାପରେ ଦୀପକ ଓ କାହ୍ନୁ ବ୍ୟାଙ୍କକୁ ଜଣାଇବା ସହ ବିଏମସିକୁ ଅଭିଯୋଗ କରିଥିଲେ। କିଛି ସମାଧାନ ନ ହେବାରୁ ଆଜି ଦୀପକ, କାହ୍ନୁ ଓ ତାଙ୍କର କିଛି ସହଯୋଗୀ ବିଏମସି କମିଶନରଙ୍କୁ ସାକ୍ଷାତ କରିଥିଲେ। କିଭଳି ଓ କିଏ ଆକାଉଣ୍ଟରୁ ଟଙ୍କା ଉଠାଣ କରିଛି ସେ ନେଇ ତଦନ୍ତ କରିବା ପାଇଁ କମିଶନରଙ୍କୁ ଗୁହାରି କରିଥିଲେ ଭିନ୍ନକ୍ଷମ ଦୀପକ। ଦୀପକଙ୍କ ଆଧାରକାର୍ଡ ଓ କିଛି ତଥ୍ୟକୁ ନେଇ କୌଣସି ଦୁର୍ବୃତ୍ତ ଏଭଳି ଟଙ୍କା ଉଠାଣ କରିଥାଇପାରେ। ଘଟଣାକୁ ନେଇ ସାଇବର ଥାନା ପୁଲିସ ତଦନ୍ତ ଆରମ୍ଭ କରିଥିବା ବେଳେ କିଏ ଟଙ୍କା ଉଠାଣ କରିଛି ସେ ନେଇ ଖୁବଶୀଘ୍ର ସ୍ପଷ୍ଟ ହେବ। ଦୁର୍ବୃର୍ତ୍ତ ଧରାପଡ଼ିବା ପରେ ଆଇନ ଅନୁଯାୟୀ ତାଙ୍କ ବିରୁଦ୍ଧରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବିଏମସି କମିଶନର ପ୍ରଥମେସ୍ ଅରବିନ୍ଦ ରାଜେସିର୍କେ କହିଛନ୍ତି।

# ଜିଲ୍ଲାସ୍ତରୀୟ ଖୋ-ଖୋ ପ୍ରତିଯୋଗିତା ଉଦ୍‌ଯାପିତ

ଗଞ୍ଜାମ,୧୮ ।୧୦(ସମିସ): ଗଞ୍ଜାମ ସହର ସ୍ଥିତ ଭାରତୀ ବିଦ୍ୟପୀଠ ମିନି ଷ୍ଟାଡିୟମରେ ଆୟୋଜିତ ଗଞ୍ଜାମ ଜିଲ୍ଲାସ୍ତରୀୟ ଖୋ-ଖୋ ଚାମ୍ପିଅନ୍‌ସିପ୍ ଉଦ୍‌ଯାପିତ ହୋଇଯାଇଛି। ୧୭ ବର୍ଷରୁ କମ୍ ବାଳିକା ବିଭାଗରେ ଚିକିଟି ବ୍ଲକ ଏବଂ ବାଳକ ବିଭାଗରେ ସାନଖେମୁଣ୍ଡି ବ୍ଲକ ଚାମ୍ପିଅନ ହୋଇଛି। ସେହିପରି ୧୪ ବର୍ଷରୁ କମ୍ ବିଭାଗରେ ଉଭୟ ବର୍ଗ (ବାଳିକା /ବାଳକ ) ଜଗନ୍ନାଥ ପ୍ରସଦ ବ୍ଲକ ଚାମ୍ପିଅନ ହୋଇଥିଲା। ଉଦ୍‌ଯାପନୀ ଉତ୍ସବରେ ଅତିଥି ଭାବେ ଗଞ୍ଜାମ ବିଡିଓ ଅଚ୍ୟୁତାନନ୍ଦ ଯାନୀ ଓ ବ୍ଲକ ଅଧ୍ୟକ୍ଷା ଶର୍ମିଷ୍ଠା ପ୍ରଧାନ ଯୋଗଦେଇ ଟ୍ରଫି ପ୍ରଦାନ କରିଥିଲେ।



ଆସନ୍ତା ମାସରେ ହେବାକୁ ଥିବା ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ଚାମ୍ପିଅନ୍ ଟିମ ଅଂଶଗ୍ରହଣ କରିବେ। ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ବିନିତା ମିଶ୍ର, ବିଇଓ ପ୍ରସନ୍ନ ବେହେରା, ଏବିଇଓ ସଂଯୁକ୍ତା ଦାସ ପ୍ରମୁଖ ଉପସ୍ଥିତ ଥିଲେ। ଜିଲ୍ଲାର ୨୨ ବ୍ଲକର ବିଭିନ୍ନ ସ୍କୁଲର ୧୪ ବର୍ଷରୁ ୧୭ ବର୍ଷ କମ ବାଳିକା/ ବାଳକଙ୍କୁ ନେଇ ୯୫ଟି ଦଳର ୪୮୪ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ପ୍ରଥମଥର ପାଇଁ ଏହି ବ୍ଲକରେ ଜିଲ୍ଲାସ୍ତରୀୟ ଖୋ-ଖୋ ପ୍ରତିଯୋଗିତା ଅନୁଷ୍ଠିତ ହେଉଥିବାବେଳେ ସମସ୍ତ ମ୍ୟାଚ୍ ଫ୍ଲଡ୍‌ଲାଇଟରେ ଆୟୋଜିତ ହୋଇଥିଲା। ଏହାକୁ ଜିଲ୍ଲା ଶିକ୍ଷାଧିକାରୀ ଅଜୟ କୁମାର ପାତ୍ର, ଶାରୀରିକ ଶିକ୍ଷା ନିରୀକ୍ଷକ ଭାଗିରଥୀ ସ୍ୱାଇଁ, ଡିଡିଓ ସୁଚିତ୍ରା ପାଣିଗ୍ରାହୀ, ଭାରତୀ ବିଦ୍ୟାପୀଠ କ୍ରୀଡ଼ା ଶିକ୍ଷକ ପ୍ରୀତି ରଞ୍ଜନ ପ୍ରଧାନ, ପିଇଟି ସୀତାରାମ ବେବର୍ତ୍ତାଙ୍କ ସମେତ ସମସ୍ତ ପିଇଟି, ସିଆରସିସି, ପ୍ରଧାନ ଶିକ୍ଷକ ସହଯୋଗ କରିଥିଲେ।

ସକାଳ
THE SAKALA



# ଘଣ୍ଟାଏ ବର୍ଷାରେ ବେହାଲ ପୁରୀ ସହର

## ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ୱାର୍ଡରେ ପଶିଲା ପାଣି





ପୁରୀ, ୧୮।୧୦ (ସମିସ): ମୂଷଳ ବର୍ଷାରେ ପୁରୀ ସହର ବେହାଲ। ପ୍ରାୟ ଘଣ୍ଟାକର ବର୍ଷାରେ ବଡ଼ଦାଣ୍ଡରୁ ବେଳାଭୂମି ପର୍ଯ୍ୟନ୍ତ ସବୁ ରାସ୍ତାରେ ଜମିଛି ଆଣ୍ଠୁଏ ଉଚ୍ଚର ପାଣି। ସାହି ଗଳିକନ୍ଦି ରାସ୍ତା କଥା ନ କହିବା ଭଲ। ସବୁଠି ଅଧିକ ଦୟନୀୟ ହୋଇପଡ଼ିଛି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ। ୱାର୍ଡରେ ପଶିଛି ବର୍ଷା ପାଣି ସାଙ୍ଗକୁ ଡ୍ରେନ୍ ପାଣି। ସ୍ଥିତି ଏମିତି ହୋଇଛି ଯେ ବର୍ଷା ପାଣିରେ ସିରିଞ୍ଜଠାରୁ ଆରମ୍ଭ କରି ଅନ୍ୟାନ୍ୟ ଚିକିତ୍ସା ସାମଗ୍ରୀ ଭାସୁଥିବା ଦେଖାଯାଇଥିଲା। ପ୍ରାୟ ୨ଘଣ୍ଟା ଧରି ମହିଳା ମେଡିସିନ୍ ୱାର୍ଡରେ ରୋଗୀ ଓ ସେମାନଙ୍କ ଅଭିଭାବକମାନେ ହନ୍ତସନ୍ତ ହୋଇଥିଲେ। ପାଣି ସଫା କରିବା ଲାଗି ସଫେଇ କର୍ମଚାରୀ ନାକେଦମ୍ ହୋଇପଡ଼ିଥିଲେ। ଶେଷରେ ମୋଟର ଲାଗି ୱାର୍ଡ ଭିତରୁ ପାଣି ନିଷ୍କାସନ କରିବାକୁ ପଡ଼ିଥିଲା।

ଶନିବାର ସକାଳୁ ପାଗ ଠିକ୍‌ଠାକ୍ ଥିଲା। ହେଲେ ଅପରାହ୍ଣରେ ହଠାତ୍ ବରକୋଳିଆ ଠୋପା ବର୍ଷା ସହର ସାରା ଅଜାଡ଼ି ହୋଇପଡ଼ିଥିଲା। ଏଥିରେ ସହରର ସବୁ ରାସ୍ତାଘାଟ ଜଳମଗ୍ନ ହୋଇଯାଇଥିଲା। ବିଶେଷକରି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଓ ବଡ଼ଦାଣ୍ଡର ସ୍ଥିତି ଅଧିକ ସଙ୍ଗିନ ହୋଇପଡ଼ିଥିଲା। ସିଂହଦ୍ୱାରରୁ ଶରଧାବାଲି ପର୍ଯ୍ୟନ୍ତ ପାଣି ଜମିଥିଲା। ବଡ଼ଦାଣ୍ଡର ମେଡିକାଲ ଛକ,

**■ ଭାସିଲା ଚିକିତ୍ସା ସାମଗ୍ରୀ, ରୋଗୀ ହନ୍ତସନ୍ତ**
**■ ବଡ଼ଦାଣ୍ଡରୁ ବେଳାଭୂମି ସବୁଠି ଜମିଲା ପାଣି**

ମାର୍କେଟ ଛକ, ବଳଗଣ୍ଡି ପ୍ରଭୃତି କେତେକ ସ୍ଥାନରେ ପ୍ରାୟ ୩ଫୁଟ୍‌ର ପାଣି ଜମି ଯାଇଥିଲା। ସେହିପରି ଭିଆଇପି ରୋଡ୍‌ର ଅଗ୍ନିଶମ କେନ୍ଦ୍ର ସମ୍ମୁଖ, ବେଳାଭୂମିର ରେଣୁକା ଗଳି ଭଳି ବହୁ ଜାଗାରେ ରାସ୍ତାରେ ଜମିଥିଲା ଆଣ୍ଠୁଏ ଉଚ୍ଚର ପାଣି। ଆଶ୍ରମ ଛକରୁ ଷ୍ଟେସନ୍‌କୁ ସଂଯୋଗ କରୁଥିବା ରାସ୍ତା, ଝାଡ଼େଶ୍ୱରୀ ମନ୍ଦିର ନିକଟରେ ବି ରାସ୍ତାରେ ପ୍ରବଳ ପାଣି ଜମିଥିଲା। ପ୍ରାୟ ଘଣ୍ଟାଏ ଧରି ହୋଇଥିବା ମୂଷଳବର୍ଷାରେ ସହରର ସବୁ ରାସ୍ତାଘାଟରେ ଯାତାୟାତ ବାଧାପ୍ରାପ୍ତ ହୋଇଥିଲା। ବଡ଼ଦାଣ୍ଡର ଉଭୟ ପାର୍ଶ୍ୱରେ ଥିବା ଡ୍ରେନ୍ ଉଛୁଳି ନଳା ପାଣି ରାସ୍ତାରେ ଭାସିଥିଲା। ବିଭିନ୍ନ ଜାଗାରେ ଡ୍ରେନ୍ ଚୋକ୍ ହୋଇଯିବାରୁ ଜଳ ନିଷ୍କାସନ ହୋଇପାରି ନ ଥିଲା।

ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ମହିଳା ମେଡିସିନ ୱାର୍ଡରେ ସ୍ଥିତି ଅଧିକ ସଙ୍ଗିନ ହୋଇଥିଲା। ଏହି ବିଭାଗ ଭିତରେ ପାଣି ପଶିଯାଇଥିଲା। ଏପରି କି ବର୍ଷା ପାଣିର ସୁଅ ଛୁଟିଥିଲା ୱାର୍ଡରେ। କିଛି ରୋଗୀଙ୍କୁ ବେଡ୍ ମିଳି ନ ଥିବାରୁ ସେମାନେ ତଳେ ଗଦି ଉପରେ ବସିଥିଲେ। ହଠାତ୍ ବର୍ଷା ପାଣି ୱାର୍ଡ ଭିତରେ ପଶିବା ପରେ ରୋଗୀମାନେ ହନ୍ତସନ୍ତ ହୋଇଥିଲେ। ରୋଗୀ ଏବଂ ସମ୍ପର୍କୀୟମାନେ ନିରୁପାୟ ହୋଇଯାଇଥିଲେ। ୱାର୍ଡ ଭିତରେ ଚଲାବୁଲା କରିପାରି ନ ଥିଲେ। ରୋଗୀ ଏବଂ ସମ୍ପର୍କୀୟ ବେଡ୍ ଉପରେ ବସି ରହିଥିଲେ। ଡାକ୍ତର ବି ଚିକିତ୍ସା ପାଇଁ ଆସିପାରିନଥିଲେ। ମଟର ପମ୍ପ ଅଣାଯାଇ ୱାର୍ଡ ଭିତରୁ ପାଣି ନିଷ୍କାସନ କରାଯାଇଥିଲା। ପ୍ରାୟ ୨ଘଣ୍ଟା ଧରି ଏଭଳି ସ୍ଥିତି ଲାଗି ରହିଥିଲା। ୱାର୍ଡକୁ ଭଲ ଭାବେ ସଫା କରିବା ପରେ ସ୍ଥିତି ସ୍ୱାଭାବିକ ହୋଇଥିଲା। ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଏଭଳି ଅବ୍ୟବସ୍ଥାକୁ ନେଇ ରୋଗୀ ଏବଂ ସମ୍ପର୍କୀୟମାନେ ଅସନ୍ତୋଷ ବ୍ୟକ୍ତ କରିଥିଲେ।

ଅନ୍ୟପକ୍ଷରେ ପୁରୀ ଜିଲ୍ଲା ଆପ୍ ପକ୍ଷରୁ ମଧ୍ୟ ଏଭଳି ସ୍ଥିତି ପାଇଁ ଉଦ୍‌ବେଗ ପ୍ରକାଶ କରାଯାଇଛି। ଆପ୍ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି କହିଛନ୍ତି, ପୁରୀ ଭଳି ଏକ ଆଧ୍ୟାତ୍ମିକ ପର୍ଯ୍ୟଟନ ସହର ପ୍ରତି ସରକାରଙ୍କର ବୈମାତୃକ ମନୋଭାବ ସ୍ପଷ୍ଟ ହେଉଛି। ତୁରନ୍ତ ଏହାର ସ୍ଥାୟୀ ସମାଧାନ ଦିଗରେ ପଦକ୍ଷେପ ନିଆଯିବା ପାଇଁ ସେ ଦାବି କରିଛନ୍ତି।

## ନୂଆପଡ଼ା ଉପନିର୍ବାଚନ

# ଠେଲାପେଲାରେ ନାମାଙ୍କନପତ୍ର ଦାଖଲ

ନୂଆପଡ଼ା, ୧୮।୧୦ (ସମିସ): ନୂଆପଡ଼ା ବିଧାନସଭା ନିର୍ବାଚନମଣ୍ଡଳୀ ପାଇଁ ଶନିବାର ଦିନ ଠେଲାପେଲା ଭିତରେ ନାମାଙ୍କନପତ୍ର ଦାଖଲ କରିଛନ୍ତି ବିଜେପି ଏବଂ କଂଗ୍ରେସ ପ୍ରାର୍ଥୀ। ବିଜେପିରୁ ଜୟ ଢୋଲକିଆ ଏବଂ କଂଗ୍ରେସରୁ ଘାସିରାମ ମାଝୀ ନାମାଙ୍କନପତ୍ର ଦାଖଲ କରିଛନ୍ତି।

ଜିଲ୍ଲାପାଳଙ୍କ ପତ୍ରାଙ୍କ ସଂଖ୍ୟା ୨୭/୨୫ରେ କଂଗ୍ରେସ ଦଳକୁ ମଧ୍ୟାହ୍ନ ୧୨ଟା ୩୦ରୁ ଅପରାହ୍ଣ ୩ଟା ପର୍ଯ୍ୟନ୍ତ ଖରିଆରରୋଡ୍ ଶଙ୍କର ମନ୍ଦିରଠାରୁ ନୂଆପଡ଼ା ତହସିଲ କାର୍ଯ୍ୟାଳୟ ପର୍ଯ୍ୟନ୍ତ

**କଂଗ୍ରେସରୁ ଘାସିରାମ, ବିଜେପିରୁ ଜୟ**



ରାଲି କରିବାକୁ ଅନୁମତି ଦିଆଯାଇଥିଲା। ଅନ୍ୟପଟେ ଜିଲ୍ଲା ବିଜେପି ସଭାପତି କମଳେଶ ଦୀକ୍ଷିତାଙ୍କ କହିବାନୁଯାୟୀ ସେମାନଙ୍କୁ ମଧ୍ୟ ୩ଟା ପର୍ଯ୍ୟନ୍ତ ଅନୁମତି ଦିଆଯାଇଥିଲା। ବିଜେପି ପ୍ରାର୍ଥୀ ଜୟ ଢୋଲକିଆ କର୍ମୀଙ୍କ ଗହଣରେ ଦିନ ସାଢ଼େ ୧୧ଟାରେ ଖରିଆରରୋଡ୍‌ଠାରୁ ଶୋଭାଯାତ୍ରାରେ ବାହାରିଥିଲେ। ତାଙ୍କ ରାଲି ଠିକ୍ ନୂଆପଡ଼ାରେ ପହଞ୍ଚିଲା ବେଳକୁ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀ ସମର୍ଥକଙ୍କ ସହ ନୂଆପଡ଼ା କଂଗ୍ରେସ କାର୍ଯ୍ୟାଳୟରୁ ବାହାରିଥିଲେ। ଫଳରେ ବିଜେପିକୁ ନୂଆପଡ଼ା ବସ୍ତି ମୁଣ୍ଡରେ ଅଟକି ରହିବାକୁ ପଡ଼ିଥିଲା।

ଦିନ ପ୍ରାୟ ସାଢ଼େ ୧୨ଟାରେ ଘାସିରାମଙ୍କ ସହ ୫ଜଣ ସମର୍ଥକ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଭିତରକୁ ପ୍ରବେଶ କରିଥିଲେ। ବାକି ଲୋକଙ୍କୁ ପୁଲିସ ଭିତରକୁ ଛାଡ଼ିନଥିଲା। ଠିକ୍ ପରେପରେ ବିଜେପି ପ୍ରାର୍ଥୀ ଜୟ ଢୋଲକିଆ ତାଙ୍କ ସମର୍ଥକଙ୍କ ସହ ପ୍ରବେଶ କରିଥିଲେ। ହେଲେ ଏହି ସମୟରେ ବିଜେପି ତରଫରୁ ବହୁ ନେତା ଯଥା ପୂର୍ବତନ ସାଂସଦ ବସନ୍ତ କୁମାର ପଣ୍ଡା, ବର୍ତ୍ତମାନର ସାଂସଦ ମାଳବିକା ଦେବୀ, ରାଜ୍ୟସଭା ସାଂସଦ ସୁଜିତ କୁମାରଙ୍କ ସମେତ ବହୁ ପଦାଧିକାରୀଙ୍କୁ ପୁଲିସ ଛାଡ଼ି ଦେଇଥିଲା। ଏହାକୁ ନେଇ କଂଗ୍ରେସ ପକ୍ଷରୁ ପ୍ରତିବାଦ କରାଯାଇଥିଲା। ସରକାରୀ ଦଳ ନିଜେ ନିୟମ ଭାଙ୍ଗୁଛି ବୋଲି ଅଭିଯୋଗ କରି କଂଗ୍ରେସ କର୍ମୀ ଅସନ୍ତୋଷ ପ୍ରକାଶ କରିଥିଲେ। ଫଳରେ କିଛି ସମୟ ପାଇଁ ଠେଲାପେଲା ପରିସ୍ଥିତି ସୃଷ୍ଟି ହୋଇଥିଲା। ପରେ ଦୁଇ ଦଳର ସମର୍ଥକମାନେ ଭିତରକୁ ପ୍ରବେଶ କରିବାରୁ ପରିସର ଲୋକାରଣ୍ୟ ହୋଇଯାଇଥିଲା।

ଏ ସଂପର୍କରେ ଉପଜିଲ୍ଲାପାଳ ତଥା ରିଟର୍ଣ୍ଣିଂ ଅଧିକାରୀ ସୁର୍ମି ସୋରେନଙ୍କୁ ପଚାରିବାରୁ ସେ କହିଛନ୍ତି ଯେ ଆମେ ଅପରାହ୍ଣ ୩ଟା ପର୍ଯ୍ୟନ୍ତ ନାମାଙ୍କନପତ୍ର ଯେକୌଣସି ଦଳ କିମ୍ବା ବ୍ୟକ୍ତିବିଶେଷ ଆଣିଦେଲେ ଗ୍ରହଣ କରିଥାଉ। କୌଣସି ଦଳକୁ ସମୟ ଦିଆଯାଇନଥିଲା। ଅଫିସ ଭିତରକୁ ପ୍ରାର୍ଥୀଙ୍କ ସମେତ ମାତ୍ର ୫ଜଣ ପ୍ରବେଶ କରିପାରିବେ। ବାହାର ଏରିଆରେ ଯେତେଲୋକ ବି ରହିପାରିବେ ବୋଲି କହିଥିଲେ।

# ଟିଟିଲାଗଡ଼ ଷ୍ଟେସନ୍‌ରୁ ୭୦ ଲକ୍ଷ ଟଙ୍କା ଜବତ

## ବିହାର ନିର୍ବାଚନରେ ବିନିଯୋଗ ହୋଇଥା'ନ୍ତା !

ବଲାଙ୍ଗିର/ଟିଟିଲାଗଡ଼, ୧୮।୧୦ (ସମିସ): ବଲାଙ୍ଗିର ଜିଲ୍ଲା ଟିଟିଲାଗଡ଼ ରେଳଷ୍ଟେସନ୍‌ରୁ ରେଳବାଇ ପୁଲିସ୍ (ଆର୍‌ପିଏଫ୍) ଆଜି ଦୁଇଜଣ ଯୁବକଙ୍କ ପାଖରୁ ୭୦ଲକ୍ଷ ଟଙ୍କା ଜବତ କରିଛି। ଏହି ଘଟଣାରେ ପୁଲିସ ଉକ୍ତ ଯୁବକଦ୍ୱୟଙ୍କୁ ଅଟକ ରଖି ପଚରାଉଚରା କରୁଛି। ସେମାନେ ହେଲେ, କେସିଙ୍ଗାର ପ୍ରଭାତ ସାହୁ ଓ ଉମେଶ ପ୍ରସାଦ। ଟଙ୍କା ବ୍ୟାଗ୍ ଧରି ଦୁହେଁ ଧରତୀ-ଆବବା ଏକ୍ସପ୍ରେସ୍‌ରେ ଯାଉଥିଲେ। ଟ୍ରେନ୍‌ଟି ଏର୍ଣ୍ଣାକୁଲମରୁ ହାଟିଆ ଯାଉଥିଲା। ତେବେ ହାଟିଆ ବିହାରର ସୀମା ହୋଇଥିବା ଓ ସେଠାରେ ନିର୍ବାଚନ ଚାଲିଥିବାରୁ ଏହି ଟଙ୍କା ସେଥିପାଇଁ ଯାଉଥିବା ଆଲୋଚନା ହେଉଛି। ଆରପିଏଫ୍ ପାଟ୍ରୋଲିଂ ଟିମ୍ ସେମାନଙ୍କୁ ଟ୍ରାକ୍ କରି ଧରିଥିବା ଜଣାଯାଇଛି।



ଅପରପକ୍ଷେ, ଷ୍ଟେସନ୍‌ରୁ ଏତେ ପରିମାଣର ଟଙ୍କା ଜବତ ହେବା ପରେ ସମସ୍ତେ ଚକିତ ହୋଇଯାଇଥିଲେ। କାହିଁକି ଏହି ଦୁଇଜଣ ଯୁବକ ଏତେ ପରିମାଣର ଟଙ୍କା ବ୍ୟାଗ୍‌ରେ ନେଇ ଯାଉଥିଲେ, ସେନେଇ ପଚରାଉଚରା ପରେ ମଧ୍ୟ ଆରପିଏଫ୍ କିଛି ଉତ୍ତର ପାଇ ନଥିଲା। ଦେଶର ବିଭିନ୍ନ ସ୍ଥାନରେ ନିର୍ବାଚନ ଚାଲିଥିବାରୁ ଏତେ ପରିମାଣର ଟଙ୍କା ଜବତକୁ ନେଇ ନାନା ଆଲୋଚନା ଆରମ୍ଭ ହୋଇଛି।

ନୂଆପଡ଼ା ଉପ-ନିର୍ବାଚନ ପ୍ରକ୍ରିୟା ଆରମ୍ଭ ହୋଇଥିବା ବେଳେ ଆଗକୁ ବିହାର ନିର୍ବାଚନ ମଧ୍ୟ ରହିଛି। ବିହାର ନିର୍ବାଚନରେ ଏହି ଟଙ୍କା ଖର୍ଚ୍ଚ କରିବାକୁ ନିଆଯାଉଥିବା ଆଲୋଚନା ହେଉଛି। ଯଦିଓ ଏନେଇ ଆର୍‌ପିଏଫ କିମ୍ବା ଅନ୍ୟ ବରିଷ୍ଠ ପୁଲିସ ଅଧିକାରୀଙ୍କ ପାଖରୁ କୌଣସି ସ୍ପଷ୍ଟ ସୂଚନା ମିଳିନାହିଁ ତଥାପି ଏହି ଆଲୋଚନାକୁ ଅସ୍ୱୀକାର କରାଯାଇନପାରେ। ଅନ୍ୟପକ୍ଷରେ ଗତ ସାଧାରଣ ନିର୍ବାଚନ ସମୟରେ ବଲାଙ୍ଗିର ସମେତ ବିଭିନ୍ନ ସ୍ଥାନରୁ କୋଟି କୋଟି ଟଙ୍କା ଜବତ ହୋଇଥିଲା। ବଲାଙ୍ଗିରରେ ଥିବା ମଦଭାଟିରୁ ବିପୁଳ ଟଙ୍କା ଜବତ ହୋଇଥିଲା। ଛତିଶଗଡ଼ରେ

**■ ବ୍ୟାଗ୍‌ରେ ନେଇ ଯାଉଥିବା ୨ ଯୁବକ ଅଟକ**
**■ ରେଳବାଇ ପୁଲିସର ତନାଘନା ଆରମ୍ଭ**

ସରକାର ଗଢ଼ିବା ପାଇଁ ତାହା ଠୁଳ କରାଯାଇଥିବା ସେହି ସମୟରେ ଚର୍ଚ୍ଚା ହୋଇଥିଲା। ଏହାସହ ବଲାଙ୍ଗିର ତଥା ଆଖପାଖ ଜିଲ୍ଲାରେ ଥିବା ପ୍ରାୟ ଦେଶୀ ମଦଭାଟି ସହ ବିହାର ଲିଙ୍କ୍ ରହିଛି। ଏଥିପାଇଁ ବିହାର ନିର୍ବାଚନ ପୂର୍ବରୁ ଏହି ସବୁ କାରବାର ଆରମ୍ଭ ହୋଇଥିବା ମଧ୍ୟ ଚର୍ଚ୍ଚା ହେଉଛି। ଏହି ଟଙ୍କା କେଉଁଠାକୁ ଯାଉଥିଲା, କାହା ପାଖକୁ ଯାଉଥିଲା, କ'ଣ ପାଇଁ ଯାଉଥିଲା; ଏବେ ଏମିତି ଅନେକ ପ୍ରଶ୍ନ ସାଧାରଣରେ ଉଙ୍କି ମାରୁଛି।

## 'ପୀତବାସ' ହତ୍ୟାକାଣ୍ଡକୁ ବିତିଲା ୨ସପ୍ତାହ

# ଭୁବନେଶ୍ୱରରୁ ଜଣଙ୍କୁ ଉଠାଇଲା ପୁଲିସ

ବ୍ରହ୍ମପୁର,୧୮।୧୦ (ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣାକୁ ବିତିଛି ଦୁଇସପ୍ତାହ। ତଦନ୍ତ ତ୍ୱରାନ୍ୱିତ ହୋଇଥିଲେ ହେଁ ଠୋସ୍ ପ୍ରମାଣ ପାଇପାରିନାହିଁ ପୁଲିସ। ଘଟଣାରେ ଶତାଧିକ ସିସିଟିଭି ଫୁଟେଜ ଯାଞ୍ଚ ସହିତ ୭୦ରୁ ଊର୍ଦ୍ଧ୍ୱ ବ୍ୟକ୍ତିଙ୍କୁ ସନ୍ଦେହରେ ଅଟକ ରଖି ପଚରାଉଚରା କରିଛି। ପଚରାଉଚରା ପରେ ଅନେକଙ୍କୁ ଛାଡି ଦିଆଯାଇଥିବା ବେଳେ ବର୍ତ୍ତମାନ ୮ଜଣ ପୁଲିସ କବ୍‌ଜାରେ ଥିବା ସୂଚନା ମିଳିଛି। ବ୍ରହ୍ମପୁରରୁ ଜଣେ ମଦ ବ୍ୟବସାୟୀଙ୍କୁ ଶୁକ୍ରବାର ପଚରାଉଚରା ପରେ ଛାଡ଼ି ଦେଇଥିବା ବେଳେ ଶନିବାର ଭୁବନେଶ୍ୱରରୁ ଜଣକୁ ଉଠାଇ ଆଣି ପଚରାଉଚରା କରାଯାଉଥିବା ଜଣାପଡ଼ିଛି। ଫଳରେ ଜନୈକ କର୍ପୋରେଟରଙ୍କ ସମେତ ଅଟକ ସଂଖ୍ୟା ୮ରେ ସ୍ଥିର ରହିଛି।

ଅଟକଙ୍କ ମଧ୍ୟରେ ବ୍ରହ୍ମପୁର ଉପକଣ୍ଠ ତଥା ଅନ୍ତେଇର ପୂର୍ବତନ ସରପଞ୍ଚ ପ୍ରଦୀପ ବିଶୋୟୀ ହତ୍ୟାକାଣ୍ଡ ଘଟଣାର ଜଣେ ଅଭିଯୁକ୍ତ ଥିବା ବେଳେ ପୁଲିସ ସ୍କାନରରେ ଚର୍ଚ୍ଚିତ 'ବିଷୋୟୀ ଗ୍ୟାଙ୍ଗ'ର ସର୍ଦ୍ଦାର ରହିଥିବା ଜଣାପଡ଼ିଛି। ପୀତବାସ ପଣ୍ଡା ଗୁଳିକାଣ୍ଡ ଘଟଣାର ତଦନ୍ତ ଚାଲିଥିବା ବେଳେ ବିଷୋୟୀ ଗ୍ୟାଙ୍ଗର ସର୍ଦ୍ଦାର କୁହାଯାଉଥିବା ଅନ୍ୟତମ ଦୁର୍ଦ୍ଦାନ୍ତ ଅପରାଧୀ ଫେରାର୍ ଥିବା ଜଣାପଡ଼ିଛି। ସେପଟେ କବ୍‌ଜାରେ ଥିବା ୮ ଜଣଙ୍କୁ ଜେରା ବେଳେ ମିଳିଥିବା ତଥ୍ୟ ଆଧାରରେ ପୁଲିସ

**■ 'ଗୋଡ଼ିପଡ଼ା' ଟୋଲ୍ ଗେଟ୍‌ରେ ପୁଣି ଯାଞ୍ଚ ହେଲା ସିସିଟିଭି ଫୁଟେଜ**
**■ ପଚରାଉଚରା ପରେ ଛାଡ଼ ପାଇଲେ ମଦ ବ୍ୟବସାୟୀ, ୮ ଅଟକ**
**■ ପୁଲିସ ସ୍କାନରରେ 'ବିଷୋୟୀ ଗ୍ୟାଙ୍ଗ'ର ସର୍ଦ୍ଦାର!**

ଗୋଡ଼ିପଡ଼ା ଟୋଲ୍‌ଗେଟର ସିସିଟିଭି ଫୁଟେଜକୁ ପୁଣି ଯାଞ୍ଚ କରିଛି। ଶୁକ୍ରବାର ରାତିରେ ପୁଲିସର ଏକ ସ୍ୱତନ୍ତ୍ର ଟିମ୍ ଗୋଡ଼ିପଡ଼ା ଟୋଲ୍‌ଗେଟ୍‌କୁ ଯାଇ ନିର୍ଦ୍ଦିଷ୍ଟ ତାରିଖର ନିର୍ଦ୍ଦିଷ୍ଟ ସମୟରେ ଯାତାୟାତ କରିଥିବା ଯାନବାହାନର ନମ୍ବରକୁ ଯାଞ୍ଚ କରିଛି। ଆଗକୁ ଅଟକ ସଂଖ୍ୟା ବୃଦ୍ଧି ପାଇବା ସମ୍ଭାବନା ରହିଛି।

# ୧୯ ଇନ୍ସପେକ୍ଟର୍, ୧୪୮ ଏସ୍‌ଆଇଙ୍କ ବଦଳି

କଟକ,୧୮।୧୦(ସମିସ): ଖାଲି ପଦବୀ, ପ୍ରଶାସନିକ ଆବଶ୍ୟକତା ଏବଂ ସରକାରୀ ସେବାର ଆଗ୍ରହକୁ ଦୃଷ୍ଟିରେ ରଖି ୧୯ଜଣ ପୁଲିସ ଇନ୍ସପେକ୍ଟର (ସଶସ୍ତ୍ର)ଙ୍କୁ ବିଭିନ୍ନ ଜିଲ୍ଲା, ବାଟାଲିୟନ ଓ ପ୍ରତିଷ୍ଠାନକୁ ବଦଳି କରାଯାଇଛି। ଏ ସଂକ୍ରାନ୍ତରେ ପୁଲିସ ମୁଖ୍ୟାଳୟ ପକ୍ଷରୁ ବିଜ୍ଞପ୍ତି ଜାରି ହୋଇଛି। ଭି.ଏସ୍. ଜୀବନ ସଂଗ୍ରାମ, ଶ୍ୟାମସୁନ୍ଦର ସୋରେନ, ବିଜୟ କୁମାର ମୁଦୁଲି, ଅମୂଲ୍ୟ ନାୟକ, ସାଧାଇ ଶଙ୍କର ଟୁଡୁ, କୁଳମଣି ଗିରି, ବରୁଣ କୁମାର ଜେନା, ମହମ୍ମଦ ସରାଫତ, ଅସିତ କୁମାର ପତି, ମଧୁସୂଦନ ସାମଲ, ହରିହର ସେଠୀ, ମାକ୍ସିମସ କିରୋ, ବାବାଜୀ ନାୟକ, ନାରଣ କିଶୋର ବେଉରା, ଶିବନାରାୟଣ ଷଡ଼ଙ୍ଗୀ, ବାସୁଦେବ ସାମଲ, ଜଗନ୍ନାଥ ଆଚାର୍ଯ୍ୟ, ବୃନ୍ଦାବନ ସାହୁ, ଛାୟାକାନ୍ତ ସାହୁ ପ୍ରମୁଖ ଇନ୍ସପେକ୍ଟରଙ୍କୁ ନୂତନ ସ୍ଥାନକୁ ବଦଳି କରାଯାଇଛି। ସେହିଭଳି ୧୪୯ପୁଲିସ୍ ଏସଆଇ (ସଶସ୍ତ୍ର)ଙ୍କୁ ବଦଳି ଆଦେଶ ଜାରି କରାଯାଇଛି।

# ରାଜ୍ୟର ଆଇନଶୃଙ୍ଖଳା ସ୍ଥିତିକୁ ନେଇ ସରକାରଙ୍କ ଉପରେ ବର୍ଷିଲା ସିପିଆଇ




ଭୁବନେଶ୍ୱର, ୧୮।୧୦(ସମିସ): ଭାରତୀୟ କମ୍ୟୁନିଷ୍ଟ ପାର୍ଟି, ଓଡ଼ିଶା ରାଜ୍ୟ ପରିଷଦ ଦ୍ୱାରା ଗତ ରାଜ୍ୟ ସମ୍ମିଳନୀରେ ନବନିର୍ବାଚିତ ରାଜ୍ୟ କାର୍ଯ୍ୟକାରୀ କମିଟି ଓ ରାଜ୍ୟ ପରିଷଦର ବୈଠକ ଦୁଇଦିନ ଧରି ଭଗବତୀ ଭବନଠାରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ନବ ନିର୍ବାଚିତ ରାଜ୍ୟ ସମ୍ପାଦକ ଡ. ପ୍ରଶାନ୍ତ କୁମାର ମିଶ୍ର, ରାଜନୈତିକ ସ୍ଥିତି ସମ୍ପର୍କରେ ବିବରଣୀ ଉପସ୍ଥାପନ କରିଥିବାବେଳେ ଜାତୀୟ ସମ୍ପାଦକ ରାମକୃଷ୍ଣ ପଣ୍ଡା ପାର୍ଟି ମହାଅଧିବେଶନରେ ଗୃହୀତ ବିବରଣୀ ଉପସ୍ଥାପନ କରିଥିଲେ।

ରାଜ୍ୟର ଆଇନଶୃଙ୍ଖଳା ସ୍ଥିତି, କଟକ ଦୁର୍ଗାପୂଜା ଭସାଣି ହିଂସା, ଗଣଦୁଷ୍କର୍ମ, ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷା ଦୁର୍ନୀତି, ଦଳିତ, ଆଦିବାସୀ, ସଂଖ୍ୟାଲଘୁ ସମ୍ପ୍ରଦାୟ ଉପରେ ନିର୍ଯ୍ୟାତନା, ବରିଷ୍ଠ ଆଇନଜୀବୀ ପୀତବାସ ପଣ୍ଡା ହତ୍ୟାରେ ସମ୍ପୃକ୍ତ ହତ୍ୟାକାରୀଙ୍କୁ ଗିରଫ କରିବାରେ ବିଫଳତା ଓ ନିର୍ବାଚନ ପୂର୍ବରୁ ବିଜେପି ଦେଇଥିବା ପ୍ରତିଶ୍ରୁତି ପାଳନରେ ବ୍ୟର୍ଥତାକୁ ନେଇ ଆଲୋଚନା କରାଯିବା ସହ ଆଗାମୀ ଦିନରେ ଜନସଚେତନତା ଓ ଜନଆନ୍ଦୋଳନ କରାଯିବା ପାଇଁ ନିଷ୍ପତ୍ତି ନିଆଯାଇଥିଲା। ନୂଆପଡ଼ା ବିଧାନସଭା ଉପନିର୍ବାଚନରେ ରାଜ୍ୟର ସମସ୍ତ ବାମ ଗଣତାନ୍ତ୍ରିକ ଧର୍ମନିରପେକ୍ଷ ଶକ୍ତି ଏକଜୁଟ ହୋଇ ବିଜେପି ପ୍ରାର୍ଥୀଙ୍କୁ ପରାସ୍ତ କରିବା ପାଇଁ ସିପିଆଇ ଆହ୍ୱାନ ଦେଇଛି।

ବୈଠକରେ ରାଜ୍ୟ ସଂଗଠନ ପାଇଁ ଦୁଇଜଣ ସହ-ସମ୍ପାଦକ ଭାବେ କ୍ଷୀରୋଦ ସିଂହଦେଓ ଓ ଜୟନ୍ତ ଦାସଙ୍କ ସମେତ ଆଶିଷ କାନୁନ୍‌ଗୋ, ଅଶୋକ ଦାଶ, ଏନ. ନାରାୟଣ ରେଡି, ପ୍ରକାଶ ଚନ୍ଦ୍ର ପାତ୍ର, ବିଜୟ ଜେନା, ଦାମୋଦର ବେହେରା ଓ ରମଣୀରଞ୍ଜନ ରାଉତରାୟ ରାଜ୍ୟ ସମ୍ପାଦକମଣ୍ଡଳୀ ସଦସ୍ୟ ଭାବେ ନିର୍ବାଚିତ କରାଯାଇଛି। ଜୟନ୍ତ ଦାସ ମଧ୍ୟ କୋଷାଧ୍ୟକ୍ଷ ନିର୍ବାଚିତ ହୋଇଛନ୍ତି। ବୈଠକରେ ରାଜ୍ୟ ପାର୍ଟିର ବିଭିନ୍ନ ଗଣସଂଗଠନ ବିଭାଗ ଓ ଜିଲ୍ଲାମାନଙ୍କର ଦାୟିତ୍ୱ ବଣ୍ଟନ କରାଯାଇଛି।

# କାନାଡ଼ାରେ ଗୁରୁଜୀଙ୍କ ଦ୍ୱାରା ଶିରିଡ଼ି ସାଇବାବାଙ୍କ ମନ୍ଦିର ପାଇଁ ଭୂମିପୂଜା

ସରେ, ବ୍ରିଟିଶ କଲମ୍ବିଆ(କାନାଡ଼ା), ୧୮।୧୦: ବିଶ୍ୱ ଶିରିଡ଼ି ସାଇ ଆନ୍ଦୋଳନର ପ୍ରମୁଖ କର୍ଣ୍ଣଧାର ଗୁରୁଜୀ ଡ. ଚନ୍ଦ୍ରଭାନୁ ଶତପଥୀ ଯୁକ୍ତରାଷ୍ଟ୍ର ଆମେରିକା ପରେ କାନାଡ଼ା ଗସ୍ତରେ ଯାଇ ସରେଠାରେ ଶିରିଡ଼ି ସାଇବାବାଙ୍କର ଏକ ନୂତନ ମନ୍ଦିର ନିର୍ମାଣ ନିମନ୍ତେ ଭୂମିପୂଜା କରିଛନ୍ତି। ଗୁରୁଜୀ ଡ. ଶତପଥୀ ପୂଜାସ୍ଥଳରେ ପହଞ୍ଚିବା ପରେ ମନ୍ଦିର ଟ୍ରଷ୍ଟି ଓ ଭକ୍ତମାନଙ୍କ ପକ୍ଷରୁ ପାରମ୍ପରିକ ରୀତିନୀତି ସହକାରେ ତାଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ପରେ ଗୁରୁଜୀ ଡ. ଶତପଥୀଙ୍କ କରକମଳରେ ଭୂମିପୂଜା ଉତ୍ସବ ସମ୍ପନ୍ନ ହୋଇଥିଲା। ଏହି ଅବସରରେ ଉପସ୍ଥିତ ଭକ୍ତମାନଙ୍କୁ ସମ୍ବୋଧିତ କରି ଗୁରୁଜୀ କହିଥିଲେ ଯେ ମନ୍ଦିର ନିର୍ମାଣ ପୂର୍ବରୁ ଧରିତ୍ରୀମାତାଙ୍କର ଆଶୀର୍ବାଦ ଭିକ୍ଷା ନିମନ୍ତେ ଭୂମି ପୂଜନ କରାଯାଇଥାଏ। ଏହାପରେ ଗୁରୁଜୀ ମଧ୍ୟାହ୍ନ ଆରତୀ କରିଥିଲେ। ଅପରାହ୍ଣରେ ଗୁରୁଜୀ ସରେଠାରେ ଶିରିଡି ସାଇବାବାଙ୍କର ଅନ୍ୟ ଏକ ମନ୍ଦିର ପରିଦର୍ଶନରେ ଯାଇଥିଲେ। ଗୁରୁଜୀଙ୍କ ଆଗମନ ଉପଲକ୍ଷେ ମନ୍ଦିର ପକ୍ଷରୁ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। କୁନିକୁନି ପିଲାମାନେ ମନମୁଗ୍ଧକର ନୃତ୍ୟ ପରିବେଷଣ କରିଥିଲେ। ଗୁରୁଜୀ ତାଙ୍କର ଉଦ୍‌ବୋଧନରେ ଛୋଟ ପିଲାମାନଙ୍କର ବହୁମୁଖୀ ବିକାଶ ତଥା କଳା, ସଂସ୍କୃତି, ସଂଗୀତ, ସାହିତ୍ୟ ଓ ବିଜ୍ଞାନ ଆଦି ସମସ୍ତ କ୍ଷେତ୍ରରେ ପାରଦର୍ଶିତା ଅର୍ଜନ କରିବାକୁ ପରାମର୍ଶ ଦେଇଥିଲେ।



# ଖୋଲିଲା ଶିମିଳିପାଳ ଅଭୟାରଣ୍ୟ

## ପ୍ରଥମ ଦିନରେ ବୁଲିଲେ ୧୨୯ ଜଣ ପର୍ଯ୍ୟଟକ

ବାରିପଦା, ୧୪।୧୦ (ସମିସ): ଶନିବାରଠାରୁ ଶିମିଳିପାଳ ଜାତୀୟ ଅଭୟାରଣ୍ୟ ପର୍ଯ୍ୟଟକଙ୍କ ପାଇଁ ପୁଣିଥରେ ଖୋଲିଛି। ଏନେଇ ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ କାର୍ଯ୍ୟାଳୟ ପକ୍ଷରୁ ବାରିପଦାର ପିଠାବଟା ଗେଟ୍ ଏବଂ ଯଶିପୁରର

**■ ପ୍ଲାଷ୍ଟିକ୍‌ମୁକ୍ତ ଶିମିଳିପାଳ ପାଇଁ ପର୍ଯ୍ୟଟକଙ୍କୁ ନିବେଦନ**
**■ ଆକର୍ଷଣରେ ବ୍ୟାଘ୍ର ସଂଗ୍ରହାଳୟ**

କାଳିଆଣିଠାରେ ପର୍ଯ୍ୟଟକଙ୍କୁ ସ୍ୱାଗତ କରଯାଇଛି। ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର ନିର୍ଦ୍ଦେଶକ ଡ. ପ୍ରକାଶ ଚାନ୍ଦ ଗୋଗେନାନୀ, ଉପ-ନିର୍ଦ୍ଦେଶକ ସମ୍ରାଟ ଗୌଡ଼ା ଓ ପ୍ରଶାନ୍ତ ପଟେଲ ଉପସ୍ଥିତ ରହି ପର୍ଯ୍ୟଟକଙ୍କୁ ପୁଷ୍ପଗୁଚ୍ଛ ଦେଇ ଅଭୟାରଣ୍ୟକୁ ସ୍ୱାଗତ କରିଥିଲେ। ମିଳିଥିବା ସୂଚନା ଅନୁସାରେ, ଆଜି ପ୍ରଥମ ଦିନରେ ଉଭୟ ଦ୍ୱାର ମାଧ୍ୟମରେ ୩୩ଟି ଯାନରେ ମୋଟ ୧୨୯ ଜଣ ପର୍ଯ୍ୟଟକ ଶିମିଳିପାଳ ଭ୍ରମଣ କରିଛନ୍ତି। ପିଠାବାଟା ଦ୍ୱାରର ଖୋଲା ଜିପ୍ ୮ଟି ସାଫାରିରେ ପର୍ଯ୍ୟଟକ ୩୫, ଦୈନିକ ୧୨ଟି ପର୍ଯ୍ୟଟକ ଯାନରେ



୪୦ଟି ପର୍ଯ୍ୟଟକ ବୁଲିଛନ୍ତି। ସେହିପରି ଯଶିପୁର ଫାଟକ ପଟେ ଓପନ୍ ଜିପ୍ ୩ଟି ସଫାରିରେ ୧୮ ଜଣ ପର୍ଯ୍ୟଟକ ଓ ଦୈନିକ ପର୍ଯ୍ୟଟକ ୧୦ଟି ଯାନ ୩୬ ଜଣ ପର୍ଯ୍ୟଟକ ବୁଲି ଶିମିଳିପାଳ ଅଭୟାରଣ୍ୟର ପ୍ରାକୃତିକ ସୌନ୍ଦର୍ଯ୍ୟର ଉପଭୋଗ କରି ଥିବା ନେଇ ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ ପକ୍ଷରୁ ସୂଚନା ପ୍ରଦାନ କରାଯାଇଛି। ଅଭୟାରଣ୍ୟକୁ ସ୍ୱଚ୍ଛ ରଖିବା ପାଇଁ ପର୍ଯ୍ୟଟକମାନେ ଭିତରକୁ ପ୍ରବେଶ ସମୟରେ ନିଜ ସାଥୀରେ ପ୍ଲାଷ୍ଟିକ୍ ସାମଗ୍ରୀ, ମାଦକ ଦ୍ରବ୍ୟ, ଆମିଷ ଓ ଅଗ୍ନି ସଂଯୋଗକାରୀ ସାମଗ୍ରୀ ଆଦି ନେବା ଉପରେ କଟକଣା ଜାରି କରାଯାଇଥିଲା। ପରବର୍ତ୍ତୀ ସମୟରେ ମଧ୍ୟ ଏହି କଟକଣା ଜାରି ରହିବ। ସେହିପରି ଶିମିଳିପାଳରେ ଥିବା ଯାତ୍ରୀ ନିବାସଗୁଡ଼ିକରେ ରାତ୍ରିଯାପନ ପାଇଁ ପର୍ଯ୍ୟଟକମାନେ (www. tourism.com) ୱେବସାଇଟ୍‌ରେ ଅଗ୍ରୀମ ବୁକିଂ କରିପାରିବେ।

ପର୍ଯ୍ୟଟକଙ୍କୁ ନୂଆ ଅନୁଭୂତି ଦେବା ପାଇଁ ଶିମିଳିପାଳ କର୍ତ୍ତୃପକ୍ଷ ଗତବର୍ଷ ଯଶିପୁରଠାରେ ନୂତନ କରି ଖଇରୀ ବାଘୁଣୀ ସ୍ମୃତିରେ ପ୍ରତିଷ୍ଠିତ ସଂଗ୍ରହାଳୟ ପର୍ଯ୍ୟଟକଙ୍କ ଆକର୍ଷଣର ଅନ୍ୟତମ କେନ୍ଦ୍ର ପାଲଟିଛି। ଏଥିସହ ଦୁଃସାହାସିକ କ୍ରୀଡ଼ା, ଜଙ୍ଗଲ ସଫାରୀ ଓ ମାଉଣ୍ଟେନ୍ ସାଇକଲିଂ ଭଳି କିଛି ନୂଆଧରଣର କ୍ରୀଡ଼ାର ମଧ୍ୟ ବ୍ୟବସ୍ଥା ରହିଛି। ତାଛଡ଼ା ଶିମିଳିପାଳ ଭିତରେ ଥିବା ବିଭିନ୍ନ ପରିବେଶ ପର୍ଯ୍ୟଟନସ୍ଥଳରେ ନେଚର୍ ଗେମିଂର ସୁବିଧା କରାଯାଇଛି।



# 'ବାସ୍ତବ'ରେ ବଲିଉଡ୍‌ର ତୁଷାର ବେଦୀ

'ବନସ୍ୱର୍ଣ୍ଣ ଟେଲିଭିଜନ୍' ଦ୍ୱାରା ପ୍ରଯୋଜିତ ତଥା 'ଏଲ୍‌ଟି ପ୍ରଡ଼କସନ୍' ସହଭାଗିତାରେ ପ୍ରସ୍ତୁତ ହୋଇଥିବା ନୂଆ ଓଡ଼ିଆ ଚଳଚ୍ଚିତ୍ର 'ବାସ୍ତବ' ଅକ୍ଟୋବର ୧୮ରେ ମୁକ୍ତିଲାଭ କରିଛି। ଏହି ସିନେମାଟି ଏକ ସସ୍‌ପେନ୍ସ, ଥ୍ରୀଲ୍‌ର ତଥା ପାରିବାରିକ କାହାଣୀ ଉପରେ ଆଧାରିତ ଚଳଚ୍ଚିତ୍ର। କାହାଣୀ, ଚିତ୍ରନାଟ୍ୟ ଏବଂ ନିର୍ଦ୍ଦେଶନା ଦେଇଛନ୍ତି ଲୁବୁନ ଟୁବୁନ। ସଂଳାପ ରଚନା କରିଛନ୍ତି ସଞ୍ଜୟ ମହାକୁଲ। ଏହାର ସହ ପ୍ରଯୋଜନା କରିଛନ୍ତି ନିବେଦିତା ପଟ୍ଟନାୟକ। ଅରୁଣ ମନ୍ତ୍ରୀ, ନିହାର ପ୍ରିୟାଶୀଷ ଏବଂ ବିକୁ ବାବୁ ଗୀତ ରଚନା କରିଥିବାବେଳେ ସଂଗୀତ ନିର୍ଦ୍ଦେଶନା ଦେଇଛନ୍ତି ବୈଦ୍ୟନାଥ ଦାଶ। ମୋଣ୍ଟାଜ୍ ଗୀତ ଜ୍ଞାନ ବେହେରା କରିଛନ୍ତି। ହ୍ୟୁମାନ ସାଗର ଏବଂ ଅନ୍ତରୀକ୍ଷା ନାୟକ କଣ୍ଠଦାନ କରିଛନ୍ତି। ସମସ୍ତ ଗୀତର ନୃତ୍ୟ ନିର୍ଦ୍ଦେଶନା ଦେଇଛନ୍ତି ଲୁବୁନ ଟୁବୁନ। ତୁଷାର ବେଦୀ, ଅଙ୍କିତା ଦାଶ, ରବି ମିଶ୍ର, ଅଭିଜିତ ଦାଶ, ଭୂପତି ତ୍ରିପାଠୀ, ପ୍ରଭାତୀ ସାହୁ, ଅଭିଷେକ, ଲୁଲୁ ଆଚାର୍ଯ୍ୟ, ମଧୁସ୍ମିତା, ଅମର, ମିଟୁ ମିଥୁନ, ସୋନାଲି, ବିଜୟ, ଆକାଶ, ପୂଜା, ସ୍ମିତା, ମନୋଜ ସାହୁ, ଶକ୍ତି ଏବଂ ସୂର୍ଯ୍ୟ ଭଳି ଅନେକ କଳାକାର ଚଳଚ୍ଚିତ୍ରରେ ନିଜ ଅଭିନୟର ପରାକାଷ୍ଠା ଦେଖାଇଛନ୍ତି। ■

# ବିଜେତା ବିଜଲାନୀ



ଅଶନୀର ଗ୍ରୋଭରଙ୍କ ରିଆଲିଟି ଶୋ' 'ରାଇଜ୍ ଆଣ୍ଡ ଫଲ୍'ର ବିଜେତା ହୋଇଛନ୍ତି ଟେଲିଭିଜନର ଲୋକପ୍ରିୟ ଅଭିନେତା ଅର୍ଜୁନ ବିଜଲାନି। ୨୮ ଲକ୍ଷ ୧୦ ହଜାର ଟଙ୍କା ପୁରସ୍କାର ରାଶି ଗ୍ରହଣ କରିଛନ୍ତି। ସେପ୍ଟେମ୍ବର ୬ରେ ଏହି ଶୋ' ଆରମ୍ଭ ହୋଇଥିଲା। ତେବେ ଏହି ଶୋ'ରେ ସାମିଲ ପ୍ରତିଯୋଗୀ ରୋମାଞ୍ଚକ ଓ ଆହ୍ୱାନପୂର୍ଣ୍ଣ ଟାସ୍କ ସାମ୍ନା କରିଥିଲେ। ତେବେ ଏହି ଶୋ'ର ଆରମ୍ଭ ଅର୍ଜୁନ କାର୍ଯ୍ୟକର୍ତ୍ତା (ୱାର୍କର) ଭାବେ କରିଥିଲେ। ହେଲେ ଧୀରେ ଧୀରେ ସେ ତାଙ୍କର ରଣନୀତି, ଦୃଢ଼ତା ଏବଂ ନିରନ୍ତରତା ବଳରେ ଶାସକ ଭୂମିକା ପର୍ଯ୍ୟନ୍ତ ଯାତ୍ରା ଜାରି ରଖିଲେ। ପୂରା ସିଜନ୍‌ରେ ସେ ପ୍ରମାଣ କରି ଦେଲେ ଯେ, ସେ ପ୍ରତ୍ୟେକ ଚ୍ୟାଲେଞ୍ଜକୁ ସାମ୍ନା କରିବାର ସାହସ ରଖନ୍ତି। ଶୋ'ରେ ବିଜେତା ହୋଇ ବେଶ୍ ଖୁସି ଥିବା କହିଛନ୍ତି ଅର୍ଜୁନ। କେବଳ ସେତିକି ନୁହେଁ, ଏହି ଶୋ'ର ଯାତ୍ରା ଆଦୌ ସହଜ ନ ଥିବା ସେ କହିଛନ୍ତି। ଏହାସହ ତାଙ୍କର ଏହି ବିଜୟରେ ପ୍ରତ୍ୟେକ ପ୍ରତିଯୋଗୀଙ୍କ ଯୋଗଦାନ ଥିବା ସେ ସ୍ୱୀକାର କରିଛନ୍ତି। ■




# ଶିଶୁ ନିର୍ଯାତନାର କାହାଣୀ 'ପରୀ'

ସମାଜରେ ବଢ଼ି ଚାଲିଛି ଶିଶୁମାନଙ୍କ ଉପରେ ଅତ୍ୟାଚାର। ଯୌନ ନିର୍ଯାତନା ଭଳି ପାଶବିକ ମାନସିକତା ବର୍ତ୍ତମାନ ଚିନ୍ତାର ବିଷୟ ପାଲଟିଛି। 'ପରୀ' ଏକ ନିରୀହ, କୋମଳ ଫୁଲକଢ଼ି। ଅନେକ ସ୍ୱପ୍ନ ଥିଲା ବାପାମାଆଙ୍କର। ମାତ୍ର ଅକାଳରେ ଝରି ପଡ଼ିଲା କିଛି ଯୌନ ରାକ୍ଷସଙ୍କ ଅତ୍ୟାଚାରରେ। ପଇସା, ପ୍ରତିଷ୍ଠା, ରାଜନୀତି ଆଗରେ କ୍ଷୀଣ ପଡ଼ିଯାଇଛି ବିଚରା ବାପାମାଆ। ହେଲେ ପରିଶେଷରେ କ'ଣ ପରୀକୁ ନ୍ୟାୟ ମିଳିଛି? ଏଭଳି ଏକ ସ୍ପର୍ଶକାତର ଘଟଣା ଉପରେ ସିନେମା 'ପରୀ'ର କାହାଣୀ ଗତିଶୀଳ। କାହାଣୀ ରଚନା ସହିତ ପ୍ରଯୋଜନା କରିଛନ୍ତି ସଞ୍ଜୟ ମହାନ୍ତି, ନିର୍ମାତା ରହିଛନ୍ତି ଚନ୍ଦନ ସ୍ୱାଇଁ ଏବଂ ଅନିଲ ବଳିୟାରସିଂହ। ସଂଳାପ ଡକ୍ଟର ରଜନୀ ରଞ୍ଜନ ରଚନା କରିଛନ୍ତି ଏବଂ ଜାପାନୀ ଭାଇ ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି। ପ୍ରମୋଦ ପରିଡ଼ା ରଚନା କରିଥିବା ଗୀତଗୁଡ଼ିକକୁ ଗାୟକ ତାରିକ୍ ଅଜିଜ୍, ଅନ୍ତରା ଚକ୍ରବର୍ତ୍ତୀ, ଜ୍ୟୋତିର୍ମୟୀ ନାୟକ, ରୁକୁ ସୁନା, ଡକ୍ଟର ରୋହନ ବିଶ୍ୱାଳ କଣ୍ଠଦାନ କରିଛନ୍ତି। ଚିତ୍ରନାଟ୍ୟ ସହିତ ନିର୍ଦ୍ଦେଶନା ଦେଇଛନ୍ତି ତ୍ରିପତି କୁମାର ସାହୁ। କୋରିଓଗ୍ରାଫର୍ ଏସ୍.କେ. ମୁରଲୀଧରନ୍ ଏବଂ ଅମିତ ନାୟକ ନୃତ୍ୟ ନିର୍ଦ୍ଦେଶନା ଦେଇଛନ୍ତି। ସିନେମାଟିରେ ଜ୍ୟୋତି, ଅନୁରାଧା ପାଣିଗ୍ରାହୀ, ଶ୍ରୀତମ ଦାସ, ନୀଳମଣି ସାହୁ, ପ୍ରଦ୍ୟୁମ୍ନ ଲେଙ୍କା, ସୌମ୍ୟ ଅଧିକାରୀ, ଗୁଲ୍ଲୁ, ଜଗନ୍ନାଥ ସାହୁ, ନରେଶ ରାଉତରାୟ, ନିରଞ୍ଜନ ଆଚାର୍ଯ୍ୟ, ପପି ସାନ୍ତୁକା, ଶିଶୁ କଳାକାର ଦିବ୍ୟାଂଶୀ ଓ ସ୍ନେହା ପ୍ରମୁଖ ଅଭିନୟ କରିଛନ୍ତି। ■

ବଲିଉଡ୍ ଅଭିନେତ୍ରୀ ଟ୍ୱିଙ୍କଲ ଖାନ୍ନା ଏବେ 'ଟୁ ମଚ୍ ୱିଥ୍ କାଜୋଲ ଏବଂ ଟ୍ୱିଙ୍କଲ' ଶୋ'କୁ ନେଇ ଚର୍ଚ୍ଚାରେ ଅଛନ୍ତି। ତେବେ ଏହି ଶୋ'ରେ ନିକଟରେ ଅକ୍ଷୟ କୁମାର ଏବଂ ସୈଫ୍ ଅଲୀ ଖାନ୍ ନଜର ଆସିଥିଲେ। ଏହି ଶୋ'ରେ ଉଭୟ ଅକ୍ଷୟ ଏବଂ ସୈଫ୍ ନିଜ ଟାଟୁ ବାବଦରେ କହିଥିଲେ। ଅକ୍ଷୟ ନିଜ ଶରୀରରେ ଟ୍ୱିଙ୍କଲ ଏବଂ ତାଙ୍କ ଦୁଇ ପିଲା ଆରବ ଏବଂ ନିତାରାଙ୍କ ନାଁର ଟାଟୁ କରିଛନ୍ତି। ଏହାରି ଭିତରେ ଟ୍ୱିଙ୍କଲ କେବେ ବି ଅକ୍ଷୟଙ୍କ ନାଁରେ ଟାଟୁ ନିଜ ଶରୀରରେ କରିବେ ନାହିଁ ବୋଲି ରୋକ୍‌ଠୋକ୍ କହିଛନ୍ତି। ଅବଶ୍ୟ ସେ କାହିଁକି ଅକ୍ଷୟଙ୍କ ଟାଟୁ କରିବେ ନାହିଁ,

# ଅକ୍ଷୟଙ୍କ ନାଁରେ ଟାଟୁ କରିବେନି ଟ୍ୱିଙ୍କଲ



ସେକଥା ବି କହିଛନ୍ତି। ଟ୍ୱିଙ୍କଲ କହିଛନ୍ତି, ଜୀବନରେ କୌଣସି ଜିନିଷ ସ୍ଥାୟୀ ନୁହେଁ। ଏପରିକି ଟାଟୁ ନୁହେଁ କି ବାହାଘର। ତେଣୁ ଟାଟୁ କରି ହୁଏତ ତାହାକୁ ପରେ ବଦଳାଇବାକୁ ପଡ଼ିପାରେ। ତେଣୁ ଟ୍ୱିଙ୍କଲ ଟାଟୁ କରିବାକୁ ଚାହୁଁ ନ ଥିବା କହିଛନ୍ତି। ଅବଶ୍ୟ ଟ୍ୱିଙ୍କଲଙ୍କ ଏହି କଥାରେ ସମସ୍ତେ ଖୁବ୍ ହସିଛନ୍ତି। ■

## ସାକ୍ଷାତକାର

ଅଧ୍ୟାପିକା ହେବାକୁ ସେ ସ୍ୱପ୍ନ ଦେଖିଥିଲେ। ହେଲେ ଭାଗ୍ୟ ତାଙ୍କୁ ଟାଣି ଆଣିଲା ଅଭିନୟ ଜଗତକୁ। ଏବେ ସେ ଅନେକ ଓଡ଼ିଆ ସିନେମାରେ ଚମତ୍କାର ଅଭିନୟ କରି ଦର୍ଶକଙ୍କ ହୃଦୟ ଜିଣିଛନ୍ତି। ଏଭଳି ଜଣେ ଅଭିନେତ୍ରୀ ହେଉଛନ୍ତି ଭୁବନେଶ୍ୱରର ପ୍ରିୟଙ୍କା ପାଣିଗ୍ରାହୀ। ବାଲେଶ୍ୱର ତାଙ୍କର ଜନ୍ମସ୍ଥାନ। ପ୍ରିୟଙ୍କା ଜଣେ ଆଇନ୍ ଛାତ୍ରୀ। ହେଲେ ଓଲିଉଡ୍ ସିନେମା, ବିଜ୍ଞାପନରେ କାମ କରି ସ୍ୱତନ୍ତ୍ର ପରିଚୟ ପାଇଛନ୍ତି। ଖୁବ୍ ଶୀଘ୍ର ତାଙ୍କ ଅଭିନୀତ 'ଆଶିକ୍ ଦିୱାନା' ଚଳଚ୍ଚିତ୍ର ରିଲିଜ୍ ହେବାକୁ ଯାଉଛି। ତେବେ ଅଭିନୟ କ୍ଷେତ୍ରରେ ତାଙ୍କର ସଫଳତାର ରାଜ୍ ବିଷୟରେ ଜାଣିବା ତାଙ୍କ ମୁହଁରୁ।



**ଅଭିନୟ ଯାତ୍ରା କେବେଠୁ ଆରମ୍ଭ ହେଲା**

- ପିଲାଦିନେ ଅଭିନେତ୍ରୀ ହେବି ବୋଲି ଭାବି ନ ଥିଲି। ଇଚ୍ଛା ଥିଲା ଜଣେ ଅଧ୍ୟାପିକା ହେବି। ହେଲେ ମୋର ସୌଭାଗ୍ୟ ମୁଁ ଅଭିନୟ ଜଗତକୁ ଟାଣି ହୋଇଆସିଛି। 'ତେଜସ୍ୱିନୀ' ମୋର ପ୍ରଥମ ଧାରାବାହିକ। 'ଟୋକାଟା ଫସିଗଲା' ଓଡ଼ିଆ ଫିଲ୍ମରୁ ଡେବ୍ୟୁ କରିଥିଲି। ଏହା ବାଦ୍ ୪ରୁ ୫ଟି ସିନେମାରେ ଅଭିନୟ କରିଛି। ହେଲେ ତନ୍ମଧ୍ୟରୁ 'ଟୋକାଟା ଫଶିଗଲା' ମୋର କ୍ୟାରିୟରର ଟର୍ଣ୍ଣିଂ ପଏଣ୍ଟ ଥିଲା। ଏବେ 'ଆଶିକ୍ ଦିୱାନା' ସିନେମାରେ ଅଭିନୟ କରିଛି।

**'ଆଶିକ୍ ଦିୱାନା'ରେ ଆପଣଙ୍କ ଚରିତ୍ର ବିଷୟରେ କୁହନ୍ତୁ?**

- 'ଆଶିକ୍ ଦିୱାନା'ରେ ମୋ ବିପକ୍ଷରେ ଅଛନ୍ତି ଦୀପକ ଭାଇ। ଦୀପକଙ୍କ ଦୁଇ ଜଣ ପତ୍ନୀ ମୁଁ ଆଉ ରିଆ ଦିଦି। ଦୁଇ ଜଣ ପତ୍ନୀଙ୍କୁ ନେଇ ଏହି ସିନେମାରେ ଭରପୂର ମଜାଦାର ଦୃଶ୍ୟ ରହିଛି। ଫିଲ୍ମଟି ପୂରା ଫ୍ୟାମିଲି ଡ୍ରାମା। ଏହି ଚରିତ୍ର କରିବାକୁ ମୋତେ ଆଦୌ କଷ୍ଟ କରିବାକୁ ପଡ଼ିନି। ମୁଁ ବାସ୍ତବରେ ଯେମିତି ଚୁଲବୁଲି ସେମିତି ମୋତେ ଚରିତ୍ର ମିଳିଛି। ଏହି ଚରିତ୍ରକୁ ମୁଁ ଭରପୂର ଏନ୍‌ଜଏ କରିଛି।

**ଅଭିନୟକୁ ବାଦ୍ ଦେଲେ, ଆପଣ ଅନେକ ବିଜ୍ଞାପନରେ କାମ କରିଛନ୍ତି, ଏଥିପାଇଁ କେମିତି ସମୟ ଦିଅନ୍ତି?**

- କୌଣସି ବ୍ରାଣ୍ଡର ଫେସ୍ ହେବାକୁ ବହୁତ କଷ୍ଟ କରିବାକୁ ପଡ଼େ। ହେଲେ ଧନ୍ୟବାଦ ଦେବି ଭଗବାନଙ୍କୁ। ଭଗବାନଙ୍କ ଆଶୀର୍ବାଦ ଆଉ ମୋର ପ୍ରଶଂସକଙ୍କ ଭଲପାଇବା ପାଇଁ ମୁଁ ଅନେକ ଲୋକପ୍ରିୟ ବ୍ରାଣ୍ଡର ଫେସ୍ ହୋଇପାରିଛି। ସେଇଟା ମୋ ପାଇଁ ଖୁସିର କଥା। ଯେତେବେଳେ ବି ଏମିତି କାମ ଆସିବ ଯେତେ ବ୍ୟସ୍ତ ଥିଲେ ବି ମୁଁ ସେ କାମ କରିବି।

**ପ୍ରିୟଙ୍କା ସ୍କ୍ରିପ୍ଟକୁ ଘୋଷନ୍ତି, ନା ଚରିତ୍ରରେ ପଶିଯାଆନ୍ତି?**

- ମୋତେ ଯେଉଁ ଚରିତ୍ର ମିଳେ, ତାହା ଭିତରେ ପଶିଗଲେ, ସ୍କ୍ରିପ୍ଟ ଘୋଷିବାକୁ ପଡ଼େ ନାହିଁ। ସୁଟିଂ ଆରମ୍ଭ ଦିନରୁ ଶେଷ ହେବା ଯାଏଁ ମୁଁ ସେହି ଚରିତ୍ରରେ ବୁଡ଼ି ରୁହେ।

**ଦୀପକଙ୍କ ସହ ଆପଣଙ୍କ ବଣ୍ଡିଂ?**

- 'ଆଶିକ୍ ଦିୱାନା' ସେଟ୍‌ରେ ସବୁଦିନ ମଜା ହେଉଥିଲା। ଭୋଜି କରୁଥିଲୁ। ପରିବାର ଭଳି ଚଳୁଥିଲୁ। ସତ କହିବି 'ଆଶିକ୍ ଦିୱାନା' ମୋତେ ଦୀପକଙ୍କ ଭଳି ଜଣେ ଭଲ ବନ୍ଧୁ ଭେଟି ଦେଇଛି।

**ଡ୍ରିମ୍ ରୋଲ୍ କ'ଣ?**

- ଭଲ ତଥା ସମାଜକୁ ବାର୍ତ୍ତା ଦେଉଥିବା ପରି ସମସ୍ତ କାହାଣୀରେ ଅଭିନୟ କରିବାକୁ ଚାହିଁବି। କିନ୍ତୁ ହଁ, ପୋଲିସ୍ ଅଫିସର୍ ଚରିତ୍ର କାମ କରିବାକୁ ବହୁତ ଇଚ୍ଛା ଅଛି।

**ଫିଟ୍‌ର ରାଜ୍ କ'ଣ?**

- ଫିଟନେସ୍‌କୁ ନେଇ ବହୁତ ସଚେତନ। ଡାଏଟ୍, ଖାଇବା, ଶୋଇବା, ବ୍ୟାୟାମ ଆଦିକୁ ନିର୍ଦ୍ଦିଷ୍ଟ ସମୟରେ କରେ। ସ୍କିନ୍‌ର ଯତ୍ନ ନିଏ।

**ଆପଣଙ୍କ କାମରେ ଜୀବନସାଥି କେତେ ସହଯୋଗ କରନ୍ତି?**

- ସେ ଜଣେ ବ୍ୟବସାୟୀ। ମୁଁ ଅଭିନେତ୍ରୀ। ସେ ବହୁତ ଚୁପ୍‌ଚାପ। ଯେହେତୁ ଉଭୟଙ୍କ ପେସା ଭିନ୍ନ। ତେଣୁ ପରସ୍ପରକୁ ସମୟ ଦେଇପାରୁ। ମୋ କାମ କେମିତି ଭଲ ହେବ ସେନେଇ ସେ ବହୁତ ଗୁରୁତ୍ୱପୂର୍ଣ୍ଣ ମତ ଦିଅନ୍ତି। ମୋତେ ଉତ୍ସାହିତ କରନ୍ତି। ତାଙ୍କର ୧୦୦% ସହଯୋଗ ନଥିଲେ ମୁଁ ଏତେ ଖୁସିରେ କାମ କରିପାରି ନଥାନ୍ତି।

# "ଶିଖିବାର ମନୋବୃତ୍ତି ଜଣେ ଭଲ କଳାକାରର ପରିଚୟ"

**ପ୍ରିୟଙ୍କା ପାଣିଗ୍ରାହୀ, ଅଭିନେତ୍ରୀ**

**ପ୍ରିୟଙ୍କା ସବୁବେଳେ ଶାଢ଼ିରେ ନଜର ଆସନ୍ତି, ରାଜ୍ କ'ଣ?**

ଶାଢ଼ି ହେଉଛି ଭାରତର ପାରମ୍ପରିକ ପୋଷାକ। ଶାଢ଼ିରେ ସବୁଝିଅମାନେ ସୁନ୍ଦର ଲାଗନ୍ତି। ଓଡ଼ିଆ ଝିଅ ବିବାହ ପରେ ଶାଢ଼ି ପିନ୍ଧିବାକୁ ବହୁତ ପସନ୍ଦ କରନ୍ତି। ତେବେ ମୋ ସ୍ୱାମୀଙ୍କୁ ମୋ ଶାଢ଼ିପିନ୍ଧା ଭଲ ଲାଗୁଥିବାରୁ ମୁଁ ସବୁବେଳେ ଶାଢ଼ି ପିନ୍ଧେ।

**ଅଭିନୟ ଦୁନିଆକୁ ଆସୁଥିବା ପିଲାଙ୍କୁ କ'ଣ କହିବେ?**

- ଏବେ ପ୍ଲାଟଫର୍ମ ବହୁତ। ପିଲାମାନେ ସାମାଜିକ ଗଣମାଧ୍ୟମରେ ନିଜ ଦକ୍ଷତା ପ୍ରତିପାଦନ କରି ରାତାରାତି ଷ୍ଟାର୍ ପାଲଟି ଯାଉଛନ୍ତି। ନିହାତି ସେମାନଙ୍କ ଭିତରେ କିଛି ଭଲ ଗୁଣ ରହିଛି। ତେଣୁ ଯେତେ ଯାଏଁ ଶିଖିବାର ମନୋବୃତ୍ତି ତାଙ୍କର ଥିବ ସେତେ ଯାଏଁ ସେ ଜଣେ ଭଲ କଳାକାର ହୋଇପାରିବେ। ଯେଉଁଦିନ ଗର୍ବ ଆସିଯିବ କଥା ସରିଲା।

**ଆଗାମୀ ଯୋଜନା କ'ଣ?**

- ଚଳିତ ବର୍ଷରେ ମୋର ଅନେକ ପ୍ରୋଜେକ୍ଟ ରିଲିଜ୍ ହେବାର ଅଛି। ନିଃଶ୍ୱାସ ଚାଲିଥିବା ଯାଏଁ ଭଲ ଭଲ ଫିଲ୍ମରେ କାମ କରିବାକୁ ଚାହିଁବି। ଦର୍ଶକଙ୍କ ସହ କିପରି ସିଧାସଳଖ ଯୋଡ଼ି ହୋଇ ରହିବି ତାହାକୁ ଗୁରୁତ୍ୱ ଦେବି। ■



ପରଦା ପଛର କାହାଣୀ

# ବିନା ପାରିଶ୍ରମିକରେ ଫିଲ୍ମରେ ଅଭିନୟ

ଡ୍ରିମ୍‌ଗର୍ଲ ହେମାମାଳିନୀ ଅନେକ ସୁପରହିଟ୍ ଫିଲ୍ମ ଦର୍ଶକଙ୍କୁ ଭେଟି ଦେଇଛନ୍ତି। ଅଭିନୟ ଓ ସୁନ୍ଦରତାରେ ସେ ଦର୍ଶକଙ୍କୁ ମନ୍ତ୍ରମୁଗ୍ଧ କରିଥାନ୍ତି। ତାଙ୍କ ନାମ ଶୁଣିଲେ ଫିଲ୍ମ ଦେଖିବାକୁ ହଲ୍‌ରେ ଦର୍ଶକଙ୍କ ଭିଡ଼ ଜମୁଥିଲା। ତାଙ୍କୁ ଫିଲ୍ମରେ ନେବା ପାଇଁ ସିନେ ନିର୍ମାତା ଓ ନିର୍ଦ୍ଦେଶକଙ୍କ ଲମ୍ବା ଲାଇନ୍ ଲାଗୁଥିଲା। ତେବେ ହେମାମାଳିନୀ ପ୍ରତ୍ୟେକ ଫିଲ୍ମରେ ନିଜ ଡିମାଣ୍ଡ ଅନୁଯାୟୀ ପାରିଶ୍ରମିକ ନେଇଥାନ୍ତି। କିନ୍ତୁ ଏକ ଫିଲ୍ମ ଥିଲା, ଯେଉଁଥିରେ ସେ ବିନା ପାରିଶ୍ରମିକରେ ଅଭିନୟ କରିଥିଲେ। ୧୯୭୯ ମସିହାରେ ମୁକ୍ତିଲାଭ କରିଥିଲା ହିନ୍ଦୀ ଫିଲ୍ମ 'ମୀରା'। ଏହି ଫିଲ୍ମରେ ସେ ବିନା ପାରିଶ୍ରମିକରେ ଅଭିନୟ କରିଥିଲେ। ଗୁଲଜାରଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମଟି ପ୍ରେମ୍‌ଜୀ ପ୍ରଯୋଜିତ କରିଥିଲେ। ତେବେ ପ୍ରେମ୍‌ଜୀ ଦୀର୍ଘ ସମୟ ଧରି ହେମାମାଳିନୀଙ୍କ ସହ କାମ କରିବାକୁ ଚାହୁଁଥିଲେ। କିଛି ନା କିଛି କାରଣରୁ ହେମା ଫିଲ୍ମ କରିବେନି ବୋଲି ତାଙ୍କୁ ଅନେକ ଥର ମନା କରିଥିଲେ। ତେବେ କୌଣସି ପୌରାଣିକ କିମ୍ବା ଭକ୍ତି ଆଧାରିତ କାହାଣୀ ମୀରାଙ୍କୁ ନେଇ ଫିଲ୍ମ ନିର୍ମାଣ କଲେ ସେ ଅଭିନୟ କରିବେ ବୋଲି କହିଥିଲେ। ହେମାମାଳିନୀଙ୍କ କହିବାନୁସାରେ ପ୍ରେମ୍‌ଜୀ ଏହି ଫିଲ୍ମ ନିର୍ମାଣ କରିଥିଲେ। ଏଥିରେ ହେମାମାଳିନୀଙ୍କ ବିପକ୍ଷରେ ବିନୋଦ ଖାନ୍ନା ଦେଖିବାକୁ ମିଳିଥିଲେ। ଗୋଟିଏ ସମୟରେ ଫିଲ୍ମଟି ବଜେଟ୍ ପାଇଁ ଅଧାରେ ଅଟକି ଯାଇଥିଲା। ଏହା ଜାଣିବା ପରେ ହେମାମାଳିନୀ ପ୍ରେମଜୀଙ୍କୁ କହିଥିଲେ , ପ୍ରଭୁ କୃଷ୍ଣଙ୍କ ପ୍ରତି ପ୍ରେମ, ବିଶ୍ୱାସ ଓ ଶ୍ରଦ୍ଧା ପାଇଁ ଏହି ଫିଲ୍ମ କରୁଛି। ମୁଁ ଏଥିପାଇଁ କୌଣସି ପାରିଶ୍ରମିକ ନେବି ନାହିଁ। ଆପଣ ଶ୍ରଦ୍ଧାରେ ଯାହା ଦେବେ ତାକୁ ମୁଁ ଗ୍ରହଣ କରିବି। ଫିଲ୍ମ ସମ୍ପୂର୍ଣ୍ଣ ହେଲା ବେଳକୁ ଏଥିରେ ମୋଟା ଅଙ୍କର ଅର୍ଥ ଖର୍ଚ୍ଚ ହୋଇସାରିଥିଲା। ହେଲେ ଦୁର୍ଭାଗ୍ୟବଶତଃ ଫିଲ୍ମ ରିଲିଜ୍ ହେବା ପରେ ଏହା ବକ୍ସ ଅଫିସ୍‌ରେ ଫ୍ଲପ୍ ହୋଇଥିଲା। ତେବେ ହେମାମାଳିନୀ ତାଙ୍କ ଅଭିନୟ ଜୀବନରେ ୧୫୦ ରୁ ଊର୍ଦ୍ଧ୍ୱ ଫିଲ୍ମରେ ଅଭିନୟ କରିଛନ୍ତି। ■

## ଜ୍ୟୋତିଙ୍କୁ ଐତିହାସିକ କାଂସ୍ୟ

ନାନଜିଙ୍ଗ୍, ୧୮ ।୧୦ (ଏଜେନ୍ସି): ଚାଇନାରେ ଚାଲିଥିବା ତୀରନ୍ଦାଜୀ ବିଶ୍ୱକପ୍ ଫାଇନାଲରେ ଭାରତର ଜ୍ୟୋତି ସୁରେଖା ଭେନ୍ନାମ ଐତିହାସିକ କାଂସ୍ୟ



ପଦକ ବିଜୟୀ ହୋଇଛନ୍ତି। ମହିଳା କମ୍ପାଉଣ୍ଡରେ ଜ୍ୟୋତି ଏହି ସଫଳତା ପାଇଛନ୍ତି। ସେମିଫାଇନାଲରେ ପରାସ୍ତ ହୋଇଥିବା ଜ୍ୟୋତି କାଂସ୍ୟ ପଦକ ପାଇଁ ଅନୁଷ୍ଠିତ ମ୍ୟାଚରେ ୧୫୦-୧୪୫ ସ୍କୋରରେ ବିଶ୍ୱ ମାନ୍ୟତାର ଦ୍ୱିତୀୟ ସ୍ଥାନରେ ରହିଥିବା ଗ୍ରେଟ୍ ବ୍ରିଟେନର ଇଲା ଗିବସନଙ୍କୁ ପରାସ୍ତ କରିଥିଲେ। ଏଥିସହ ୨୯ ବର୍ଷୀୟା ଜ୍ୟୋତି ପ୍ରଥମ ଭାରତୀୟ ଭାବେ ତୀରନ୍ଦାଜୀ ବିଶ୍ୱକପ୍ କମ୍ପାଉଣ୍ଡ ଇଭେଣ୍ଟରେ ପଦକ ଜିତିବାର ସୌଭାଗ୍ୟ ଲାଭ କରିଛନ୍ତି।

## ବିଶ୍ୱ ବ୍ୟାଡ୍‌ମିଣ୍ଟନ ଫାଇନାଲରେ ତନଭୀ

ଗୌହାଟୀ, ୧୮ ।୧୦ (ଏଜେନ୍ସି): ଏଠାରେ ଚାଲିଥିବା ବିଡବ୍ଲ୍ୟୁଏଫ୍ ୱାର୍ଲ୍ଡ ଜୁନିଅର ଚାମ୍ପିଅନସିପ୍‌ରେ ଘରୋଇ ଭାରତର ତନଭୀ ଶର୍ମା ଫାଇନାଲରେ ପ୍ରବେଶ କରିଛନ୍ତି। ଶନିବାର ଅନୁଷ୍ଠିତ ମହିଳା ସିଙ୍ଗଲ୍ସ ସେମିଫାଇନାଲ ମୁକାବିଲାରେ ଟପ୍ ସିଡ୍ ତନଭୀ ୧୫-୧୧, ୧୫-୯ ସିଧାସଳଖ ଗେମରେ ଚାଇନାର ଲିଉ ସି ୟା'ଙ୍କୁ ପରାସ୍ତ କରିଥିଲେ। ରବିବାର ଫାଇନାଲରେ ତନଭୀଙ୍କ ମୁକାବିଲା ଥାଇଲାଣ୍ଡର ଅନ୍ୟାପତ୍ ଫିଚିତପ୍ରିଚାସ୍କ'ଙ୍କ ସହ ହେବ। ଏହି ସମ୍ମାନଜନକ ଟୁର୍ଣ୍ଣାମେଣ୍ଟ ଇତିହାସରେ ୫ମ ଭାରତୀୟ ଭାବେ ୧୬ ବର୍ଷୀୟା ତନଭୀ ଫାଇନାଲ ଖେଳିବେ। ତାଙ୍କ ପୂର୍ବରୁ ଅପର୍ଣ୍ଣା ପୋପତ (୧୯୯୬), ସାଇନା ନେହ୍ୱାଲ (୨୦୦୬ ଓ ୨୦୦୮), ସିରିଲ ବର୍ମା (୨୦୧୫) ଓ ଶଙ୍କର ମୁଥୁସ୍ୱାମୀ (୨୦୨୨) ବିଡବ୍ଲ୍ୟୁଏଫ୍ ୱାର୍ଲ୍ଡ ଜୁନିଅର ଚାମ୍ପିଅନସିପ ଫାଇନାଲରେ ପହଞ୍ଚିଥିଲେ।

## ହାଇଦରାବାଦ୍ ଏଫ୍‌ସି ହେଲା ସ୍ପୋର୍ଟିଂ କ୍ଲବ ଦିଲ୍ଲୀ

ନୂଆଦିଲ୍ଲୀ, ୧୮ ।୧୦ (ଏଜେନ୍ସି): ଜାତୀୟ ରାଜଧାନୀ ଦିଲ୍ଲୀ ବହୁ ବର୍ଷର ବ୍ୟବଧାନ ପରେ ପୁଣିଥରେ ଦେଶର ଶୀର୍ଷ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟ ଆଇଏସ୍ଏଲ୍‌କୁ ପ୍ରତ୍ୟାବର୍ତ୍ତନ କରିଛି। ହାଇଦରାବାଦ୍ ଏଫ୍‌ସିର ପୁନଃବ୍ରାଣ୍ଡିଂ ପରେ ଏବେ ଏହା 'ସ୍ପୋର୍ଟିଂ କ୍ଲବ ଦିଲ୍ଲୀ' ହୋଇଛି। ଆଇଏସ୍ଏଲ୍‌ର ଆଗାମୀ ସିଜନରେ ହାଇଦରାବାଦ୍ ଏଫ୍‌ସି ସ୍ଥାନରେ ଏହି ଦିଲ୍ଲୀ ଦଳକୁ ଖେଳୁଥିବାର ଦେଖିବାକୁ ମିଳିବ। ଏଥିପୂର୍ବରୁ ଆଇଏସଏଲ୍‌ର ଉଦ୍‌ଘାଟନୀ ସଂସ୍କରଣ ୨୦୧୪ରୁ ୨୦୧୮ ସିଜନ ପର୍ଯ୍ୟନ୍ତ ଦିଲ୍ଲୀ ଡାଇନାମୋସ ଦଳ ଏହି ଶୀର୍ଷ ଫୁଟ୍‌ବଲ ଲିଗ୍‌ରେ ଭାଗ ନେଇଥିଲା। ୨୦୧୯ରେ ଦିଲ୍ଲୀ ଡାଇନାମୋସ ପୁନଃବ୍ରାଣ୍ଡିଂ ହୋଇ ଓଡ଼ିଶା ଏଫ୍‌ସି ନାମରେ ଆଇଏସ୍ଏଲ୍‌ରେ ଖେଳି ଆସୁଛି। ଉଲ୍ଲେଖଯୋଗ୍ୟ, ଗତ ବର୍ଷ ବିସି ଜିନ୍ଦଲ ଗ୍ରୁପ୍ ହାଇଦରାବାଦ୍ ଏଫ୍‌ସି ଗ୍ରୁପ୍‌କୁ ଅଧିଗ୍ରହଣ କରିଥିଲା।

## ରାଜ୍ୟ ସ୍କୁଲ ଓ କଟକ ଜିଲ୍ଲା ଚେସ୍‌ରେ ରେକର୍ଡ ୨୪୬ ପ୍ରତିଯୋଗୀ



ଭୁବନେଶ୍ୱର,୧୮ ।୧୦(ସମିସ): କଟକ ଜିଲ୍ଲା ଚେସ ସଂଘ ଆନୁକୂଲ୍ୟରେ ବାରବାଟୀ ଷ୍ଟାଡିୟମ୍ ପରିସରରେ ରାଜ୍ୟସ୍ତରୀୟ ସ୍କୁଲ ଓ କଟକ ଜିଲ୍ଲା ଚେସ୍ ପ୍ରତିଯୋଗିତା ଶନିବାର ଆରମ୍ଭ ହୋଇଛି। ଏଥିରେ ରେକର୍ଡ ୨୪୬ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଛନ୍ତି। ପ୍ରତିଯୋଗିତାକୁ ଜିଲ୍ଲା ଚେସ ସଂଘର ମେଣ୍ଟର ପ୍ରଦ୍ୟୁମ୍ନ ମିଶ୍ର ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ। ଏଥିରେ ପ୍ରଥମ ଦିନ ୪ ରାଉଣ୍ଡ ଖେଳାଯାଇଛି। ୪ ରାଉଣ୍ଡରୁ ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରି ସ୍କୁଲ ଚେସ୍ ବିଭାଗରେ ଶ୍ରଦ୍ଧା ସ୍ମରଣିକା ନନ୍ଦ, ଓମ୍‌ସ୍ୱରୂପ ପାଢ଼ୀ, ଈଶାନୀ ଦାସ୍, ଶୁଭାଶିଷ ବାରିକ୍, ସାଇ ପ୍ରତ୍ୟୁଷ ବେହେରା ଓ ଆଦିତ୍ୟ ସ୍ୱାଇଁ ମିଳିତଭାବେ ପ୍ରଥମ ସ୍ଥାନରେ ରହିଛନ୍ତି। ସେହିପରି ଜିଲ୍ଲା ଚେସ୍‌ରେ କୋଚ୍ ରବୀନ୍ଦ୍ର କୁମାର ଓଝା ଏକାକୀ ୪ ପଏଣ୍ଟ ପାଇ ପ୍ରଥମ ଓ ହର୍ଷିତ ରଞ୍ଜନ ସାହୁ ୩.୫ ପଏଣ୍ଟ ପାଇ ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ଉଦ୍‌ଘାଟନ ଉତ୍ସବକୁ ଜିଲ୍ଲା ସାଙ୍ଗଠନିକ ସମ୍ପାଦକ ସତ୍ୟରଞ୍ଜନ ପଟ୍ଟନାୟକ ସଂଯୋଜନା କରିଥିଲେ। ହେମନ୍ତ ନାୟକ, ରଘୁନନ୍ଦନ ସାସମଲ, ସନ୍ତୋଷ ପୃଷ୍ଟି ପ୍ରମୁଖ ଅତିଥିଭାବେ ଉପସ୍ଥିତ ଥିଲେ। ଅନ୍ତର୍ଜାତୀୟ ଆର୍ବିଟର ନିହାର ରଞ୍ଜନ ସାସ୍‌ମଲ ଓ ତାପସ କୁମାର ମହାନ୍ତିଙ୍କ ତତ୍ତ୍ୱାବଧାନରେ ଏହି ପ୍ରତିଯୋଗିତା ଆୟୋଜିତ ହେଉଛି। ରବିବାର ଏହା ଉଦ୍‌ଯାପିତ ହେବ।

### ଆଜିଠାରୁ ଭାରତ-ଅଷ୍ଟ୍ରେଲିଆ ଦିନିକିଆ ସିରିଜ୍

# ୭ ମାସ ପରେ ଖେଳିବେ ବିରାଟ, ରୋହିତ

ପର୍ଥ,୧୮ ।୧୦(ଏଜେନ୍ସି):

ଭାରତୀୟ କ୍ରିକେଟ ଦଳର ଦୁଇ କିଂବଦନ୍ତି ଖେଳାଳି ରୋହିତ ଶର୍ମା ଓ ବିରାଟ କୋହଲି ଦୀର୍ଘ ୭ ମାସ ପରେ ଦେଶ ପକ୍ଷରୁ ଅନ୍ତର୍ଜାତୀୟ କ୍ରିକେଟ ଖେଳିବାକୁ ଫେରିଛନ୍ତି। ଏହା ସହିତ ଶୁବମନ ଗିଲ୍ ପ୍ରଥମଥର ଭାରତୀୟ ଦିନିକିଆ ଦଳର ନେତୃତ୍ୱ ନେଉଛନ୍ତି। ସ୍ଥାନୀୟ ଅପ୍‌ଟସ ଷ୍ଟାଡିୟମ୍‌ରେ ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ଖେଳାଯିବାକୁ ଥିବା ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍‌ର ପ୍ରଥମ ମ୍ୟାଚ୍ ରବିବାର ଖେଳାଯିବ। ଏହି ମ୍ୟାଚରେ ରୋହିତ୍-କୋହଲିଙ୍କ ପ୍ରତ୍ୟାବର୍ତ୍ତନ ଓ ଶୁବମନଙ୍କ ନେତୃତ୍ୱ ନଜରରରେ ରହିବ। ଗତ ମାର୍ଚ୍ଚରେ ଅନୁଷ୍ଠିତ ଚାମ୍ପିଅନ୍‌ସ ଟ୍ରଫି ଫାଇନାଲରେ ରୋହିତ ଶର୍ମା ଓ ବିରାଟ କୋହଲି ଶେଷଥର ଲାଗି ଭାରତୀୟ ଦଳରୁ ଖେଳିଥିଲେ। ଆସନ୍ତାକାଲି ଉଭୟ ଖେଳାଳି ଆଉ ଜଣେ ଅଧିନାୟକ ଶୁବମନ ଗିଲ୍‌ଙ୍କ ଅଧିନରେ ଖେଳିବାକୁ ଯାଉଛି। ଦୀର୍ଘ ୯ ବର୍ଷ ପୂର୍ବେ ନ୍ୟୁଜିଲାଣ୍ଡ ବିପକ୍ଷ ସିରିଜ୍‌ରେ ଏମାନେ ଅନ୍ୟଜଣେ ଅଧିନାୟକଙ୍କ ଅଧିନରେ ଖେଳିଥିଲେ। ଏହା ପରେ ଉଭୟ ଭାରତୀୟ ଦଳର ନେତୃତ୍ୱରେ ରହିଆସିଥିଲେ। ଏବେ ଉଭୟ ଖେଳାଳିଙ୍କ ଅନୁପସ୍ଥିତିରେ ଭାରତ କିଛି ନୂଆ ଖେଳାଳିଙ୍କୁ ନେଇ ବିଦେଶ ଓ ଘରୋଇ ମାଟିରେ ଦୁଇଟି ସିରିଜ୍ ଖେଳିସାରିଛି। ଏହାର ଅର୍ଥ ଭାରତୀୟ ଦଳ ନୂଆ କମ୍ବିନେସନ ବା ଯୁବ ଖେଳାଳିଙ୍କୁ ନେଇ ମିଶ୍ର ଫଳ ପାଇଛି। ଏବେ ଉଭୟ ଖେଳାଳି ଦିନିକିଆ ମୁକାବିଲା ଲାଗି କଠିନ ଅଭ୍ୟାସ କରିଛନ୍ତି। ବେଙ୍ଗାଲୁରୁରେ ଅଭ୍ୟାସ କରୁଥିବା ରୋହିତ ନେଟ୍‌ସରେ ପତଳା ହୋଇଯାଇଥିବା ଦେଖିବାକୁ ମିଳିଛି। ଲଣ୍ଡନରେ କୋହଲି ଶରୀରିକ ଅଭ୍ୟାସ କରିଛନ୍ତି। ଉଭୟ ଖେଳାଳିଙ୍କ ଉପରେ ନଜର ରହିଥିଲାବେଳେ ଏହି ସିରିଜ୍ ଲାଗି ସେମାନେ ଜୋରଦାର ପ୍ରସ୍ତୁତି କରିଛନ୍ତି। ଦୀର୍ଘ ୭ ମାସ ପରେ ଅନ୍ତର୍ଜାତୀୟ ଓ ୫ ମାସ ପରେ ପ୍ରତିଯୋଗିତାମୂଳକ କ୍ରିକେଟ ଖେଳୁଥିବାରୁ ଫର୍ମକୁ ଫେରିବା ଏମାନଙ୍କ ଲାଗି ଏକ ଚ୍ୟାଲେଞ୍ଜ ହୋଇଛି। ଉଭୟ ଖେଳାଳି ଅଷ୍ଟ୍ରେଲିଆ




ବିପକ୍ଷରେ ବେଶ ସଫଳ ହୋଇଛନ୍ତି। କିନ୍ତୁ ଏବେ ସେମାନଙ୍କ ଉପରେ ବିଶେଷ ଚାପ ନାହିଁ। ରୋହିତ ନେତୃତ୍ୱରୁ ମୁକ୍ତ ହୋଇଛନ୍ତି। ଏଣୁ ଖୋଲା ମନ ଓ ଉତ୍ସାହ ସହ କିପରି ଦୁଇ କିଂବଦନ୍ତି ଖେଳାଳି ଦୀପାବଳିରେ ସମର୍ଥକଙ୍କୁ କି ଭେଟି ଦେଉଛନ୍ତି ତାହା ଆସନ୍ତାକାଲିର ମ୍ୟାଚ୍ ପରେ ଜଣାପଡ଼ିବ।

### ଶୁବମନଙ୍କ ଅସଲ ପରୀକ୍ଷା

ଦଳର ଦୁଇ ତାରକା ଖେଳାଳି ରୋହିତ ଓ କୋହଲିଙ୍କ ପରେ ଚାପରେ ଅଛନ୍ତି ନୂଆ ଅଧିନାୟକ ଶୁବମନ ଗିଲ୍। ସେ ପ୍ରଥମଥର ଦିନିକିଆ ଦଳର ନେତୃତ୍ୱ ନେଉଛନ୍ତି। ସେ ଏପରି ଏକ ଦଳର ନେତୃତ୍ୱ ନେଉଛନ୍ତି, ଯେଉଁଥିରେ ଦେଶର ସମସ୍ତ ଶ୍ରେଷ୍ଠ ଖେଳାଳି ସ୍ଥାନ ପାଇଛନ୍ତି ଓ ଦଳର ଚୂଡାନ୍ତ ଏକାଦଶ ଚୟନ ନେଇ କୌଣସି ଅସୁବିଧା ନାହିଁ। କେବଳ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କ ଅନୁପସ୍ଥିତି ଭାରତୀୟ ଦଳରେ ରହିଛି। ରୋହିତ ଶର୍ମାଙ୍କ ନେତୃତ୍ୱରେ ଗଠିତ ଭାରତୀୟ ଦଳ ଦିନିକିଆରେ ୭୫ ଭାଗ ସଫଳତା ହାସଲ କରିଛି। ଏପରି ସଫଳତା ଦୋହରାଇବା ଲାଗି ଗିଲ୍‌ଙ୍କ ଆଗରେ ମିଚେଲ ମାର୍ଶଙ୍କ ଅଷ୍ଟ୍ରେଲିଆ ବଡ଼ ପ୍ରତିବନ୍ଧକ ହୋଇ ଛିଡ଼ା ହୋଇଛି। ଦଳର ନିୟମିତ ଅଧିନାୟକ ପ୍ୟାଟ କମିନ୍ସଙ୍କ ଅନୁପସ୍ଥିତି ସତ୍ତ୍ୱେ ଘରୋଇ ମାଟିରେ ଏହାକୁ ହରାଇବା ଏତେଟା ସହଜ ନୁହେଁ। ଏଣୁ ଗିଲ୍ କିପରି ଅଷ୍ଟ୍ରେଲିଆକୁ ହରାଇବା ଲାଗି ରଣନୀତି ଗ୍ରହଣ କରିବେ ଓ କେଉଁ ଖେଳାଳିଙ୍କୁ ଖେଳିବାକୁ ସୁଯୋଗ ଦେବେ ତାହା ସିରିଜ୍ ଶେଷରେ ଜଣାପଡ଼ିବ।

### ଖେଳାଳି ଦଳ

**ଭାରତ:** ଶୁବମନ ଗିଲ୍ (ଅଧିନାୟକ), ରୋହିତ ଶର୍ମା, ବିରାଟ କୋହଲି, ଶ୍ରେୟସ ଆୟର (ଉପଅଧିନାୟକ), ଲୋକେଶ ରାହୁଲ, ଯଶସ୍ୱୀ ଜୟସ୍ୱାଲ, ନୀତୀଶ କୁମାର ରେଡ୍ଡୀ, ଧ୍ରୁବ ଜୁରେଲ, ଅକ୍ଷର ପଟେଲ, ୱାଶିଂଟନ ସୁନ୍ଦର, କୁଲଦୀପ ଯାଦବ, ମହମ୍ମଦ୍ ସିରାଜ, ଅର୍ଶଦୀପ ସିଂହ, ପ୍ରସିଦ୍ଧ କ୍ରିଷ୍ଣା, ହର୍ଷିତ ରାଣା।

**ଅଷ୍ଟ୍ରେଲିଆ:** ମିଚେଲ ମାର୍ଶ (ଅଧିନାୟକ), ଟ୍ରାଭିସ୍ ହେଡ୍, ମାଥ୍ୟୁ ସର୍ଟ, ମିଚେଲ ଓଏନ, ମ୍ୟାଟ ରେନ୍‌ଶା, ମାଥ୍ୟୁ କୁନେମାନ୍, ଜୋଶ ଫିଲିପ୍ (ୱିକେଟରକ୍ଷକ), ମାର୍ନସ ଲାବୁସେନ, ଜାଭିୟର ବାର୍ଟଲେଟ, କୁପର କୋନୋଲୀ, ବେନ୍ ଡ୍ୱାରଶୁଇସ୍, ନାଥାନ ଏଲିସ୍, ଜୋଶ ହାଜ୍‌ଲେଉଡ୍, ମିଚେଲ ଷ୍ଟାର୍କ।

ସିରିଜ୍‌ର ପ୍ରଥମ ମ୍ୟାଚ୍‌ରେ ରୋହିତଙ୍କ ସହ ଗିଲ ଇନିସ ଓପନ କରିବେ ବୋଲି ଆଶା କରାଯାଉଛି। ଯଶସ୍ୱୀ ଜୟସ୍ୱାଲଙ୍କୁ ବ୍ୟାକ୍ ଅପ୍ ଓପନର ଭାବେ ରହିଛନ୍ତି। କୋହଲି, ଶ୍ରେୟସ ଆୟର ଓ ଲୋକେଶ ରାହୁଲ ଏହା ପରେ ନଂ-୩, ୪ ଓ ୫ରେ ବ୍ୟାଟିଂ କରିବାକୁ ଆସିପାରନ୍ତି। ଏମାନଙ୍କ ପରେ ହାର୍ଦ୍ଦିକ ପାଣ୍ଡ୍ୟାଙ୍କ ସ୍ଥାନରେ ନୀତୀଶ କୁମାର ରେଡ୍ଡୀ ଅଲରାଉଣ୍ଡର ଭାବେ ଡେବ୍ୟୁ କରିପାରନ୍ତି। ମହମ୍ମଦ୍ ସିରାଜ ଓ ଅର୍ଶଦୀପ୍ ସିଂହ ଦୁଇ ଫାଷ୍ଟ ବୋଲର ଖେଳିବେ। ସେମାନଙ୍କ ସହ ପ୍ରସିଦ୍ଧ କ୍ରିଷ୍ଣା ଓ ହର୍ଷିତ ରାଣାଙ୍କ ମଧ୍ୟରୁ ଜଣେ ପାର୍ଟନର ହେବେ। ଅକ୍ଷର ପଟେଲ ଓ କୁଲଦୀପ ଯାଦବ ସ୍ପିନ୍ ଦାୟିତ୍ୱ ସମ୍ଭାଳିବେ। ସ୍ପିନ୍ ବିଭାଗରେ ଅଷ୍ଟ୍ରେଲିଆ କୁପର କନୋଲୀ, ମାର୍ନସ ଲାବୁସେନ ଓ ମାଥ୍ୟୁ ରେନ୍‌ଶାଙ୍କ ଉପରେ ନିର୍ଭର କରିବେ। ପତ୍ନୀ ଗର୍ଭବତୀ ଥିବାରୁ ଆଦାମ ଜାମ୍ପା ପ୍ରଥମ ଦିନିକିଆ ଖେଳିବେ ନାହିଁ।

## ୧୧ ଓ ୧୩ ବର୍ଷରୁ କମ ରାଜ୍ୟ ବ୍ୟାଡ୍‌ମିଣ୍ଟନ ଚାମ୍ପିଅନସିପ୍ ଆରମ୍ଭ

ଭୁବନେଶ୍ୱର, ୧୮ ।୧୦ (ସମିସ): ଓଡିଶା ରାଜ୍ୟ ବ୍ୟାଡମିଣ୍ଟନ ସଂଘ ଦ୍ୱାରା ୧୧ ଓ ୧୩ ରୁ କମ ବୟସ ବର୍ଗ ରାଜ୍ୟ ବ୍ୟାଡମିଣ୍ଟନ ଚାମ୍ପିୟନସିପ ପୋଖରୀପୁଟ ସ୍ଥିତ ବିଜୁ ପଟ୍ଟନାୟକ ବହୁମୁଖୀ ଇଣ୍ଡୋର ଷ୍ଟାଡ଼ିୟମରେ ଶନିବାର ଆରମ୍ଭ ହୋଇଛି। ଏହି ରାଜ୍ୟ ଚାମ୍ପିୟନସିପକୁ ବିଜେପିର ବରିଷ୍ଠ ନେତା ଗୋଲକ ମହାପାତ୍ର ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଉଦଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ଜିଲ୍ଲା କ୍ରୀଡା ଅଧିକାରୀ ଗୀତାଞ୍ଜଳି ପଣ୍ଡା, ରଜତ ଚୌଧୁରୀ ଯୋଗ ଦେଇଥିଲେ। ଆୟୋଜନ କମିଟି ସମ୍ପାଦକ ଅଜିତ ମହାନ୍ତି ଓ ଦୀପକ ମହାନ୍ତିଙ୍କ ତତ୍ତ୍ୱାବଧାନରେ ହେଉଥିବା ଏହି ପ୍ରତିଯୋଗିତାରେ ସର୍ବମୋଟ ୨୦୨ ଜଣ ଖେଳାଳି ପଞ୍ଜିକରଣ କରିଛନ୍ତି। ମ୍ୟାଚ ରେଫରି ଭାବେ ବିଜୟ ବାଗ, ଅଫିସିଆଲ ପର୍ଯ୍ୟବକ୍ଷକ ଲକ୍ଷପତି ନନ୍ଦ ଓ ସୁବାସ ଚନ୍ଦ୍ର ସାହୁ, ସଂଯୋଜକ ଭାବେ ତାରାକାନ୍ତ ଦାସ, ଅବଦୁଲ ହାକିମ ଓ ଜୟ ପ୍ରକାଶ ଜେନା ପ୍ରତିଯୋଗିତାର ପର୍ଯ୍ୟବେକ୍ଷକ ଭାବେ ଓସବା ଉପସଭାପତି ପ୍ରଦୀପ ପଟନାୟକ ଓ ଓସବା ଯୁଗ୍ମ ସମ୍ପାଦକ ଶୈଳେନ୍ଦ୍ର ଚୌଧୁରୀ ନିଯୁକ୍ତ ହୋଇଛନ୍ତି।



## ଭାରତ-ଇଂଲଣ୍ଡ ଗୁରୁତ୍ୱପୂର୍ଣ୍ଣ ଲଢ଼େଇ ଆଜି

ଇନ୍ଦୋର, ୧୮ ।୧୦ (ଏଜେନ୍ସି): ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ରେ ରବିବାର ଘରୋଇ ଭାରତ ଓ ଇଂଲଣ୍ଡ ମଧ୍ୟରେ ଗୁରୁତ୍ୱପୂର୍ଣ୍ଣ ମୁକାବିଲା ଅନୁଷ୍ଠିତ ହେବ। ସ୍ଥାନୀୟ ହୋଲକର୍ କ୍ରିକେଟ୍ ଷ୍ଟାଡିୟମରେ ଅପରାହ୍ଣ ୩ଟାରେ ଏହି ମ୍ୟାଚ୍ ଆରମ୍ଭ

**ଆଇସିସି ମହିଳା ଦିନିକିଆ ବିଶ୍ୱକପ୍**

ହେବ। ସେମିଫାଇନାଲ ଦୌଡ଼ରେ ତିଷ୍ଠି ରହିବା ଲାଗି ଉଭୟ ଦଳ ପାଇଁ ଏହି ମ୍ୟାଚ୍ ଜିତିବା ଜରୁରୀ ହୋଇଛି। ହରମନପ୍ରୀତ୍ କୌରଙ୍କ ନେତୃତ୍ୱାଧୀନ ଭାରତ ବର୍ତ୍ତମାନ ସୁଦ୍ଧା ବିଶ୍ୱକପ୍‌ରେ ମିଶ୍ରିତ ପ୍ରଦର୍ଶନ କରିଛି। ଘରୋଇ ଭାରତୀୟ ଦଳ ୪ଟି ମ୍ୟାଚ୍ ଖେଳି ୨ଟି ଲେଖାଏ ବିଜୟ ଓ ପରାଜୟ ସହ ୪ ପଏଣ୍ଟ ପାଇ ଟେବଲର ଚତୁର୍ଥ ସ୍ଥାନରେ ରହିଛି। ଅପରପକ୍ଷରେ ଇଂଲଣ୍ଡ ମହିଳା ଦଳ ହ୍ୟାଟ୍ରିକ ବିଜୟ ସହ ଚଳିତ ବିଶ୍ୱକପ୍ ଆରମ୍ଭ କରିଥିଲା। ଦଳ ୪ ମ୍ୟାଚରୁ ୭ ପଏଣ୍ଟ ସହ ଟେବଲର ତୃତୀୟ ସ୍ଥାନରେ ରହିଛି।



### ସେମିଫାଇନାଲରେ ଦକ୍ଷିଣ ଆଫ୍ରିକା

କ୍ରମାଗତ ବର୍ଷା ଏବଂ ଓଦା ପଡ଼ିଆ ଯୋଗୁଁ କଲମ୍ବୋରେ ଶନିବାର ପାକିସ୍ତାନ ଓ ନ୍ୟୁଜିଲାଣ୍ଡ ମଧ୍ୟରେ ଖେଳାଯିବାକୁ ଥିବା ମ୍ୟାଚ୍‌କୁ ବାତିଲ କରିଦିଆଯାଇଛି। ଏହି ମ୍ୟାଚ୍ ପରେ ନ୍ୟୁଜିଲାଣ୍ଡ ୫ଟି ମ୍ୟାଚ୍‌ରୁ ୪ ପଏଣ୍ଟ ପାଇ ପଞ୍ଚମ ଓ ପାକିସ୍ତାନ ୨ ପଏଣ୍ଟ ପାଇ ୮ମ ସ୍ଥାନରେ ରହିଛି। ଫଳରେ ୯ ପଏଣ୍ଟ ପାଇଥିବା ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ଓ ୮ ପଏଣ୍ଟ ପାଇଥିବା ଦ. ଆଫ୍ରିକା ସେମିରେ ପ୍ରବେଶ କରିଛନ୍ତି।

### ସୁଲତାନ ଜୋହୋର କପ୍ ହକି

## ଭାରତକୁ ୫ମ ରୌପ୍ୟ

ନୂଆଦିଲ୍ଲୀ,୧୮ ।୧୦(ଏଜେନ୍ସି): ଅଷ୍ଟ୍ରେଲିଆ ନିକଟରୁ ୨-୧ ଗୋଲରେ ପରାଜିତ ହୋଇ ଭାରତ ମାଲେସିଆରେ ଆଜି ଶେଷ ହୋଇଥିବା ସୁଲତାନ ଜୋହୋର କପ୍ ହକିରେ ରନର୍ସଅପ୍ ହୋଇଛି। ବିଜୟୀ ଅଷ୍ଟ୍ରେଲିଆ ପକ୍ଷରୁ ଇଆନ ଗ୍ରବେଲର ୨ଟି ଯାକ ଗୋଲ ଦେଇଥିଲାବେଳେ ଅନ୍‌ମୋଲ ଏକ୍କା ଭାରତ ଲାଗି ଗୋଟିଏ ଗୋଲ ଶୁଝାଇଥିଲେ। ଏହା ଫଳରେ ୨୧ ବର୍ଷରୁ କମ୍ ଭାରତୀୟ ଦଳ ଚଳିତବର୍ଷକୁ ମିଶାଇ ୫ମଥର ରୌପ୍ୟ ପଦକ ଜିତିବାରେ ସମର୍ଥ ହୋଇଛି। ଅବଶ୍ୟ କ୍ରମାଗତ କାଂସ୍ୟ ଜିତିବା ପରେ ଏଥର ରୌପ୍ୟ ହାସଲ କରିଛି। ଭାରତ ଭଲ ଖେଳି ମଧ୍ୟ ଫାଇନାଲ ମୁକାବିଲାରେ ହାରିଯାଇଛି। ଏକଦା ୫୮ ମିନିଟ୍ ପର୍ଯ୍ୟନ୍ତ ଖେଳ ୧-୧ରେ ବରାବର ଥିଲା। କିନ୍ତୁ ୫୯ତମ ମିନିଟ୍‌ରେ ଗ୍ରବେଲଙ୍କ ଗୋଲ ଅଷ୍ଟ୍ରେଲିଆକୁ ଚାମ୍ପିଅନ କରାଇଥିଲା।

### ବାରବାଟୀ ରଣଜୀ

## ପରାଜୟରୁ ଓଡ଼ିଶାର ଅଭିଯାନ

ଭୁବନେଶ୍ୱର, ୧୮ ।୧୦ (ସମିସ):

ଶୁଭ୍ରାଂଶୁ ସେନାପତିଙ୍କ ନେତୃତ୍ୱାଧୀନ ଓଡ଼ିଶା ଦଳ ଏଥର ପରାଜୟରୁ ରଣଜୀ ଟ୍ରଫିର ୯୧ତମ ସଂସ୍କରଣ ଆରମ୍ଭ କରିଛି। ଐତିହାସିକ ବାରବାଟୀ ଷ୍ଟାଡିୟମରେ ଅନୁଷ୍ଠିତ ଏଲିଟ୍ ଗ୍ରୁପ୍-ଏ'ର ଏକ ମ୍ୟାଚରେ ପାଞ୍ଚଥରର ରଣଜୀ ବିଜେତା ବରୋଦା ୭ ୱିକେଟ୍‌ରେ ଘରୋଇ ଓଡ଼ିଶା ଦଳକୁ ମାତ୍ ଦେଇଛି। ବିଜୟ ସହ ବରୋଦା ୬ ପଏଣ୍ଟ

### ଏକା ଲଢ଼ିଲେ ଶୁଭ୍ରାଂଶୁ

ହାତେଇନେଇଛି। ଓଡ଼ିଶା ଏହାର ପରବର୍ତ୍ତୀ ମ୍ୟାଚରେ ଶକ୍ତିଶାଳୀ ଉତ୍ତରପ୍ରଦେଶକୁ ଭେଟିବ। କାନପୁରର ଗ୍ରୀନ ପାର୍କ ଷ୍ଟାଡିୟମରେ ଅକ୍ଟୋବର ୨୫ରୁ ଏହି ମ୍ୟାଚ୍ ଆରମ୍ଭ ହେବ।

୧୪୨ ରନ ପଛରେ ଥାଇ ଦ୍ୱିତୀୟ ଇନିଂସ ଆରମ୍ଭ କରିଥିବା ଓଡ଼ିଶା ଅନ୍ତିମ ତଥା ୪ର୍ଥ ଦିବସ ସକାଳେ ଶନିବାର ଆଶାନୁରୂପକ ବ୍ୟାଟିଂ କରିପାରି ନ ଥିଲା। ଅଧିନାୟକ ଶୁଭ୍ରାଂଶୁଙ୍କୁ ଛାଡ଼ିଦେଲେ



ମ୍ୟାନ୍ ଅଫ୍ ଦି ମ୍ୟାଚ୍ ଶିବାଲିକ ଶର୍ମା

ଅନ୍ୟକୌଣସି ବ୍ୟାଟର୍ ବରୋଦା ବୋଲରଙ୍କୁ ସାମ୍ନା କରିପାରି ନ ଥିଲେ। ବିଶେଷ କରି ବରୋଦା ଅଫ୍-ସ୍ପିନର ମହେଶ ପିଥିୟା ଓଡ଼ିଶାର ସର୍ବାଧିକ ବିପର୍ଯ୍ୟୟ ଘଟାଇଥିଲେ। ସେ ଏକାକୀ ୬ଟି ୱିକେଟ ନେବା ଫଳରେ ଓଡ଼ିଶା ଦ୍ୱିତୀୟ ପାଳିରେ ୫୯.୩ ଓଭର ଖେଳି ୧୭୪ ରନରେ ଅଲ୍‌ଆଉଟ୍ ହୋଇଯାଇଥିଲା। ଶୁଭ୍ରାଂଶୁ ୧୧୪ ବଲ୍ ଖେଳି ୩ ଚୌକା ଓ ୨ ଛକା ସହାୟତାରେ ୫୯ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ପ୍ରଥମ ପାଳିରେ ମଧ୍ୟ ସେନାପତି ୭୯ ରନର ଉପଯୋଗୀ ପାଳି ଖେଳିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଗୌରବ ଚୌଧୁରୀ ୨୮, ରାଜେଶ ମହାନ୍ତି ୨୫, ସନ୍ଦୀପ ପଟ୍ଟନାୟକ ଓ ଆଶୀର୍ବାଦ ସ୍ୱାଇଁ ୧୭ ରନ ଲେଖାଏ କରିଥିଲେ। ଜବାବରେ ୩୩ ରନର ଛୋଟିଆ ଲକ୍ଷ୍ୟକୁ ପିଛା କରିଥିବା ବରୋଦା ୧୨ ରନ ମଧ୍ୟରେ ୩ଜଣ ବ୍ୟାଟରଙ୍କୁ ହରାଇଥିଲା। ତେବେ ପ୍ରଥମ ଇନିଂସରେ ଶତକ (୧୨୪ ରନ) ହାସଲକାରୀ ଶିବାଲିକ ଶର୍ମା ଅପରାଜିତ ୩୨ ରନ କରି ଦଳକୁ ୭ ୱିକେଟ୍‌ରେ ସହଜରେ ବିଜୟୀ କରାଇଥିଲେ। ଶିବାଲିକଙ୍କୁ ମ୍ୟାଚର ଶ୍ରେଷ୍ଠ ଖେଳାଳି ପୁରସ୍କାର ପ୍ରଦାନ କରାଯାଇଥିଲା। ପୂର୍ବରୁ ଏହି ମ୍ୟାଚରେ ଓଡ଼ିଶା ପ୍ରଥମ ଇନିଂସରେ ୨୭୧ ଓ ବରୋଦା ୭ ୱିକେଟ୍‌ରେ ୪୧୩ ରନ କରି ପାଳି ଘୋଷଣା କରିଥିଲା।

### ୟୁନିଲାଇଟ କପ୍ ଆନ୍ତଃସ୍କୁଲ ଫୁଟବଲ୍

## ସେମିରେ ୟୁନିଟ୍-୧ ହାଇସ୍କୁଲ




ଭୁବନେଶ୍ୱର,୧୮ ।୧୦(ସମିସ): ୟୁନିଟ୍-୧ ହାଇସ୍କୁଲ ଚତୁର୍ଥ ତଥା ଶେଷ ଦଳ ଭାବେ ୟୁନିଲାଇଟ୍ କପ୍ ଆନ୍ତଃସ୍କୁଲ ଫୁଟବଲ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲରେ ପ୍ରବେଶ କରିଛି। ଏହା ସହିତ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲ ଲାଇନ୍ ଅପ୍ ଚୂଡାନ୍ତ ହୋଇଯାଇଛି। ଆସନ୍ତାକାଲି ଖେଳାଯିବାକୁ ଥିବା ପ୍ରଥମ ସେମିଫାଇନାଲ୍‌ରେ କିସ୍ ସହ ଓଡିଏମ୍ ପବ୍ଲିକ୍ ସ୍କୁଲର ମୁକାବିଲା ହେବ। ସେହିପରି ଦ୍ୱିତୀୟ ସେମିଫାଇନାଲରେ ଓଡିଏମ୍ ଗ୍ଲୋବାଲ ସ୍କୁଲ୍‌କୁ ଭେଟିବ ୟୁନିଟ୍-୧ ହାଇସ୍କୁଲ। ଭୁବନେଶ୍ୱର ଫୁଟବଲ ଏକାଡେମୀ ପଡ଼ିଆରେ ଆଜି ଅନୁଷ୍ଠିତ ଚତୁର୍ଥ କ୍ୱାର୍ଟର ଫାଇନାଲରେ ୟୁନିଟ୍-୧ ହାଇସ୍କୁଲ ୨-୧ ଗୋଲରେ କଣ୍ଟାବାଡ ସ୍ଥିତ ବିକାଶ ରେସିଡେନସିଆଲ ସ୍କୁଲ୍‌କୁ ହରାଇଥିଲା। ବିଜୟୀ ୟୁନିଟ୍-୧ ହାଇସ୍କୁଲ୍‌ର ସମାଖାଇ ପାଇଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି। ପ୍ରିୟନାଥ ମିଶ୍ର, ଅଶୋକ ପଟ୍ଟନାୟକ, ନବରଞ୍ଜନ ପଟ୍ଟନାୟକ ପ୍ରମୁଖ ଅତିଥିଭାବେ ଉପସ୍ଥିତ ଥିଲେ।

### ସିକେ ନାଇଡୁ ଟ୍ରଫି: ଓମ୍‌ଙ୍କ ଶତକ

## ବିଜୟ ଦ୍ୱାରରେ ଓଡ଼ିଶା

ଭୁବନେଶ୍ୱର, ୧୮ ।୧୦ (ସମିସ): ହାଇଦରାବାଦର ରାଜୀବ ଗାନ୍ଧୀ ଇଣ୍ଟରନ୍ୟାସନାଲ ଷ୍ଟାଡିୟମରେ ଚାଲିଥିବା ୨୩ ବର୍ଷରୁ କମ୍ କର୍ଣ୍ଣେଲ ସିକେ ନାଇଡୁ ଟ୍ରଫିରେ ଓଡ଼ିଶା ବିଜୟ ନିକଟତର ହୋଇଛି। ଏହି ମ୍ୟାଚରେ ଓଡ଼ିଶା ପକ୍ଷରୁ ଧାର୍ଯ୍ୟ ୨୩୩ ରନର ଲକ୍ଷ୍ୟକୁ ପିଛା କରିଥିବା ଘରୋଇ ହାଇଦରାବାଦ୍ ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇଛି। ଶନିବାର ୩ୟ ଦିବସ ଷ୍ଟମ୍ପ ସୁଦ୍ଧା ଦ୍ୱିତୀୟ ପାଳିରେ ହାଇଦରାବାଦ୍ ୫୬ ଓଭର ଖେଳି ୭ ୱିକେଟ୍ ହରାଇ ୧୨୬ ରନ ସଂଗ୍ରହ କରିଛି। ଓପନର୍ ପତାପୁ ରାଘବ ୩୧ ଓ ପୃଥ୍ୱୀ ୧ ରନ କରି ଖେଳୁଛନ୍ତି। ଓଡ଼ିଶା ବୋଲରଙ୍କ ମଧ୍ୟରେ ସାଇଦୀପ ମହାପାତ୍ର ସର୍ବାଧିକ ୩ଟି, ଆଶୁତୋଷ ଛୁରିଆ ୨ଟି ଏବଂ ସୌମ୍ୟରଞ୍ଜନ ଲେଙ୍କା ଓ ଆୟୂଷ ବାରିକଙ୍କୁ ଗୋଟିଏ ଲେଖାଏ ୱିକେଟ୍ ମିଳିଛି। ରବିବାର ମ୍ୟାଚର ଅନ୍ତିମ ଦିବସ ହୋଇଥିବାବେଳେ ବିଜୟ ଲାଗି ଓଡ଼ିଶାକୁ ଆଉ ୩ଟି ୱିକେଟ୍ ଆବଶ୍ୟକ ହେଉଛି। ସେହିଭଳି ବଳକା ୩ ୱିକେଟ୍‌ରେ ଘରୋଇ ହାଇଦରାବାଦ ଆହୁରି ୧୦୭ ରନ ଆବଶ୍ୟକ କରୁଛି। ଯାହାକି



ଦଳ ପାଇଁ କଷ୍ଟସାଧ ହେବ ବୋଲି କୁହାଯାଉଛି।

ପୂର୍ବରୁ ଏହି ଚାରିଦିବସୀୟ ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଓଡ଼ିଶା ପ୍ରଥମ ଇନିଂସରେ ୧୫୯ ରନ କରିଥିଲା। ଜବାବରେ ହାଇଦରାବାଦ୍ ୧୯୫ ରନରେ ସୀମିତ ରହିଥିଲା। ଫଳରେ ୩୬ ରନରେ ପଛୁଆ ଥିବା ଓଡ଼ିଶା ଦ୍ୱିତୀୟ ପାଳିରେ ଓପନର୍ ଓମ୍ ଟି ମୁଣ୍ଡେଙ୍କ ଶତକ ବଳରେ ୨୬୮ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଓମ୍ ତାଙ୍କ ୧୭୮ ବଲ୍ ପାଳିରେ ୧୨ ଚୌକା ଓ ଗୋଟିଏ ଛକା ମାରିଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS